RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

PANIKOILI ◆VOLUME- 43 ◆ISSUE-12 ◆SUNDAY ◆6 JULY 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୧୨ ◆ରବିବାର ◆୬ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦ (ସିନ୍ଦୁରା ସହ)




ବାହୁଡ଼ାବିଜେରେ ଚତୁର୍ଦ୍ଧାମୂର୍ତ୍ତି: ତିନିରଥର ଘର୍ଘର ନାଦ ଓ ଭକ୍ତଙ୍କ କୋଳାହଳରେ ବଡ଼ଦାଣ୍ଡ ପ୍ରକମ୍ପିତ

## ଗିଲ୍‌ଙ୍କ ବିରଳ ଅଧିନାୟକ ଇନିଂସ

### ଗୋଟିଏ ଟେଷ୍ଟରେ ଦ୍ୱିଶତକ ଓ ଶତକ



■ **ବର୍ମିଂହାମ, ୫।୭ (ଏଜେନ୍ସି):** ଭାରତୀୟ କ୍ରିକେଟ ଦଳର ଅଧିନାୟକ ଶୁବମାନ ଗିଲ୍ ଚଳିତ ଇଂଲଣ୍ଡ ବିପକ୍ଷ ଦ୍ୱିତୀୟ ଟେଷ୍ଟର ଦ୍ୱିତୀୟ ଇନିଂସରେ ଶତକ (୧୬୧ ରନ୍) ହାସଲ କରିଛନ୍ତି। ପୂର୍ବରୁ ପ୍ରଥମ ଇନିଂସରେ ସେ ୨୬୯ ରନ୍‌ର ମାରାଥନ ଇନିଂସ ଖେଳିଥିଲେ। ଏହା ଫଳରେ ଗୋଟିଏ ଟେଷ୍ଟର ଉଭୟ ଇନିଂସରେ ଦ୍ୱିଶତକ ଓ ଶତକ ହାସଲ କରିବାରେ ବିଶ୍ୱର ୯ମ ତଥା ଭାରତର ଦ୍ୱିତୀୟ ବ୍ୟାଟର ହୋଇଛନ୍ତି। କିନ୍ତୁ ଜଣେ ଅଧିନାୟକ ଭାବେ ସେ ବିଶ୍ୱର ଦ୍ୱିତୀୟ ଏବଂ ଭାରତର ପ୍ରଥମ ଖେଳାଳି ଭାବେ ଏହି ସଫଳତା ଅର୍ଜନ କରିଛନ୍ତି। ଭାରତ ବିପକ୍ଷରେ ଇଂଲଣ୍ଡର ଗ୍ରାହମ ଗୁଚ୍ ପ୍ରଥମ ଅଧିନାୟକ ଭାବେ ୧୯୯୦ର ଲର୍ଡ୍‌ସ ଟେଷ୍ଟରେ ଏହି ସଫଳତା ପାଇଥିଲେ। ସେହିପରି ତାଙ୍କ ପୂର୍ବରୁ ୧୯୭୧ରେ ▶ପୃଷ୍ଠା-୭

# ବାହୁଡ଼ିଲେ ମହାବାହୁ, ଆଜି ସୁନାବେଶ

## ସଅଳ ହେଲା ପହଣ୍ଡି, ରଥଟଣା

## ସିଂହଦ୍ୱାର ସମ୍ମୁଖରେ ତିନି ରଥ

■ **ପୁରୀ, ୫।୭ (ସମିସ):** ଶେଷ ହୋଇଛି ନବଦିନାତ୍ମକ ଯାତ୍ରା। ଚଳିତବର୍ଷ ପାଇଁ ଆଡ଼ପ ମଣ୍ଡପରେ ସରିଛି ମହାପ୍ରଭୁଙ୍କ ଲୀଳାଖେଳା। ଭାଇ, ଭଉଣୀଙ୍କୁ ସାଥୀରେ ଧରି ଜନ୍ମବେଦୀରୁ ରତ୍ନବେଦୀ ଅଭିମୁଖେ ବାହୁଡ଼ି ଯାଇଛନ୍ତି ବାହୁଡ଼ାବ୍ରହ୍ମ। ରାତି ସୁଦ୍ଧା ଶ୍ରୀମନ୍ଦିର ସିଂହଦ୍ୱାର ସମ୍ମୁଖରେ ପହଞ୍ଚିଯାଇଛି ତିନିରଥ। ରବିବାର ରଥ ଉପରେ ଭକ୍ତଙ୍କୁ ସୁନାବେଶରେ ଦର୍ଶନ ଦେବେ ବିଶ୍ୱନିୟନ୍ତା। ବାହୁଡ଼ା ଯାତ୍ରାର ପାଗ ବେଶ୍ ଅନୁକୂଳ ଥିଲା। ଝିପିଝିପି ବର୍ଷା ସତ୍ତ୍ୱେ ସକାଳୁ ସକାଳୁ ବଡ଼ଦାଣ୍ଡରେ ଜମିଥିଲା ଭକ୍ତଙ୍କ ଭିଡ଼। ଗୁଣ୍ଡିଚା ମନ୍ଦିର ନାକଚଣା ଦ୍ୱାରରେ ପ୍ରସ୍ତୁତ ରହିଥିଲେ ତିନିରଥ। ହରିବୋଲ, ହୁଳହୁଳି ଓ ଜୟ ଜଗନ୍ନାଥ ଧ୍ୱନିରେ ପ୍ରକମ୍ପିତ ହୋଇଥିଲା ଶରଧାବାଲି। ଲକ୍ଷଲକ୍ଷ ଭକ୍ତଙ୍କ ଗହଣରେ ବଡ଼ଦାଣ୍ଡରେ ଘର୍ ଘର୍ ନାଦରେ ଗଡ଼ିଥିଲା ତିନିରଥ। ଗୁଣ୍ଡିଚା ମନ୍ଦିରରୁ ଶ୍ରୀମନ୍ଦିରକୁ ଫେରିବାବେଳେ ବାଟରେ ମାଉସୀ ମା'ର ସ୍ନେହଭରା ପୋଡ଼ପିଠା ଖାଇଛନ୍ତି ମହାପ୍ରଭୁ। ତେବେ ବାହୁଡ଼ା ଯାତ୍ରାର ନୀତିକାନ୍ତି ବେଶ ସଅଳ ରହିଥିଲା। ଧାର୍ଯ୍ୟ ସମୟର ୨ ଘଣ୍ଟା ୫ ମିନିଟ୍ ପୂର୍ବରୁ ଆରମ୍ଭ ହୋଇଥିଲା ପହଣ୍ଡି। ଅଝଟ ନ ହୋଇ ବେଗି ବେଗି ରଥାରୂଢ଼ ହୋଇଥିଲେ ଚତୁର୍ଦ୍ଧାବିଗ୍ରହ। ସେହିପରି ନିର୍ଘଣ୍ଟ ସମୟର ୧ଘଣ୍ଟା ୧୦ ମିନିଟ୍ ପୂର୍ବରୁ ରଥଟଣା ଆରମ୍ଭ ହୋଇଥିବା ବେଳେ ରାତି ସୁଦ୍ଧା ସିଂହଦ୍ୱାରରେ ପହଞ୍ଚି ଯାଇଛନ୍ତି ତିନିରଥ। ବାହୁଡ଼ା ଯାତ୍ରାରେ ପ୍ରାୟ ୫ ଲକ୍ଷରୁ ଊର୍ଦ୍ଧ୍ୱ ଶ୍ରଦ୍ଧାଳୁ ସମାଗମ ହୋଇଥିବା ପ୍ରଶାସନ ପ୍ରାକ୍ ଆକଳନ କରିଛି।

ଆଷାଢ଼ ମାସ ଶୁକ୍ଳ ଦଶମୀ। ଏହି ପବିତ୍ର ତିଥିରେ ଅନୁଷ୍ଠିତ ହୋଇଛି ବାହୁଡ଼ା ଯାତ୍ରା। ମହାପ୍ରଭୁଙ୍କୁ ରତ୍ନସିଂହାସନକୁ ▶ପୃଷ୍ଠା-୭

## ଅଝଟ ହେଲେ ହଳଦୀମୁଖୀ, ମାନ କଲେ ମାନଗୋବିନ୍ଦ

■ **ପୁରୀ, ୫।୭ (ସମିସ):** ସରିଛି ଜନ୍ମବେଦୀରେ ଲୀଳାଖେଳା। ନବଦିନାତ୍ମକ ଯାତ୍ରା ଶେଷ କରି ଭାଇଭଉଣୀଙ୍କୁ ସାଙ୍ଗରେ ଧରି ଜନ୍ମବେଦୀ ଅଭିମୁଖେ ବାହୁଡ଼ିଛନ୍ତି ମହାପ୍ରଭୁ। ହେଲେ ରଥଯାତ୍ରା ଭଳି ବାହୁଡ଼ାରେ ବିଶ୍ୱନିୟନ୍ତା ମାନ କଲାଭଳି ଲାଗୁଥିଲେ। ପହଣ୍ଡିରେ ଅଝଟ କରି ନ ଥିଲେ ବି ଚାରମାଳରେ ରଥାରୂଢ଼ ବେଳେ ସେବାୟତଙ୍କୁ ନାକେଦମ୍ କରିଥିଲେ। ସତେ ଯେମିତି ରଥାରୂଢ଼ ହେବାକୁ ଚାହୁଁ ନ ଥିଲେ ମହାପ୍ରଭୁ ଶ୍ରୀଜଗନ୍ନାଥ। ସେବାୟତମାନେ ବି ଝାଳନାଳ ହୋଇଯାଇଥିଲେ। ବେଶ୍ ସନ୍ତର୍ପଣରେ କାଳିଆସାଆନ୍ତଙ୍କୁ ରଥ ଉପରକୁ ବିଜେ କରାଉଥିଲେ। ରଥଯାତ୍ରା କଥା ମନେ ପକାଇ ଅନେକ ସେବାୟତ କହୁଥିଲେ ମାନ କରନି ହେ ମାନଗୋବିନ୍ଦ। ସଅଳ ରଥାରୂଢ଼ ହୁଅ ପ୍ରଭୁ। କାରଣ ରଥଯାତ୍ରା ଦିନ ମାନ କରିଥିଲେ ▶ପୃଷ୍ଠା-୭

**ମହାରାଷ୍ଟ୍ରରେ ମହାମିଳନ**

## ଉଦ୍ଧବ-ରାଜ୍ ଏକାଠି



### ରାଜନୀତି ପାଇଁ ୨୦ ବର୍ଷ ପରେ ବଦଳିଲା ହୃଦୟ

### ହିନ୍ଦୀ ଲଦିବାକୁ ବରଦାସ୍ତ କରିବୁନି

### ମରାଠୀ ପାଇଁ ଲଢ଼ିବା ଯଦି ଗୁଣ୍ଡାଗର୍ଦ୍ଦି; ତା'ହେଲେ ଆମେ ଗୁଣ୍ଡା

■ **ମୁମ୍ବାଇ, ୫।୭ (ଏଜେନ୍ସି):** ମହାରାଷ୍ଟ୍ରରେ ଶନିବାର ମହାମିଳନ ହୋଇଛି। ଦୀର୍ଘ ଦୁଇ ଦଶନ୍ଧିର ବିବାଦ ତୁଟି ଯାଇଛି। ପୁରୁଣା ତିକ୍ତତାକୁ ଭୁଲି ଦୁଇ ପରିବାର ଏକାଠି ହୋଇ ଯାଇଛନ୍ତି। ଦାଦା ପୁଅ ଏବଂ ମାଉସୀ ପୁଅ ଭାଇ ପୁଣି ପରସ୍ପରକୁ ଆଲିଙ୍ଗନ କରିଛନ୍ତି। ୨୦୦୫ ପରେ ଗୋଟିଏ ମଞ୍ଚରେ ଏକାଠି ହୋଇଛନ୍ତି। ନୂଆ ଇତିହାସ ଲେଖିବାକୁ ଆଗେଇ ଆସିଛନ୍ତି ଏହି ଦୁଇ ଭାଇ ଶିବସେନା (ୟୁବିଟି) ମୁଖ୍ୟ ଉଦ୍ଧବ ଠାକରେ (୬୪) ଏବଂ ଏମଏନଏସ ମୁଖ୍ୟ ରାଜ୍ ଠାକରେ (୫୭)। କେବଳ ରାଜନୀତି ପାଇଁ ଏହା ସମ୍ଭବ ହୋଇପାରିଛି। ମହାରାଷ୍ଟ୍ରରେ ହିନ୍ଦୀକୁ ନେଇ ବିବାଦ ଜାରି ରହିଛି। ରାଜ୍ୟର ପ୍ରାଥମିକ ବିଦ୍ୟାଳୟର ହିନ୍ଦୀକୁ ତୃତୀୟ ଭାଷା କରିବାର ବିବାଦୀୟ ନୀତିକୁ ଶାସକ 'ମହାଯୁତି' ମେଣ୍ଟ ▶ପୃଷ୍ଠା-୭

**୧୫ ଦିନରେ ତିନି ବ୍ୟାଙ୍କ ଉପରୁ କଟକଣା ଉଠାଇନେଲେ ସରକାର**

# କାହା ଚାପରେ ଛେପ ଢୋକିଲେ

### ଯୋଜନା କାର୍ଯ୍ୟାନ୍ୱୟନରେ ଦୁର୍ବଳ ପ୍ରଦର୍ଶନ ଯୋଗୁଁ ଅନୁବନ୍ଧିତ ତାଲିକାରୁ ବାଦ୍ ପଡ଼ିଥିଲେ

### ଅଦୃଶ୍ୟ ଚାପରେ ପଡ଼ି ସରକାର ପଛଘୁଞ୍ଚା ଦେଇଥିବା ନେଇ ତଥ୍ୟାଭିଜ୍ଞ ମହଲର ସନ୍ଦେହ

■ **ଭୁବନେଶ୍ୱର, ୫।୭ (ସମିସ):** ମାତ୍ର ୧୫ଦିନର କଟକଣା ପରେ ଆଇସିଆଇସିଆଇ, ଆକ୍ସିସ୍ ଓ ଏଚ୍‌ଡିଏଫ୍‌ସି ବ୍ୟାଙ୍କକୁ ପୁଣିଥରେ ଅନୁବନ୍ଧିତ ତାଲିକାକୁ ଫେରାଇ ଆଣିଛନ୍ତି ରାଜ୍ୟ ସରକାର। ସରକାରଙ୍କ ଫ୍ଲାଗ୍‌ସିପ୍ ଯୋଜନା କାର୍ଯ୍ୟାନ୍ୱୟନରେ ଦୁର୍ବଳ ପ୍ରଦର୍ଶନ ଦର୍ଶାଇ ଉପରୋକ୍ତ ୩ଟି ଘରୋଇ ବ୍ୟାଙ୍କକୁ ସରକାର ଅନୁବନ୍ଧିତ ବ୍ୟାଙ୍କ ତାଲିକାରୁ ବାଦ୍ ଦେଇଥିଲେ। ଏନେଇ ଗତ ୨୧ ତାରିଖରେ ଅର୍ଥ ବିଭାଗ ପକ୍ଷରୁ ନିର୍ଦ୍ଦେଶନାମା ପ୍ରକାଶ ପାଇଥିଲା। ତେବେ ଗତ ମଙ୍ଗଳବାର ଉକ୍ତ ୩ ବ୍ୟାଙ୍କର ପ୍ରତିନିଧିମାନେ ମୁଖ୍ୟମନ୍ତ୍ରୀଙ୍କୁ ଲୋକସେବା ଭବନରେ ସାକ୍ଷାତ କରିଥିଲେ। ନିଜ ପ୍ରଦର୍ଶନରେ ସୁଧାର ଆଣିବାକୁ ପ୍ରତିଶ୍ରୁତି ଦେବା ପରେ ସେମାନଙ୍କ ଉପରୁ କଟକଣା ଉଠାଯାଇଥିବା ସରକାର ସଫେଇ ଦେଇଛନ୍ତି।

ଶନିବାର ଅର୍ଥ ବିଭାଗ ପ୍ରମୁଖ ସଚିବ ଶାଶ୍ୱତ ମିଶ୍ର ବିଭିନ୍ନ ବିଭାଗକୁ ଚିଠି ଲେଖି ଗତ ୨୧ ତାରିଖରେ ସରକାରଙ୍କ ପକ୍ଷରୁ ଜାରି କରାଯାଇଥିବା ନିର୍ଦ୍ଦେଶନାମାକୁ ପ୍ରତ୍ୟାହାର କରାଗଲା ବୋଲି ସୂଚନା ଦେଇଛନ୍ତି। ତେବେ ଗତ ୧୫ଦିନ ମଧ୍ୟରେ ପ୍ରଥମେ କଟକଣା ଜାରି କରିବା, ପରେ ଏଥିରେ ଆଂଶିକ ପରିବର୍ତ୍ତନ ଆଣିବା ଏବଂ ଶେଷରେ ନିର୍ଦ୍ଦେଶନାମାକୁ ସମ୍ପୂର୍ଣ୍ଣ ପ୍ରତ୍ୟାହାର କରିବା ପଛରେ କ'ଣ କାରଣ ରହିଛି, ସେନେଇ ସାଧାରଣରେ ଚର୍ଚ୍ଚା ଆରମ୍ଭ ହୋଇଛି। ଯେଉଁ ଢଙ୍ଗରେ ସରକାର ଏପରି ନିଷ୍ପତ୍ତି ନେଲେ ଓ ଛେପ ଢୋକିଲେ ଏହା ପଛରେ କୌଣସି ବାହ୍ୟ ଚାପ ଥିବା ତଥ୍ୟାଭିଜ୍ଞ ମହଲ ସନ୍ଦେହ ପ୍ରକାଶ କରୁଛନ୍ତି। ▶ପୃଷ୍ଠା-୭

# ଏଥର ବର୍ଷାଭିଜା ପାର୍ବଣ

### ସେପ୍ଟେମ୍ବର, ଅକ୍ଟୋବର ମାସରେ ଭଲ ବର୍ଷା ଆକଳନ

■ **ଭୁବନେଶ୍ୱର, ୫।୭ (ସମିସ):** ଆସନ୍ତା ସେପ୍ଟେମ୍ବର ଏବଂ ଅକ୍ଟୋବର ମାସରେ ରାଜ୍ୟରେ ଭଲ ବର୍ଷା ହେବାର ସମ୍ଭାବନା ରହିଛି, ଯାହା ପାର୍ବଣ ଋତୁକୁ ଫିକା କରିପାରେ। ଏପରିକି ଜୁଲାଇ ମାସରେ ସ୍ୱାଭାବିକ ବର୍ଷା ହେବାକୁ ଥିବାବେଳେ ଅଗଷ୍ଟ ମାସରେ ସ୍ୱାଭାବିକଠାରୁ ଅଧିକ ବର୍ଷା ହେବ ବୋଲି ବରିଷ୍ଠ ପାଣିପାଗ ବିଜ୍ଞାନୀ ଡ. ସୁରେନ୍ଦ୍ରନାଥ ପଶୁପାଳକ ପୂର୍ବାନୁମାନ କରିଛନ୍ତି। ବିଭିନ୍ନ ମଡେଲର ତଥ୍ୟକୁ ଅନୁଶୀଳନ କରି ଡ. ପଶୁପାଳକ ଉପରୋକ୍ତ ତଥ୍ୟ ପ୍ରଦାନ କରିଛନ୍ତି। ସେ କହିଛନ୍ତି ଯେ ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ସ୍ୱାଭାବିକଠାରୁ ଅଧିକ ବର୍ଷା ରେକର୍ଡ କରାଯାଇଛି। ଚାଷକାର୍ଯ୍ୟ ପାଇଁ ବର୍ତ୍ତମାନ ପାଗ ଅନୁକୂଳ ଥିବାବେଳେ ▶ପୃଷ୍ଠା-୭

## ଆଜି ହୀରାକୁଦ ଛାଡ଼ିବ ବନ୍ୟାଜଳ


■ **ସମ୍ବଲପୁର, ୫।୭ (ସମିସ):** ଆସନ୍ତାକାଲି (ରବିବାର) ସକାଳ ୧୦ଟାରେ ହୀରାକୁଦ ଚଳିତବର୍ଷର ପ୍ରଥମ ବନ୍ୟାଜଳ ଛାଡ଼ିବ। ଗତ କିଛି ଦିନ ହେବ ଜଳଭଣ୍ଡାରର ଜଳସ୍ତର କ୍ରମାଗତ ଭାବେ ବୃଦ୍ଧି ପାଉଛି। ଉପରମୁଣ୍ଡରେ ବର୍ଷା ଓ ଛତିଶଗଡ଼ର କଲମା ବ୍ୟାରେଜ୍‌ର ସମସ୍ତ ଗେଟ୍ ଦେଇ ଜଳ ନିଷ୍କାସନ ଜାରି ରହିଥିବାରୁ ହୀରାକୁଦ ଫୁଲିବାରେ ଲାଗିଛି। ▶ପୃଷ୍ଠା-୭

# ସାବଧାନ! ଛେନାରୁ ବ୍ୟାପିପାରେ ଝାଡ଼ାବାନ୍ତି


### ଅସୁରକ୍ଷିତ ଅବସ୍ଥାରେ ହେଉଛି ପରିବହନ

### ରାସ୍ତାକଡ଼ ପଚା ପାଣି ଛିଟା ଗଣ୍ଠିଲିରେ ମିଶୁଛି

■ **ଭୁବନେଶ୍ୱର, ୫।୭ (ସମିସ):** କେବଳ ରାସ୍ତାକଡ଼ ଦୋକାନର ଖାଦ୍ୟ କି ଢାବା କିମ୍ବା ହୋଟେଲର ବାସି ଖାଦ୍ୟ-ପାନୀୟରୁ ନୁହେଁ; ଛେନା, ପନୀର କି ଖୁଆରୁ ବ୍ୟାପିପାରେ ଡାଇରିଆ। ରାଜଧାନୀ ଭୁବନେଶ୍ୱର ସମେତ ବିଭିନ୍ନ ସ୍ଥାନରେ ବିକ୍ରି ହେଉଥିବା ଛେନା, ଖୁଆ, ପନୀର୍ ଆଦିର ଶୁଦ୍ଧତାକୁ ନେଇ ଏବେ ସାଧାରଣରେ ପ୍ରଶ୍ନ ଉଠିଲାଣି। କାରଣ ଏହି ସବୁ ଖାଦ୍ୟ ପଦାର୍ଥ ପରିବହନ କରିବା ସମୟରେ ସ୍ୱଚ୍ଛତାକୁ ଦୃଷ୍ଟି ଦିଆଯାଉ ନାହିଁ। ଅତି ଖାମ୍‌ଖିଆଲ୍ ଢଙ୍ଗରେ ବ୍ୟବସାୟୀମାନେ ଏସବୁକୁ ବାଇକ୍‌ରେ ଝୁଲା କରି ନେଉଛନ୍ତି। ବର୍ଷା ଦିନେ ରାସ୍ତାରେ ଅଳିଆ ପାଣି ଉପର ଦେଇ ଯାନବାହନ ଯିବାବେଳେ ପାଣିର ଛିଟା ଏସବୁ ଖାଦ୍ୟ ପଦାର୍ଥ ଉପରେ ପଡୁଛି। ବ୍ୟବସାୟୀମାନେ ଏହି ଅଳିଆପାଣିରେ ବତୁରା



ଛେନା, ପନୀର ଓ ଖୁଆକୁ ନେଇ ବିଭିନ୍ନ ଛକ ବଜାରରେ ବିକ୍ରି କରୁଛନ୍ତି। ଲୋକମାନେ ବି ଏହାକୁ କିଣି ନେଉଛନ୍ତି। ଖାଦ୍ୟ ସୁରକ୍ଷା ଅଧିକାରୀମାନେ ହୋଟେଲ୍, ଢାବା, ରେସ୍ତୋରାଁ, ଫାଷ୍ଟଫୁଡ୍ ଷ୍ଟଲ୍‌ରେ ଚଢ଼ଉ କରୁଛନ୍ତି; ମାତ୍ର ଏଥିପ୍ରତି ନଜର ନାହିଁ। ଅସନା ପାଣିରେ ବତୁରିଥିବା ପନୀର, ଛେନା, ଖୁଆକୁ ଖାଇ ଲୋକେ ଝାଡ଼ାବାନ୍ତିରେ ଆକ୍ରାନ୍ତ ହେବାର ମଧ୍ୟ ଆଶଙ୍କା ରହିଛି। ତେଣୁ ଏସବୁ ଖାଦ୍ୟ ସାମଗ୍ରୀ କେତେ ଶୁଦ୍ଧ, ତା'ର ଯାଞ୍ଚ କରାଯିବା ଜରୁରୀ ବୋଲି ସାଧାରଣରେ ମତପ୍ରକାଶ ପାଉଛି। ▶ପୃଷ୍ଠା-୭







# ଆଜି ସୁନାବେଶ ରତ୍ନାଳଙ୍କାରରେ ଝଲସିବେ ବିଶ୍ୱନିୟନ୍ତା

ରବିବାର ଆଷାଢ଼ ଶୁକ୍ଳ ଏକାଦଶୀ। ଏହି ପବିତ୍ର ତିଥିରେ ମହାପ୍ରଭୁଙ୍କ ସୁନାବେଶ ଅନୁଷ୍ଠିତ ହେବ। ମହଣ ମହଣ ସୁନାରେ ସଜେଇ ହେବେ ରଥାରୂଢ଼ ଦାରୁବିଗ୍ରହ। ତେବେ ରଥ ଉପରେ ହେଉଥିବା ଏହି ବେଶକୁ ବଡ଼ତଢ଼ାଉ ବେଶ ମଧ୍ୟ କୁହାଯାଏ। ଗଜପତି ମହାରାଜା କପିଳେନ୍ଦ୍ରଦେବଙ୍କ ସମୟରୁ ଏହି ବେଶ ହୋଇଆସୁଥିବା ଶୁଣିବାକୁ ମିଳେ। ଏହି ଅପୂର୍ବ ବେଶ ଲାଗି ଏଥର ଶ୍ରୀମନ୍ଦିର ପରିସର ଅସ୍ଥାୟୀ ବାହାର ଭଣ୍ଡାରଘରୁ ବାହାରିବ ମହଣ ମହଣ ସୁନା ଓ ରୁପା ଅଳଙ୍କାର। ବହୁବିଧ ରତ୍ନଅଳଙ୍କାର ଲାଗି ହୋଇ ରଥ ଉପରେ ଝଲସିବେ ଦାରୁଦିଅଁ।

## ଅପରାହ୍ନ ୫ଟାରୁ ବେଶ ଆରମ୍ଭ

ରବିବାର ପୂର୍ବାହ୍ନରେ ମହାପ୍ରଭୁଙ୍କର ଅସ୍ଥାୟୀ ବାହାର ରତ୍ନଭଣ୍ଡାର (ଯାହାକି ବର୍ତ୍ତମାନ ଚାଙ୍ଗଡା ଘରେ କାର୍ଯ୍ୟକ୍ଷମ) ଖୋଲାଯିବ। ସେଥିରୁ ସୁନାବେଶ ଲାଗି ଆବଶ୍ୟକ ଅଳଙ୍କାର ବାହାର କରାଯିବ। ଭଣ୍ଡାରମେକାପ ଓ ବଣିଆଙ୍କ ଉପସ୍ଥିତିରେ ଅଳଙ୍କାରଗୁଡ଼ିକ ସଫା କରାଯିବ। ରଥ ଉପରେ ମହାପ୍ରଭୁଙ୍କ ମଇଲମ ଓ ମେକାପ ସର୍ବାଙ୍ଗ ନୀତି ବଢ଼ିବା ପରେ ସୁନାବେଶ ଆରମ୍ଭ ହେବ। ନିର୍ଘଣ୍ଟ ସମୟ ପୂର୍ବରୁ ଅର୍ଥାତ୍ ସଅଳ ନୀତିକାନ୍ତି କରାଯିବା ଲାଗି ପୂର୍ବରୁ ଦଇତାପତିଙ୍କ ସହ ପ୍ରଶାସନର ଆଲୋଚନା ବେଳେ ନିଷ୍ପତ୍ତି ନିଆଯାଇଛି।

ଅନ୍ୟପକ୍ଷରେ, ଚଳିତବର୍ଷ ସୁନାବେଶରେ ୧୦ରୁ ୧୫ଲକ୍ଷ ଭକ୍ତଙ୍କ ସମାଗମ ହେବା ସମ୍ଭାବନା ରହିଛି। ଏହାକୁ ନଜରରେ ରଖି ସଅଳ ନୀତିକାନ୍ତି କରାଯାଇ ନିର୍ଘଣ୍ଟ ସମୟ ପୂର୍ବରୁ ଚତୁର୍ଦ୍ଧା ବିଗ୍ରହଙ୍କ ସୁନାବେଶ କରାଯିବ। ଏହାଦ୍ୱାରା ଭକ୍ତମାନେ ଅଧିକ ସମୟ ମହାପ୍ରଭୁଙ୍କ ଏହି ଦୁର୍ଲଭ ବେଶ ଦର୍ଶନ ସୁଯୋଗ ପାଇବେ। ସେହିପରି ସୁନାବେଶ ସମୟରେ ରଥାରୂଢ଼ ଠାକୁରଙ୍କ ସମ୍ମୁଖରେ କୌଣସି ସେବାୟତ ରହିବେ ନାହିଁ। ଫଳରେ ଶ୍ରଦ୍ଧାଳୁମାନେ ସୁନ୍ଦର ଭାବେ ସୁନାବେଶ ଦର୍ଶନ କରିପାରିବେ। ରଥ ଉପରକୁ ଅଣସେବାୟତ ଚଢ଼ିବେ ନାହିଁ। ସେହିପରି କୌଣସି ସେବାୟତ ମୋବାଇଲ ଫୋନ ନେଇପାରିବେ ନାହିଁ ବୋଲି କଡାକଡି ଭାବେ ସ୍ପଷ୍ଟ କରିଦିଆଯାଇଛି।

ଅନ୍ୟପକ୍ଷରେ, ସୁନାବେଶ ପାଇଁ ସୁରକ୍ଷା ବ୍ୟବସ୍ଥାକୁ ମଧ୍ୟ କଡ଼ାକଡ଼ି କରାଯାଇଛି। ରଥଯାତ୍ରାରେ ଯେଉଁଭଳି ସୁରକ୍ଷା ଏବଂ ଟ୍ରାଫିକ କଟକଣା ଥିଲା ସେହିଭଳି କଟକଣା ମଧ୍ୟ ରହିବ ବୋଲି କହିଛନ୍ତି ଏସ୍‌ପି ପିନାକ ମିଶ୍ର।



## ବଡ଼ତଢ଼ାଉଙ୍କ ଅନୁରୋଧରେ ହେଉଛି ରଥ ଉପରେ ସୁନାବେଶ

ଶ୍ରୀକ୍ଷେତ୍ରରେ ମହାପ୍ରଭୁଙ୍କର ମାନବୀୟ ଲୀଳା ଭଳି ରାଜକୀୟ ଲୀଳା ମଧ୍ୟ ଅନୁଷ୍ଠିତ ହେଉଛି। ପୁରୁଷୋତ୍ତମ ଶ୍ରୀଜଗନ୍ନାଥ ହେଉଛନ୍ତି ରାଜାଧିରାଜ। ତାଙ୍କର କେତେକ ରୀତି, ନୀତି, ବେଶ ଓ ଭୋଗ ଇତ୍ୟାଦିରେ ରାଜକୀୟ ଠାଣି ପରିଲକ୍ଷିତ ହୋଇଥାଏ। ରାଜାଧିରାଜ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କର ସୁନାବେଶ ବା ରାଜବେଶ ବର୍ଷକୁ ପାଞ୍ଚଥର ଅନୁଷ୍ଠିତ ହୁଏ। ଆଶ୍ୱିନ ଶୁକ୍ଳ ଦଶମୀ (ଦଶହରା), କାର୍ତ୍ତିକ ପୂର୍ଣ୍ଣିମା, ପୌଷ ପୂର୍ଣ୍ଣିମା ଓ ଦୋଳ ପୂର୍ଣ୍ଣିମା ଏହି ଚାରିଥର ଶ୍ରୀମନ୍ଦିର ରତ୍ନସିଂହାସନରେ ଏବଂ ଆଷାଢ଼ ଶୁକ୍ଳ ଏକାଦଶୀ ଦିନ ସିଂହଦ୍ୱାର ସମ୍ମୁଖରେ ଥିବା ରଥ ଉପରେ ସୁନାବେଶ କରାଯାଇଥାଏ।

ଶ୍ରୀଜଗନ୍ନାଥ ସଂସ୍କୃତି ଗବେଷକ ଡ. ନରେଶ ଚନ୍ଦ୍ର ଦାଶ କୁହନ୍ତି, ମହାପ୍ରଭୁଙ୍କର ଏହି ଲାବଣ୍ୟମୟ ସୁବର୍ଣ୍ଣ ବେଶ କେବେଠାରୁ ଆରମ୍ଭ ହେଲା, ତାହା ଠିକ୍ ଭାବେ କହିବା କଷ୍ଟକର। ଏ ସମ୍ପର୍କରେ ସ୍କନ୍ଦ ପୁରାଣ କିମ୍ବା ନୀଳାଦ୍ରି ମହୋଦୟ ଭଳି ଗ୍ରନ୍ଥମାନଙ୍କରେ କିଛି ଉଲ୍ଲେଖ ନାହିଁ। ତେବେ ମହାପ୍ରଭୁଙ୍କର ଏହି ଦିବ୍ୟ ବେଶକୁ ସର୍ବଧର୍ମ, ସର୍ବମତବାଦର ଜନସାଧାରଣ ଓ ଭକ୍ତଗଣ ଆନନ୍ଦରେ ଦର୍ଶନ କରିଥା'ନ୍ତି। ଏହି ଦିନ ଶ୍ରୀକ୍ଷେତ୍ରରେ ପ୍ରବଳ ଗହଳି ଲାଗିଥାଏ। ରଥ ଉପରେ ହେଉଥିବା ସୁନାବେଶର ନାମ ହେଉଛି ବଡ଼ତଢ଼ାଉ ବେଶ। ବଡ଼ତଢ଼ାଉ ବେଶ ସମ୍ପର୍କରେ ଜଣାଯାଏ, ୧୪୬୦ ଖ୍ରୀଷ୍ଟାବ୍ଦରେ ରାଜା କପିଳେନ୍ଦ୍ରଦେବ ଦେବୀ ଜୟଦୁର୍ଗାଙ୍କ କୃପାରୁ ଦକ୍ଷିଣ ଭାରତ ବିଜୟ କରି ୧୬ଟି ହସ୍ତୀ ପୃଷ୍ଠରେ ବିପୁଳ ଧନରତ୍ନ ଲଦି ନିଜ ରାଜ୍ୟକୁ ଆଣି ଶ୍ରୀମନ୍ଦିରରେ ମହାପ୍ରଭୁଙ୍କୁ ଅର୍ପଣ କରିଥିଲେ।



ଗଜପତି ମହାରାଜାଙ୍କର ମହାପ୍ରଭୁଙ୍କ ପ୍ରତି ଭକ୍ତି ଓ ଆଗ୍ରହ ଲକ୍ଷ୍ୟ କରି ବଡ଼ତଢ଼ାଉ ସେବକ (ଅଳଙ୍କାରଗୁଡ଼ିକୁ ଭଣ୍ଡାରରୁ ଆଣି ବେଶ ଶେଷ ହେବା ପରେ ପୁଣି ଭଣ୍ଡାର ମଧ୍ୟରେ ଯେ ଗଣି କରି ରଖନ୍ତି) ଶ୍ରୀଛାମୁରେ ଜଣାଇଥିଲେ ଯେ ଶ୍ରୀମନ୍ଦିରର ରତ୍ନସିଂହାସନ ଉପରେ ବର୍ଷ ମଧ୍ୟରେ ହେଉଥିବା ସକଳ ବେଶକୁ ସମସ୍ତ ବର୍ଗର ଲୋକେ ଦର୍ଶନ କରିପାରୁନାହାନ୍ତି । ତେଣୁ ରଥଯାତ୍ରାର ଅନ୍ତିମ ପର୍ଯ୍ୟାୟରେ ବାହୁଡ଼ା ଦିନ ରଥତ୍ରୟ ସିଂହଦ୍ୱାର ନିକଟରେ ପହଞ୍ଚିବା ପରେ ତା' ପରଦିନ ରଥ ଉପରେ ଠାକୁରମାନଙ୍କ ସର୍ବସମ୍ମୁଖରେ ସୁନାବେଶରେ ସୁସଜ୍ଜିତ କରାଗଲେ ସମସ୍ତେ ଉପକୃତ ହୋଇପାରନ୍ତେ। ବଡ଼ତଢ଼ାଉ ସେବକଙ୍କ ଅନୁରୋଧକ୍ରମେ ସେହି ଦିନଠାରୁ ରାଜା କପିଳେନ୍ଦ୍ରଦେବ ୧୩୮ ପ୍ରକାର ରତ୍ନଖଚିତ ସ୍ୱର୍ଣ୍ଣ ଅଳଙ୍କାର ନିର୍ମାଣ କରି ପ୍ରଥମେ ଠାକୁରମାନଙ୍କୁ ରଥ ଉପରେ ବଡ଼ ଏକାଦଶୀଦିନ ଚିତ୍ତାକର୍ଷକ ସୁନାବେଶ କରାଇଥିଲେ। ତେଣୁ ଏହି ସୁନାବେଶ ବଡ଼ତଢ଼ାଉ ବେଶ ନାମରେ ପ୍ରସିଦ୍ଧ ଲାଭ କରିଛି। ମହାପ୍ରଭୁଙ୍କର ମଧ୍ୟାହ୍ନ ଧୂପ ନୀତି ସରିବା ପରେ ଦୁର୍ଲଭ ସୁନାବେଶ ଆରମ୍ଭ ହୋଇଥାଏ। ଏହି ବେଶରେ ମେକାପ, ପୁଷ୍ପାଳକ ଓ ଖୁଣ୍ଟିଆ ସେବକ ପ୍ରମୁଖ ସାହାଯ୍ୟ କରିଥାନ୍ତି। ରଥ ଉପରେ ଏମାନଙ୍କ ସହ ଦଇତାପତି ସେବକମାନେ ମଧ୍ୟ ଅଂଶଗ୍ରହଣ କରିଥା'ନ୍ତି। ଏହିଦିନ ଦ୍ୱିପ୍ରହର ଧୂପ (ଖଇ, କୋରା, ଧୁଆମୁଗ, ଆମ୍ବ, ପଣସ, ନଡ଼ିଆ ଇତ୍ୟାଦି ଶୁଖିଲି ଭୋଗ) ପରେ ଠାକୁରମାନେ ମଇଲମ ହୁଅନ୍ତି। ଏହାପରେ ଖଣ୍ଡେଖଣ୍ଡେ ଶାଢ଼ି ଓ ଖଣ୍ଡୁଆ ଲାଗି ହୁଅନ୍ତି। ପରେ ଫୁଟାଲାଗି (ଟାଇଟ ବସ୍ତ୍ର ପରିଧାନ କରନ୍ତି) ହୁଅନ୍ତି। ଅଧର ବଳା ଓ ଦୁଇ ଭୁଜରେ ବଳା ଲାଗି ହେବା ପରେ ଅଳଙ୍କାରମାନ ଲାଗି ହୋଇଥାନ୍ତି।

## ସୁନାବେଶ ନୀତି ନିର୍ଘଣ୍ଟ



| | |
|---|---|
| ମଙ୍ଗଳ ଆଳତି | ସକାଳ ୬ରୁ ୬ଟା ୩୦ |
| ମଇଲମ ତଡ଼ପଲାଗି | ସକାଳ ୭ଟା |
| ଅବକାଶ | ୮ଟା |
| ବେଶ ଶେଷ | ୯ଟା |
| ଗୋପଳବଲ୍ଲଭ | ପୂର୍ବାହ୍ନ ୧୦ରୁ ୧୦ଟା ୩୦ |
| ସକାଳଧୂପ | ୧୧ଟାରୁ ମଧ୍ୟାହ୍ନ ୧୨ଟା |
| ମଇଲମ | ୧୨ଟା ୩୦ |
| ମହାସ୍ନାନ ଓ ସର୍ବାଙ୍ଗ | ଅପରାହ୍ନ ୧ଟା |
| ବେଶ ଶେଷ | ୧ଟା ୩୦ |
| ମଧ୍ୟାହ୍ନ ଧୂପ | ଅପରାହ୍ନ ୨ରୁ ୩ଟା |
| ମଇଲମ | ୩ଟା ୩୦ |
| ଖଣ୍ଡୁଆ ଲାଗି ସନ୍ଧ୍ୟା ଆଳତି | ୪ଟା |
| ଏକାଦଶୀ ସର୍ବାଙ୍ଗ | ୪ଟା ୩୦ |
| ସୁନାବେଶ | ୫ଟାରୁ ୬ଟା ୩୦ |
| ସନ୍ଧ୍ୟାଧୂପ | ରାତି ୮ରୁ ୯ଟା |
| ସୁନାବେଶ ମଇଲମ | ରାତି ୧୦ରୁ ୧୧ଟା |
| ଚନ୍ଦନଲାଗି | ୧୧ଟା |
| ବଡ଼ସିଂହାର ବେଶ | ୧୨ଟା |
| ବଡ଼ସିଂହାର ଭୋଗ | ୧୨ଟା ୩୦ |
| ମଇଲମ | ୧୨ଟା ୪୫ |
| ଶୟନଠାକୁର ବିଜେ | ରାତି ୧ଟା |
| ରାତ୍ର ପହୁଡ | ଭୋର୍ ୪ଟା |









## ମାଉସୀ ମା'ର ପୋଡ଼ପିଠା ଖାଇଲେ ମହାପ୍ରଭୁ



ବିଶ୍ୱନିୟନ୍ତା ମହାପ୍ରଭୁ ଶ୍ରୀଜଗନ୍ନାଥ ହେଉଛନ୍ତି ଭୋଜନପ୍ରିୟ। ସେଥିପାଇଁ ତାଙ୍କ ନିକଟରେ ଷାଠିଏ ପଉଟି ଭୋଗ ଏବଂ ଛପନପ୍ରକାର ବ୍ୟଞ୍ଜନର ବ୍ୟବସ୍ଥା ରହିଛି। ତଥାପି ପୋଡ଼ପିଠା ପ୍ରତି ଦାରୁବିଗ୍ରହଙ୍କର ଥାଏ ବିଶେଷ ଅଭିରୁଚି। ପ୍ରତିଦିନ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ପାଖରେ ପିଠା ଭୋଗ ଲାଗି କରାଯାଏ। ଶନିବାର ଜନ୍ମବେଦୀରୁ ରତ୍ନବେଦୀକୁ ବାହୁଡ଼ିବା ବେଳେ ବାଟରେ ଅଟକି ମାଉସୀ ମା'ର ପୋଡ଼ପିଠା ଖାଇଛନ୍ତି ଦାରୁଦିଅଁ। ପ୍ରଥମେ ତାଳଧ୍ୱଜ ରଥ ମାଉସୀ ମା' ମନ୍ଦିର ନିକଟରେ ପହଞ୍ଚିବା ପରେ ବଡ଼ଠାକୁରଙ୍କୁ ପୋଡ଼ପିଠା ସର୍ପମଣୋହି କରାଯାଇଥିଲା। ପରେ ଦେବୀ ସୁଭଦ୍ରା ଏବଂ ଶେଷରେ କାଳିଆ ଠାକୁରଙ୍କ ରଥରୁ ଏକ ଲାଗିମାଳ ଅଣାଯାଇ ଅର୍ଦ୍ଧଶୋଷିନୀଙ୍କୁ ଲାଗି କରାଯାଇଥିଲା। ପରେ ମାଉସୀ ମା' ଘର ପୋଡ଼ପିଠା ଖାଇ ଶ୍ରୀମନ୍ଦିର ଅଭିମୁଖେ ବାହୁଡ଼ିଥିଲେ ଭାବବିନୋଦିଆ। ବଡ଼ଠାକୁର ବଳଭଦ୍ର ଏବଂ ଦେବୀ ସୁଭଦ୍ରାଙ୍କୁ ପୋଡ଼ପିଠା ସମର୍ପଣ ପରେ ସନ୍ଧ୍ୟାରେ ମାଉସୀ ମା' ମନ୍ଦିର ସମ୍ମୁଖରେ ପହଞ୍ଚିଥିଲା ନନ୍ଦିଘୋଷ ରଥ। ପୂଜାପଣ୍ଡା ସାମନ୍ତ ଭୋଗ କରିବା ପରେ ପୂଜକ ବିଶ୍ୱନାଥ ମିଶ୍ର ପୋଡ଼ପିଠା ସମର୍ପି ଦେଇଥିଲେ।









ଚତୁର୍ଦ୍ଧାମୂର୍ତ୍ତିଙ୍କ ବାହୁଡ଼ାବିଜେ: ଲୋକାରଣ୍ୟ ପୁରୀ ବଡ଼ଦାଣ୍ଡ (ଫଟୋ-ଅନିଲ)

# ଅଣ୍ଟୁନି 'ହରିଶ୍ଚନ୍ଦ୍ର' ଟଙ୍କା

## ଶବ ସତ୍କାର ପାଇଁ ହୀନସ୍ତା ହେଉଛନ୍ତି ଆତ୍ମୀୟ

ଭୁବନେଶ୍ୱର,୫।୭(ସମିସ): ଶବ ସତ୍କାର ପାଇଁ ୨୦୧୩ରୁ ରାଜ୍ୟ ସରକାର ହରିଶ୍ଚନ୍ଦ୍ର ଯୋଜନାରେ ସହାୟତା ଯୋଗାଇ ଦେଉଛନ୍ତି। ଗ୍ରାମାଞ୍ଚଳରେ ଏଥିପାଇଁ ୩ ହଜାର ଟଙ୍କା ମିଳୁଥିବାବେଳେ ସହରାଞ୍ଚଳରେ ୪ ହଜାର ଟଙ୍କା ମିଳୁଛି। ହେଲେ ଏତିକି ଟଙ୍କାରେ ବର୍ତ୍ତମାନ ଉଭୟ ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ ଶବ ପୋଡ଼ିବା ସମ୍ଭବ ହେଉନି। ଜଙ୍ଗଲ କାଟିବାରେ ବିଭିନ୍ନ ପ୍ରକାର ଅଙ୍କୁଶ ଲାଗିବା ଯୋଗୁଁ କାଠ ଦାମ୍ ଦିନକୁ ଦିନ ବଢ଼ି ଚାଲିଛି।

### ବର୍ଷକ ଭିତରେ ୫୩ କୋଟି ଖର୍ଚ୍ଚ କରିଛନ୍ତି ସରକାର

ଏଥିସହ ଘିଅ, ବ୍ରାହ୍ମଣ ଖର୍ଚ୍ଚ ଓ ମାଲଭାଇଙ୍କ ଖର୍ଚ୍ଚ ମିଶାଇଲେ ଏହି ଟଙ୍କା ଆଦୌ ଅଣ୍ଟୁନି। ହିନ୍ଦୁ ଧର୍ମାବଲମ୍ବୀ ଲୋକମାନେ ଯେନତେନ ପ୍ରକାରେ ଦାହ, ସଂସ୍କାର କରି ଦେଉଛନ୍ତି। ମାତ୍ର ମୁସଲ୍‌ମାନ ଓ ଖ୍ରୀଷ୍ଟିଆନ୍‌ମାନଙ୍କୁ ଏତିକି ଟଙ୍କା କାଣିଚାଏ ବି ଅଣ୍ଟୁନଥିବା ଜଣାପଡ଼ିଛି। ମୁସଲ୍‌ମାନ ଓ ଖ୍ରୀଷ୍ଟିଆନ୍ ଲୋକମାନଙ୍କ ପାଇଁ ୬ଫୁଟ୍‌ରେ ୪ ଫୁଟ୍‌ର ଗାତ ଖୋଳିବାକୁ ପଡୁଛି। ଏହି ଗାତ ଖୋଳିବାରେ ହିଁ ସରକାର ଦେଉଥିବା ସହାୟତା ଶେଷ ହୋଇଯାଉଛି। ବାକି ପ୍ଲାଏ, ଚାଦର ଓ ଅନ୍ୟାନ୍ୟ ଖର୍ଚ୍ଚ ପାଇଁ ଟଙ୍କା ଅଣ୍ଟୁନି। ତେଣୁ ଏହି ସହାୟତା ରାଶି ବଢ଼ାଇବା ପାଇଁ ଦାବି ହେଉଛି।

୨୦୨୩ରେ ଶେଷଥର ପାଇଁ ସରକାର ଏହି ଯୋଜନାର ସହାୟତା ରାଶି ଉଭୟ ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ ୧ହଜାର ଟଙ୍କା ବଢ଼ାଇଥିଲେ। ହେଲେ ଗତ ଦୁଇ ବର୍ଷ ଭିତରେ ବଜାର ଦାମ୍ ହୁ ହୁ ବଢ଼ିବା ଲାଗିଛି। ବିଶେଷକରି କାଠ, ଘିଅ, ପ୍ଲାଏ, ଓ ଅନ୍ୟାନ୍ୟ ସାମଗ୍ରୀର ଦର ବଢ଼ିଛି। ତେଣୁ ସରକାର ଯେତିକି ଟଙ୍କା ବଢ଼ାଇଛନ୍ତି ଏହା ସମୁଦ୍ରକୁ ଶଙ୍ଖେ। ଗରିବ ଲୋକଟିଏ ସମ୍ମାନର ସହ ଶବ ସତ୍କାର କରିବା ପାଇଁ ସରକାର ଏକ ମହତ୍ ଉଦ୍ଦେଶ୍ୟ



ରଖି ଏହି ଯୋଜନା ଆରମ୍ଭ କରିଥିଲେ। କିନ୍ତୁ ବାସ୍ତବରେ ଏହି ଉଦ୍ଦେଶ୍ୟ ସାଧିତ ହୋଇପାରୁନି। ତେଣୁ ସରକାର ଏହାକୁ ଗମ୍ଭୀରତାର ସହ ନେଇ ବିଚାର କରିବାକୁ ସଚେତନ ନାଗରିକ ମହଲରେ ଦାବି ହେଉଛି। ଅନ୍ୟପକ୍ଷରେ ହରିଶ୍ଚନ୍ଦ୍ର ଯୋଜନାରେ ହିନ୍ଦୁ ଧର୍ମାବଲମ୍ବୀ ଲୋକଙ୍କ ପାଇଁ ବିଶେଷ ସୁବିଧା କରାଯାଇଛି। ପୁରୀ ସ୍ୱର୍ଗଦ୍ୱାରରେ ଶବ ସତ୍କାର କଲେ ହରିଶ୍ଚନ୍ଦ୍ର ଯୋଜନାରେ ବିଶେଷ ସୁବିଧା କରାଯାଇଛି। ଯେପରି ପୁରୀ ସ୍ୱର୍ଗଦ୍ୱାରରେ ଶବ ସତ୍କାର କଲେ ଶବ ପହଞ୍ଚିବା ପରେ ଯଦି ହରିଶ୍ଚନ୍ଦ୍ର ସହାୟତା ପାଇବା ପାଇଁ ଯୋଗ୍ୟ ବିବେଚିତ ହେଉଛନ୍ତି ତେବେ ଫର୍ମ ପୂରଣ କରିକି ଦେଇଦେଲେ ସବୁ ସହାୟତା ମାଗଣାରେ ମିଳିଯାଉଛି। ହେଲେ ମୁସଲିମ୍ କି ଖ୍ରୀଷ୍ଟୀୟାନ ଧର୍ମାବଲମ୍ବୀ ଯଦି କେହି ମୃତ୍ୟୁବରଣ କରୁଛନ୍ତି, ତେବେ ତାଙ୍କୁ ପ୍ରଥମେ ନିଜ ହାତରୁ ଅର୍ଥ ଖର୍ଚ୍ଚ କରି ସବୁ କାର୍ଯ୍ୟ କରିବାକୁ ପଡୁଛି। ଏହାପରେ ତାଙ୍କୁ ଫର୍ମ ପୂରଣ କରିକି ଦେଲେ କିଛି ଦିନ ପରେ ସହାୟତା ମିଳୁଛି।

ସେହିପରି ଅଚିହ୍ନା ଶବ ବିଶେକରି ଦୁର୍ଘଟଣା ଆଦିରେ ମିଳୁଥିବା ଶବର ସତ୍କାର ପାଇଁ ରାଜ୍ୟ ସରକାର ଅର୍ଥ ଯୋଗାଇ ଦେଉଛନ୍ତି। ଗତବର୍ଷ ହରିଶ୍ଚନ୍ଦ୍ର ଯୋଜନାରେ ଶବ ସତ୍କାର ପାଇଁ ୧ଲକ୍ଷ ୬୯ହଜାର ପରିବାରକୁ ୫୩ କୋଟି ଟଙ୍କାରୁ ଅର୍ଥ ଅର୍ଥ ଯୋଗାଇ ଦିଆଯାଇଛି। ଅତୀତରେ ରାଜ୍ୟର କେତେକ ସ୍ଥାନରେ ହରିଶ୍ଚନ୍ଦ୍ର ଯୋଜନାରେ ହେରଫେର ନେଇ ଅଭିଯୋଗ ଆସିଥିବା ବେଳେ ଏତେ ସଂଖ୍ୟାରେ ଲୋକଙ୍କ ନିକଟରେ ନିଜର ପ୍ରିୟଜନଙ୍କ ଶବ ସତ୍କାରପାଇଁ ଅର୍ଥ ନଥିବା ଏବେ ଅନେକଙ୍କୁ ଆଶ୍ଚର୍ଯ୍ୟଚକିତ କରିଛି। ତେବେ ରାଜ୍ୟର ୮୦ ପ୍ରତିଶତରୁ ଅଧିକ ଲୋକଙ୍କର ରାସନକାର୍ଡ ଥିବାରୁ ସେମାନେ ମାଗଣା ଚାଉଳ ପାଇବା ସହିତ ଏହି କାର୍ଡ ସହାୟତାରେ ପ୍ରିୟଜନଙ୍କ ଶବକୁ ହରିଚନ୍ଦ୍ର ଯୋଜନାରେ ସାମିଲ କରି ସରକାରୀ ସହାୟତା ପାଇବାରେ ସଫଳ ହେଉଛନ୍ତି। ତେଣୁ ହରିଶ୍ଚନ୍ଦ୍ର ସହାୟତା ବଢ଼ାଇବା ପାଇଁ ବିଭିନ୍ନ ଧର୍ମାବଲମ୍ବୀ ଲୋକମାନେ ଦାବି କରିଛନ୍ତି।

# ମାଲିରେ ହିଞ୍ଜିଳି ଯୁବକଙ୍କୁ ଅପହରଣ

ବ୍ରହ୍ମପୁର,୫।୭(ସମିସ): ପଶ୍ଚିମ ଆଫ୍ରିକା ମହାଦେଶର ମାଲି ଦେଶରେ ଆତଙ୍କବାଦୀମାନେ ଅପହରଣ କରିନେଇଥିବା ୩ ଭାରତୀୟଙ୍କ ମଧ୍ୟରେ ଓଡ଼ିଶାରୁଜଣେରହିଛନ୍ତି।ସେହେଲେ,ଗଞ୍ଜାମ ଜିଲ୍ଲା ହିଞ୍ଜିଳି ଥାନା ସମରଖୋଲ ଗ୍ରାମର ପି. ଭେଙ୍କଟରମଣ (୨୮)। ଏହି ଖବର



### ଥାନାରେ ଏତଲା ଦେଲେ ମା'

ପ୍ରଘଟ ହେବା ପରେ ଭେଙ୍କଟରମଣଙ୍କ ପରିବାରର ଚିନ୍ତା ବଢ଼ି ଯାଇଛି। ପୁଅକୁ ଫେରାଇ ଆଣିବା ପାଇଁ ଶନିବାର ରାତିରେ ମା' ପି. ନାର୍ସାମା ହିଞ୍ଜିଳି ଥାନାରେ ଲିଖିତ ଅଭିଯୋଗ କରିବା ସହ ଭାରତ ସରକାରଙ୍କୁ ନିବେଦନ କରିଛନ୍ତି। ପୁଲିସ୍ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିବା ଥାନା ଭାରପ୍ରାପ୍ତ ଅଧିକାରୀ ଶ୍ରୀନିବାସ ସେଠୀ କହିଛନ୍ତି।

ସୂଚନାନୁଯାୟୀ, ଗତ ନଭେମ୍ବରରେ ଭେଙ୍କଟରମଣ ମାଲିର ଏକ ଘରୋଇ ସିମେଣ୍ଟ କମ୍ପାନୀରେ ନିଯୁକ୍ତି ପାଇଥିଲେ। ଗତ ୩୦ ତାରିଖରେ ତାଙ୍କୁ ସେଠାକାର ପୁଲିସ୍ ଗିରଫ କରିଥିବା ନେଇ ସଂପୃକ୍ତ କମ୍ପାନୀ ପକ୍ଷରୁ ପରିବାର ସଦସ୍ୟଙ୍କୁ ଫୋନ୍ ଯୋଗେ ଜଣାଯାଇଥିଲା। କିନ୍ତୁ ଏହାକୁ ତାଙ୍କ ପରିବାରଲୋକ ସହଜରେ ଗ୍ରହଣ କରିପାରିନଥିଲେ। ତେବେ ପରବର୍ତ୍ତୀ ସମୟରେ ଆତଙ୍କବାଦୀମାନେ ସଂପୃକ୍ତ ସିମେଣ୍ଟ କାରଖାନା ଉପରେ ଆକ୍ରମଣ କରି ୩ ଭାରତୀୟଙ୍କୁ ଅପହରଣ କରିନେଇଥିବା ଗଣମାଧ୍ୟମରୁ ଜାଣିବାକୁ ପାଇଥିଲେ। ଅପହୃତଙ୍କ ମଧ୍ୟରେ ତାଙ୍କ ପୁଅ ଥିବା ଜାଣିବା ପରେ ପରିବାରଲୋକେ ହିଞ୍ଜିଳି ଥାନାରେ ଅଭିଯୋଗ କରିବା ସହ ପୁଅକୁ ଫେରାଇ ଆଣିବାକୁ ଭାରତ ସରକାରଙ୍କୁ ନିବେଦନ କରିଛନ୍ତି।

■ ଚିନ୍ତା ପ୍ରକଟ କଲେ ନବୀନ

## ବ୍ୟକ୍ତିଗତ ହସ୍ତକ୍ଷେପ କରନ୍ତୁ ବୈଦେଶିକ ମନ୍ତ୍ରୀ

ଭୁବନେଶ୍ୱର, ୫।୭ (ସମିସ): ମାଲିରେ ଉଗ୍ରବାଦୀମାନେ ହିଞ୍ଜିଳିକାଟୁ ବ୍ଲକ୍‌ର ପି. ଭେଙ୍କଟରମଣଙ୍କୁ ଅପହରଣ କରିନେବା ଘଟଣାରେ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଚିନ୍ତା ପ୍ରକଟ କରିଛନ୍ତି। ଏକ ଟୁଇଟ୍‌ରେ ନବୀନ କହିଛନ୍ତି, ଭେଙ୍କଟରମଣଙ୍କ ସହ ତାଙ୍କ ପରିବାରଲୋକ ଯୋଗାଯୋଗ କରିପାରୁନାହାନ୍ତି। ସେମାନେ ଦୁଃଖରେ ଭାଙ୍ଗି ପଡ଼ିଛନ୍ତି। ଏଣୁ କେନ୍ଦ୍ର ବୈଦେଶିକ ମନ୍ତ୍ରୀ ଏସ୍. ଜୟଶଙ୍କର ଏହି ମାମଲାରେ ବ୍ୟକ୍ତିଗତ ଭାବେ ହସ୍ତକ୍ଷେପ କରିବା ସହ ତାଙ୍କର ଶୀଘ୍ର ଏବଂ ନିରାପଦ ମୁକ୍ତି ନିଶ୍ଚିତ କରାନ୍ତୁ ବୋଲି ନବୀନ ଅନୁରୋଧ କରିଛନ୍ତି।

# ତଡୁଥିଲା ପୁଲିସ୍; ଅଟକାଇଲେ ସେବାୟତ

ପୁରୀ,୫।୭(ସମିସ): ରଥଯାତ୍ରା ବିଭ୍ରାଟ ପ୍ରଶାସନକୁ ଘାରିଛି। କର୍ଡନ ଭିତରେ ହଜାର ହଜାର ପାସ୍‌ଧାରୀ ରହିବାରୁ ରଥଟଣାରେ ବିଶୃଙ୍ଖଳା ହେଲା। ତେଣୁ ବାହୁଡ଼ାରେ ଯେପରି ଏହି ବିଭ୍ରାଟର ପୁନରାବୃତ୍ତି ନ ହୁଏ, ସେଥିପାଇଁ ପ୍ରଶାସନ କର୍ଡନ ଭିତରେ ପାସ୍‌ଧାରୀଙ୍କୁ କାଣ୍ଟଛାଣ୍ଟ କରିବାକୁ ଚିନ୍ତା କରିଥିଲା। ଏଥିପାଇଁ ଶନିବାର କର୍ଡନ୍ ଭିତରୁ



ନୃତ୍ୟଶିଳ୍ପୀଙ୍କୁ ବାରଣ କରାଯାଉଥିଲା। ବହୁ ଶିଳ୍ପୀ କର୍ଡନ ପାସ୍ ପାଇଥିଲେ ବି ତାଙ୍କୁ ନାଚିବାକୁ ମନା କରାଯାଇଥିଲା। ଏହାକୁ ନେଇ ନୃତ୍ୟଶିଳ୍ପୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଥିଲା। ଅନେକ ମନ ଦୁଃଖରେ ଫେରିଯାଉଥିବା ବେଳେ ଏହା ବରିଷ୍ଠ ସେବାୟତ ତଥା ମହାପ୍ରଭୁ ଜଗନ୍ନାଥଙ୍କ ବାଡ଼ଗ୍ରାହୀ ଜଗନ୍ନାଥ ସ୍ୱାଇଁ ମହାପାତ୍ରଙ୍କ ନଜରରେ ପଡ଼ିଥିଲା। ନୃତ୍ୟଶିଳ୍ପୀଙ୍କୁ ବାହାର କରୁଥିବା ମହିଳା ପୁଲିସକୁ ଏପରି ନ କରିବାକୁ କହିଥିଲେ। ଏହା ସତ୍ତ୍ୱେ ସମ୍ପୃକ୍ତ ପୁଲିସ ଅଧିକାରିଣୀ ନୃତ୍ୟଶିଳ୍ପୀଙ୍କୁ ବାହାର କରୁଥିବା ଦେଖି ଉତ୍‌କ୍ଷିପ୍ତ ହୋଇଥିଲେ ଜଗୁନି। ମହିଳା ପୁଲିସକୁ କଡ଼ା ଭାଷାରେ ଆଇପିଏସ୍ ବୋଲି କ'ଣ ଭାବୁଛ, ମୋତେ ଚିହ୍ନିଛ

### ପହଣ୍ଡିରେ ନୃତ୍ୟ କଲେ ଶିଳ୍ପୀ

ବୋଲି କହିବା ସହ ସେମାନେ ମହାପ୍ରଭୁଙ୍କ ପହଣ୍ଡିରେ ନାଚିବା ପାଇଁ କେତେ ଦୂରରୁ ଆସିଛନ୍ତି। ତାଙ୍କୁ ସୁଯୋଗ ଦିଆଯିବା ଦରକାର। ମହାପ୍ରଭୁ ଖୁସି ହେବେ ବୋଲି ସେ କହିଥିଲେ। ପରେ ନୃତ୍ୟଶିଳ୍ପୀମାନେ ପହଣ୍ଡିରେ ନୃତ୍ୟ ପରିବେଷଣ କରିଥିଲେ।

କାଦୁଅରେ ଦବି ଭାଙ୍ଗିଗଲା ରଥ ଚକ

# କାନ୍ଧରେ ବୁହା ହୋଇ ମନ୍ଦିର ଗଲେ ମହାପ୍ରଭୁ

କେନ୍ଦୁଝର,୫।୭(ସମିସ): କାଦୁଅ ରାସ୍ତାରେ ଦବିଯାଇ ଭାଙ୍ଗିଗଲା ଚକ। ଆଉ ଆଗକୁ ଗଡ଼ିପାରିଲାନି ରଥ। ତେଣୁ ମହାପ୍ରଭୁଙ୍କୁ କାନ୍ଧେଇ କାନ୍ଧେଇ ମନ୍ଦିରକୁ ବୋହିଲେ ଭକ୍ତ। କେନ୍ଦୁଝର ଜିଲ୍ଲା ଯୋଡ଼ା ଅଞ୍ଚଳରେ ଆଜି ଏପରି ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଛି। ରାସ୍ତା ଖରାପ ଯୋଗୁଁ ମହାପ୍ରଭୁ କାଳିମାଟି ଜଗନ୍ନାଥ ମନ୍ଦିରକୁ ରଥରେ ବାହୁଡ଼ି ପାରିନାହାନ୍ତି।

ସୂଚନାନୁଯାୟୀ, ପ୍ରତିବର୍ଷ ରଥଯାତ୍ରାରେ କାଳିମାଟି ଜଗନ୍ନାଥ ମନ୍ଦିରରୁ ଚତୁର୍ଦ୍ଧା ବିଗ୍ରହ ଦବୁନା କ୍ୟାମ୍ପ ପର୍ଯ୍ୟନ୍ତ ଯାଇ ବାହୁଡ଼ାରେ ଫେରିଥା'ନ୍ତି। ଆଜି ବାହୁଡ଼ା ଅବସରରେ ଭକ୍ତମାନେ ମହାପ୍ରଭୁଙ୍କୁ





ମନ୍ଦିରକୁ ବାହୁଡ଼ାଇ ଆଣୁଥିବା ବେଳେ ବିପର୍ଯ୍ୟସ୍ତ ରାସ୍ତା ଯୋଗୁଁ ବାଟରେ ରଥର ଚକ କାଦୁଅରେ ଦବିଯିବା ସହ ଭାଙ୍ଗି ଯାଇଥିଲା। ଫଳରେ ରଥ ଆଉ ଆଗକୁ ବଢ଼ି ପାରିନଥିଲା। ତେଣୁ, ଅନ୍ୟୋନପାୟ ହୋଇ ଭକ୍ତମାନେ ମହାପ୍ରଭୁଙ୍କୁ କାନ୍ଧେଇ କାନ୍ଧେଇ ମନ୍ଦିରକୁ ଆଣିଥିଲେ। ଏହି ଘଟଣାରୁ, ଖଣି ଅଞ୍ଚଳର ରାସ୍ତାଘାଟ ଅବସ୍ଥା କିପରି ତାହା ସ୍ପଷ୍ଟ ବାରି ହୋଇପଡୁଛି। ରାସ୍ତାର ରକ୍ଷଣାବେକ୍ଷଣ ପ୍ରତି କାହାର ଉତ୍ତରଦାୟିତ୍ୱ ନଥିଲା ପରି ମନେ ହେଉଛି। ରାସ୍ତାଟିର ଏଭଳି ଅବସ୍ଥା ଦେଖି ଲୋକେ ଦୁଃଖ ବ୍ୟକ୍ତ କରୁଥିବା ବେଳେ ଆଉ କେତେ ଦିନ ରାସ୍ତା ଅବସ୍ଥା ରହିବ ବୋଲି ପ୍ରଶ୍ନ ହେଉଛି।

# ଅନିଶ୍ଚିତତାରେ ପୁରୀ ଅନ୍ତର୍ଜାତୀୟ ବିମାନବନ୍ଦର

## କେନ୍ଦ୍ରର କଠୋର ସର୍ତ୍ତ ପରେ ରାଜ୍ୟରେ ଉଦ୍‌ବେଗ

ଭୁବନେଶ୍ୱର,୫।୭(ସମିସ): ପୁରୀରେ ବହୁପ୍ରତୀକ୍ଷିତ ବିମାନ ବନ୍ଦର ପ୍ରତିଷ୍ଠା ନେଇ କେନ୍ଦ୍ର ପରିବେଶ ମନ୍ତ୍ରାଳୟର ପରାମର୍ଶଦାତା କମିଟି କଠୋର ସର୍ତ୍ତ ରଖିବା ପରେ ଏହାକୁ ନେଇ ଅନିଶ୍ଚିତତା ଦେଖାଦେଇଛି। ପୁରୀକୁ ଗ୍ରୀନଫିଲ୍ଡ ବିମାନ ବନ୍ଦର ବାବେ ଗଢ଼ିତୋଳିବା ପାଇଁ ଗତ ମେ ୬ ତାରିଖରୁ କେନ୍ଦ୍ର ସରକାର ନୀତିଗତ ଅନୁମୋଦନ ଦେଇଥିଲେ ହେଁ ପରିବେଶ ମନ୍ତ୍ରାଳୟ ଏଥିରେ କେଁ ପୂରାଇଛି। ଫଳରେ ବିମାନ ବନ୍ଦରର ଭାଗ୍ୟକୁ ନେଇ ଅନିଶ୍ଚିତତା ଦେଖା ଦେଇଥିବା ବେଳେ ଉଭୟ ସରକାରଙ୍କୁ ଘେରିଛନ୍ତି ବିରୋଧୀ ଦଳ। ବିଜେଡି ଉଦବେଗ ପ୍ରକାଶ କରିଥିବା ବେଳେ ରାଜ୍ୟ ସରକାର ପ୍ରଥମ ପର୍ଯ୍ୟାୟ ମଞ୍ଜୁରୀ ଖୁବଶୀଘ୍ର ମିଳିଯିବ ବୋଲି ଆଶା ପ୍ରକଟ କରିଛନ୍ତି।

ସୂଚନାଯୋଗ୍ୟ ଯେ ଗତ ମାସ ୨୪ ତାରିଖରେ କେନ୍ଦ୍ର ପରିବେଶ ମନ୍ତ୍ରାଳୟର ପରାମର୍ଶଦାତା କମିଟି ବୈଠକ ହୋଇଥିଲା। ଏଥିରେ ପ୍ରସ୍ତାବିତ ପ୍ରକଳ୍ପ କାର୍ଯ୍ୟକାରୀ ହେଲେ ପୁରୀ ଉପକୂଳ, ବନ୍ୟପ୍ରାଣୀ, ଜୈବବିବିଧତା ଏବଂ ପ୍ରାକୃତିକ ପରିବେଶ ଗଭୀର ଭାବେ ପ୍ରଭାବିତ ହେବ ବୋଲି କମିଟି ସଦସ୍ୟ ଉଦବେଗ ପ୍ରକାଶ କରିଥିଲେ। ଏନେଇ ସେମାନେ ରାଜ୍ୟ ସରକାରଙ୍କଠାରୁ କିଛି ନିର୍ଦ୍ଦିଷ୍ଟ ଅତିରିକ୍ତ ସୂଚନା ମାଗିଥିବା ଜଣାପଡ଼ିଛି।

ବିଜେଡିର ବରିଷ୍ଠ ବିଧାୟକ କ୍ୟାପ୍ଟେନ ଦିବ୍ୟଶଙ୍କର ମିଶ୍ର କହିଛନ୍ତି ଯେ ପୁରୀରେ ବିମାନବନ୍ଦର ହେବା ଅତ୍ୟନ୍ତ ଜରୁରୀ ଅଟେ। କଳାହାଣ୍ଡିରେ ଉତ୍କେଳା ଏୟାରପୋର୍ଟ ହେବା ପରେ ଗୋଟେ ଅଞ୍ଚଳର ପରିଭାଷା ବଦଳି ଗଲା। ପୁରୀରେ ଅନ୍ତର୍ଜାତୀୟ ବିମାନବନ୍ଦର ହେଲେ ପୂରା ବିଶ୍ୱରୁ ଲୋକେ ପୁରୀରେ ସହଜରେ ପହଞ୍ଚିବାକୁ ଥିବାବେଳେ ଆମର ପରମ୍ପରା ବିଶ୍ୱବ୍ୟାପୀ ହେବ।

■ ଆଲୋଚନା ମାଧ୍ୟମରେ ସମାଧାନ କରନ୍ତୁ ସରକାର: ବିଜେଡି
■ ବିଜେପିର ଦୃଢ଼ୋକ୍ତି, ଡବଲ ଇଞ୍ଜିନ ସରକାରରେ କିଛି ବାଧକ ସାଜିବ ନାହିଁ

ଓଡ଼ିଶାର ମାନଚିତ୍ର ପୂରା ବିଶ୍ୱରେ ପ୍ରକାଶିତ ହେବ। ପ୍ରକଳ୍ପ କାର୍ଯ୍ୟନ୍ୱୟନରେ ଯାହା ବାଧା ଆସୁଛି ସେ ବିଷୟରେ ଆମେ କେନ୍ଦ୍ର ସରକାରଙ୍କ ସହ ଆଲୋଚନା କରି ସମାଧାନର ବାଟ ବାହାର କରିବା ଉଚିତ। ଅନେକ ଅନ୍ତର୍ଜାତୀୟ ବିମାନବନ୍ଦର ସମୁଦ୍ର କୂଳରେ ହୋଇଛି ଆଉ କିଛି ସମୁଦ୍ର ଭିତରେ ହୋଇଛି। କେନ୍ଦ୍ର ଯଦି ପୁରୀରେ ବିମାନବନ୍ଦର ନ କରିବ ଏବଂ ଜଗନ୍ନାଥ ସଂସ୍କୃତିର ବିକାଶରେ ପ୍ରତିବନ୍ଧକ ହେବ ସେ ସରକାରର ପତନ ହେବ ବୋଲି ସେ ଚେତାବନୀ ଦେଇଛନ୍ତି। ସେପଟେ ପିସିସି ସଭାପତି ଭକ୍ତଚରଣ ଦାସ କହିଛନ୍ତି ଯେ କେନ୍ଦ୍ରର ଡବଲ ଇଞ୍ଜିନ ସରକାର ଓଡ଼ିଶାକୁ ଡବଲ ଧକ୍କା ଦେଇଛି। ସବୁ କ୍ଷେତ୍ରରେ ଓଡ଼ିଶାକୁ ଲୁଟିଛନ୍ତି।

ଅନ୍ୟପକ୍ଷରେ ସରକାରୀ ଦଳ ଉପମୁଖ୍ୟ ସଚେତକ ଗୋବିନ୍ଦ ଦାସ କହିଛନ୍ତି ପୁରୀରେ ସାଢେ ଚାରି କୋଟି ଓଡିଆଙ୍କ ଦେବତା ଅଛନ୍ତି। ପୁରୀରେ ଏୟାର ପୋର୍ଟ ହେବ। କେନ୍ଦ୍ର ସରକାର ପାଖରେ ନିଶ୍ଚିତ ଭାବରେ ଆମେ ଦାବି ରଖିବୁ। ବିମାନ ବନ୍ଦର ପ୍ରତିଷ୍ଠା ଦିଗରେ ଯାହା ବାଧକ ସାଜୁଛି ରାଜ୍ୟ ସରକାର କେନ୍ଦ୍ର ସରକାରଙ୍କ ସହ ବସି ଆଲୋଚନା କରିବେ। ଆମର ଡବଲ ଇଞ୍ଜିନ ସରକାର ଅଛି। କୌଣସି ଜିନିଷରେ ବାଧକ ସାଜିବ ନାହିଁ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

ସୂଚନାଯୋଗ୍ୟ ଯେ ପରିବେଶ ମନ୍ତ୍ରଣାଳୟର ଜଙ୍ଗଲ ପରାମର୍ଶଦାତା କମିଟି ଓଡ଼ିଶାର ପୁରୀରେ ପ୍ରସ୍ତାବିତ ଅନ୍ତର୍ଜାତୀୟ ବିମାନବନ୍ଦର ପାଇଁ ମଞ୍ଜୁରୀକୁ ସ୍ଥଗିତ ରଖିଛି। ଏହା ଅଲିଭ୍ ରିଡଲେ କଇଁଛ, ଡଲଫିନ୍ ଏବଂ ପ୍ରବାସୀ ପକ୍ଷୀଙ୍କ ପାଇଁ ସମ୍ଭାବ୍ୟ କ୍ଷତି ଏବଂ ଉପକୂଳକୁ ବାତ୍ୟା ଠାରୁ ସୁରକ୍ଷା ଦେଉଥିବା ୧୩,୦୦୦ ଗଛ ନଷ୍ଟ ହେବାର ପ୍ରଭାବ ବିଷୟରେ ଏହାର ଆଞ୍ଚଳିକ କାର୍ଯ୍ୟାଳୟର ଚିନ୍ତାକୁ ଉଦ୍ଧୃତ କରିଛି।



ସକାଳ
THE SAKALA



# ତୃତୀୟ ଶ୍ରୀକ୍ଷେତ୍ର ନୀଳଗିରି; ଜନ୍ମବେଦୀରୁ ବାହୁଡ଼ିଲେ ଚତୁର୍ଦ୍ଧାମୂର୍ତ୍ତି

ନୀଳଗିରି, ୫।୭ (ସମିସ)



ନୀଳଗିରି ତୃତୀୟ ଶ୍ରୀକ୍ଷେତ୍ର ଶ୍ରୀଗୁଣ୍ଡିଚା ମନ୍ଦିର ଜନ୍ମବେଦୀରେ ଲୀଳାଖେଳା ସାରିବା ପରେ ବାହୁଡ଼ିଛନ୍ତି ଚତୁର୍ଦ୍ଧାମୂର୍ତ୍ତି। ଶନିବାର ଅପରାହ୍ନରେ ପ୍ରଥମେ ଚକ୍ରରାଜ ସୁଦର୍ଶନ, ବଡ଼ଠାକୁର ବଳଭଦ୍ର, ଏହାପରେ ଦେବୀ ସୁଭଦ୍ରା ଓ ଶେଷରେ ପ୍ରଭୁ ଜଗନ୍ନାଥଙ୍କ ପହଣ୍ଡି ହୋଇ ରଥାରୂଢ଼ ହୋଇଥିଲେ। ପରେ ରାମକୃଷ୍ଣ ମୋଦନ ଆସିଥିଲେ। ନୀଳଗିରିର ଆଦିସେବକ ରାଜା ଜୟନ୍ତ ଚନ୍ଦ୍ର ମର୍ଦ୍ଦରାଜ ହରିଚନ୍ଦନ ଛେରା ପହଁରା କରିଥିବା ବେଳେ ପଣ୍ଡା ପଡ଼ିଆରୀ ରଥାରୂଢ଼ କରାଇ ଥିଲେ ଚତୁର୍ଦ୍ଧା ମୂର୍ତ୍ତିଙ୍କୁ। ପହଣ୍ଡି ସମୟରେ ନାମ ସଂକୀର୍ତ୍ତନ, ଶଙ୍ଖ, ମହୁରୀ, ଘଣ୍ଟବାଦ୍ୟରେ ଗୁଣ୍ଡିଚା ମନ୍ଦିର ନିକଟରେ ପ୍ରକମ୍ପିତ ହୋଇଥିବା ବେଳେ ସେଠାରେ ଲୋକାରଣ୍ୟ ହୋଇ ପଡ଼ିଥିଲା। ଏହି ବାହୁଡା ପହଣ୍ଡି ଯାତ୍ରାରେ ବାଲେଶ୍ୱର ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ, ଆଇ.ଏ.ସ୍. ପ୍ରବେସନର ଭଗତକଲ୍ୟାଣ ରାଓ, ସମେତ ନୀଳଗିରିର ବିଧାୟକ ସନ୍ତୋଷ ଖଟୁଆ, ନୀଳଗିରି ଉପଜିଲ୍ଲାପାଳ ଡ. ମଧୁସ୍ମିତା ସାମନ୍ତରାୟ, ତହସିଲଦାର ସୋନମ୍ ଦାସ, ସାଂସଦଙ୍କ ବ୍ୟକ୍ତିଗତ ସହାୟକ ଚନ୍ଦ୍ରବିନ୍ଦୁ ଦାସ, ଏନଏସି ନିର୍ବାହୀ ଅଧିକାରୀ ଅଂଶୁମାନ ପରିଡା, ଆଇଆଇସି ଗୋବର୍ଦ୍ଧନ ନାୟକ ପ୍ରମୁଖ ଉପସ୍ଥିତ ଥିଲେ। ବହୁ ସଂଖ୍ୟାରେ ଲୋକ ସ୍ଥାନୀୟ କେସି ହାଇସ୍କୁଲ ପଡ଼ିଆରେ ଚାଲିଥିବା ପ୍ରଦର୍ଶନୀ ମେଳାରେ ଦେଖିବାକୁ ମିଳିଥିଲା।

# ମାନ୍ଧାତା ଭକ୍ତି କ୍ଷେତ୍ରରେ ବାହୁଡ଼ାଯାତ୍ରା



କାଳିପଦା : ବାଲିଆପାଳ ବ୍ଲକ ବାଲିକୁଟୀ ପଞ୍ଚାୟତ ମାନ୍ଧାତା ବଜାରସ୍ଥିତ ଭକ୍ତି କ୍ଷେତ୍ରରେ ଶନି ବାର ପବିତ୍ର ବାହୁଡ଼ାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ବାହୁଡା ଯାତ୍ରା ପାଇଁ ଆଜି ପ୍ରତ୍ୟୁଷରୁ ଶ୍ରୀ ଜୀଉ ମାନଙ୍କର ସମସ୍ତ ନୀତିକାନ୍ତି ଅନୁଷ୍ଠିତ ହୋଇଛି। ଅପରାହ୍ନକୁ ଚକ୍ରରାଜ ସୁଦର୍ଶନ, ବଳଭଦ୍ର, ସୁଭଦ୍ରା, ଜଗନ୍ନାଥ ପ୍ରମୁଖ ଚତୁର୍ଦ୍ଧାମୂର୍ତ୍ତିଙ୍କୁ ମାଉସୀ ମନ୍ଦିରରୁ ଗୋଟି ପହଣ୍ଡିରେ ବିଜେ କରି ରଥାରୂଢ଼ କରାଯାଇଥିଲା। ଶ୍ରୀ ଜଗନ୍ନାଥ ଜୀଉ ସେବକ ନିଯୋଗର ସଭାପତି ଗୋପାଳ କୃଷ୍ଣ ପାତ୍ର ତାଳଧ୍ୱଜ, ଦେବ ଦଳନ, ନନ୍ଦିଘୋଷ ଆଦି ତିନି ରଥରେ ଛେରା ପହଁରା କଲା ପରେ ରଥଟଣା ହୋଇଥିଲା। ସନ୍ଧ୍ୟାରେ ତିନି ରଥ ମହାବଳା ମାଉସୀ ବାଡିରୁ ଆସି ମାନ୍ଧାତା ବଜାର ଶ୍ରୀମନ୍ଦିରରେ ପହଞ୍ଚି ଥିଲା। ଏଠାରେ ଦେବଦଳନ ରଥକୁ କେବଳ ମହିଳା ମାନେ ଟାଣି ଥାନ୍ତି। ଜଗନ୍ନାଥ ଜୀଉ ସେବକ ନିଯୋଗର ସମ୍ପାଦକ ସନାତନ ପାତ୍ର, ସରୋଜ ତୋଳା, ବିଜୟ କୁମାର ଦାସ, ସୁକୁମାର ଦାସ, ପଦ୍ମ ଲୋଚନ ଦାସ, ଅଶ୍ୱିନୀ କୁମାର ମଣ୍ଡଳ, ରଜନୀ କୁମାର ବାରିକ, ପରୀକ୍ଷିତ ଆଦକ, ଗଜେନ୍ଦ୍ର ଧଳ, ଅଜୟ କୁମାର ପାତ୍ର, କୃଷ୍ଣାନନ୍ଦ ପାତ୍ର, ପ୍ରଦୀପ କୁମାର ଜେନା, ମନୋରଞ୍ଜନ ସାମଲ, ଦେବେନ୍ଦ୍ର ଗିରି, ବୈକୁଣ୍ଠ ରାଉତ ପ୍ରମୁଖ ଏହାକୁ ପରିଚାଳନା କରିଥିଲେ। ଶାନ୍ତିଶୃଙ୍ଖଳା ରକ୍ଷା ପାଇଁ ବାଲିଆପାଳ ପୁଲିସ୍ ପକ୍ଷରୁ ବ୍ୟାପକ ବନ୍ଦୋବସ୍ତ କରା ଯାଇଥିଲା। ମଧ୍ୟାହ୍ନରେ ପ୍ରସାଦସେବନ ସକାଶେ ଭକ୍ତଙ୍କ ଭିଡ଼ ହୋଇ ଥିଲା। ସମସ୍ତ କାର୍ଯ୍ୟ ଶାନ୍ତି ଶୃଙ୍ଖଳାର ସହିତ ସମ୍ପାଦିତ ହୋଇ ଥିଲା।



# କୃପାକ୍ଷେତ୍ରରେ ବାହୁଡ଼ା ଯାତ୍ରା





ଭୋଗରାଇ: ଭୋଗରାଇ ବ୍ଲକର ବିଭିନ୍ନ ସ୍ଥାନରେ ଆଜି ବାହୁଡ଼ା ଯାତ୍ରା ଶାନ୍ତି ଶୃଙ୍ଖଳାର ସହିତ ସମ୍ପନ୍ନ ହୋଇଛି। ଅନ୍ୟତମ ରସିଦପୁର କୃପାକ୍ଷେତ୍ରସ୍ଥିତ ଶ୍ରୀ ଜଗନ୍ନାଥ ମନ୍ଦିରକୁ ଆଜି ସୁଲତାନପୁରସ୍ଥିତ ଗୁଣ୍ଡିଚାବାଡ଼ିରୁ ମହାପ୍ରଭୁ ଶ୍ରୀ ଜଗନ୍ନାଥ, ବଳଭଦ୍ର, ସୁଭଦ୍ରା ତିନି ରଥରେ ବସି ହଜାର ହଜାର ଭକ୍ତଙ୍କ ଗହଳିରେ ମନ୍ଦିରକୁ ଫେରିଥିଲେ। ଟ୍ରଷ୍ଟ ବୋର୍ଡର ସମ୍ପାଦକ ନଟରଞ୍ଜନ ଘରାଇ, ମୁଖ୍ୟ ସେବାୟତ ଶ୍ରୀକୃଷ୍ଣ ଦାସ, ଅରବିନ୍ଦ କର, ସେବାୟତ ତପନ ଦେ, ଶ୍ରୀନିବାସ ପାତ୍ର, ରତନ ପ୍ରଧାନ, ଭୁବନ ପ୍ରଧାନ ପ୍ରମୁଖ ସେବାୟତ ମାନେ ରଥଯାତ୍ରା ପରିଚାଳନା କରିଥିଲେ। ମୁଣ୍ଡମାରୀ କଣ୍ଡାଳିଆରେ ବାହୁଡ଼ା ଯାତ୍ରା ସମ୍ପନ୍ନ କଣ୍ଡାଳିଆ ଦାସ ଭବନ ମାଉସୀ ମା' ମନ୍ଦିରରୁ ବଡଭାଇ ବଳଭଦ୍ର, ଭୋଉଣି ସୁଭଦ୍ରା, ପ୍ରଭୁ ଜଗନ୍ନାଥ ଙ୍କୁ ସେବକ ମାନେ ପହଣ୍ଡି କରି କରିଥିଲେ ଏହି ପହଣ୍ଡିରେ ଘଣ୍ଟ, ଘଣ୍ଟା ମୃଦଙ୍ଗ, ଓ ଓଡ଼ିଶା ଭାଷା ସାହିତ୍ୟ ସଂସ୍କୃତି ବିଭାଗ ପକ୍ଷରୁ ନୃତ୍ୟ ଶିଳ୍ପୀମାନେ ଓଡ଼ିଶୀ ନୃତ୍ୟ ପ୍ରଦର୍ଶନ କରି ନହରା ଛକ ପର୍ଯ୍ୟନ୍ତ ଯାଇଥିଲେ। ମହାର ଛକରେ ତିନି ଠାକୁରଙ୍କୁ ରଥା ରୁଢ କରାଯାଇଥିଲା ରଥା ରୁଢ ହେବା ପରେ ଭକ୍ତମାନେ ଟାଣି ଟାଣି ମୁଣ୍ଡମାରୀ ଶ୍ରୀମନ୍ଦିରକୁ ନେଇ ଯାଇଥିଲେ। ରଥ କମିଟିର ସାଭାପତି ଙ୍କ ତତ୍ୱାବଧାନରେ ଏହି ରଥଯାତ୍ରା ବେସ ସୁରୁଖୁରୁରେ ହେଇଥିଲା। ଶ୍ରୀମନ୍ଦିର ସେବକ ଶୁବଲ ଚରଣ ଦାସ, ଜଗନ୍ନାଥ ଦାସ, ରଥ କମିଟିର ସେକ୍ରେଟାରୀ ରମେଶ ଚନ୍ଦ୍ର ଦେ, ସଂଜୟ କୁମାର ସିଂ, ଶୁଶାନ୍ତ ଘୋଷ, ପଞ୍ଚାନନ ଦାସ, ହେମନ୍ତ ଘୋଷ ଏବଂ ବହୁ ସଦସ୍ୟ ଙ୍କ ତତ୍ୱାବଧାନରେ ରଥ ଟଣା ଏବଂ ବାହୁଡ଼ା ଯାତ୍ରା ସୁରୁଖୁରୁରେ ସମାପନ ହେଇଥିଲା।

# ବିଚିତ୍ରପୁରରେ ବାହୁଡ଼ା ଯାତ୍ରା ସମ୍ପନ୍ନ

ଚନ୍ଦନେଶ୍ୱ : ଭୋଗରାଇ ବ୍ଲକ କାନ୍ଥଭଉଁରୀ ପଞ୍ଚାୟତଅଧୀନବିଚିତ୍ରପୁରରେଜୟଜଗନ୍ନାଥ ଯୁବକ ସଙ୍ଘ ପକ୍ଷରୁ ରଥଯାତ୍ରା ଠାରୁ ଆରମ୍ଭ ହୋଇ ବାହୁଡା ଯାତ୍ରା ପର୍ଯ୍ୟନ୍ତ ୯ ଦିନ ବ୍ୟାପୀ ଏକ ବିରାଟ ମେଳାର ଆୟୋଜନ ହୋଇଥିଲା। ବିଭିନ୍ନ ପ୍ରକାର ରଙ୍ଗ ବେରଙ୍ଗର ବୈଦ୍ୟୁତିକ ଆଲୋକ ମାଳା, ଦୋକାନ ବଜାର ସହିତ ହଜାର ହଜାର ଲୋକଙ୍କ ସମାଗମରେ ଏହି ମେଳା ଅଧିକ ଆକର୍ଷଣୀୟ ହେବା ସହିତ ଚଳଚଞ୍ଚଳ ହୋଇଉଠିଥିଲା। ପ୍ରତ୍ୟେକ ଦିନ ସନ୍ଧ୍ୟାରେ ଭଜନ କୀର୍ତ୍ତନ ସାଙ୍ଗକୁ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି ଯୁବକ ସଙ୍ଘର କର୍ମକର୍ତ୍ତା ଓ ଗ୍ରାମବାସୀଙ୍କ ଅକୁଣ୍ଠ ସାହାଯ୍ୟ ତଥା ସହଯୋଗରେ ୨୦୧୦ ମସିହା ଠାରୁ ଚଳିତ ବର୍ଷ ବହୁ ଆଡମ୍ବରପୂର୍ଣ୍ଣ ଭାବରେ ଶେଷ ହୋଇଛି। ଜୟଜଗନ୍ନାଥ ଯୁବକ ସଙ୍ଘର ସଭାପତି ସୁକୁମାର ଦାସ, ସମ୍ପାଦକ ମନୋଜ ସାହୁ, ସୁମନ୍ତ ଭୂୟାଁ, ପ୍ରମୋଦ ଭୂୟାଁ, ସତ୍ୟ କୁମାର ସାମଲ, ଚନ୍ଦନ ଭୂୟାଁ, ରତନ କୁମାର ନାୟକ, ପଲଟୁ ଦାସ, ହାବୁ ଗାରୁ, ବିଜୟ ଗାରୁ, ଶଶିକାନ୍ତ ବେହେରା, ଭାଗିରଥ ଦାସ, ଜଗନ୍ନାଥ ସାହୁ, ଦୀପକ ଭୂୟାଁ, ରାଜୀବ ଜେନା, ରାମଚନ୍ଦ୍ର ସାହୁ, କାଳିଚରଣ ଦଳାଇ, ଜଗନ୍ନାଥ ବେହେରା, ଶଶିକାନ୍ତ ଦଳାଇ, ରାଜକିଶୋର ମାହାଳି, ଦେବାଶିଷ ଭୂୟାଁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ନୀଳଗିରି ବିଧାୟକଙ୍କ ବିବାଦୀୟ ବୟାନକୁ ନିନ୍ଦା କଲେ ସାଂସଦ ପ୍ରତାପ

# ମହିଳା ବିରୋଧୀ ମନ୍ତବ୍ୟ ଦେଇ ଦଳରେ ସନ୍ତୋଷ ଏକଘରକିଆ



ବାଲେଶ୍ୱର, ୫।୭ (ସମିସ): ନୀଳଗିରି ବିଧାୟକ ସନ୍ତୋଷ ଖଟୁଆ ବିଜେଡି ସାଂସଦ ପ୍ରାର୍ଥିନୀ ତଥା ବରିଷ୍ଠ ନେତ୍ରୀ ଲେଖାଶ୍ରୀ ସାମନ୍ତସିଂହାରଙ୍କୁ ବ୍ୟକ୍ତିଗତ ଆକ୍ଷେପକୁ ସାରା ରାଜ୍ୟରେ ମହିଳାମାନଙ୍କ ମଧ୍ୟରେ ତୀବ୍ର ଆକ୍ରୋଶ ଥିବାବେଳେ ବିଜେପି ଏବେ ଆତ୍ମରକ୍ଷା ମୋଡ଼ରେ ଅଛି। ଆଜି ଖୋଦ ବିଜେପି ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ମଧ୍ୟ ବିଧାୟକ ଖଟୁଆଙ୍କ ହାତ ଛାଡ଼ି ଦେଇଛନ୍ତି। ନିର୍ବାଚନ ସମୟରେ ସନ୍ତୋଷ ନିଜର ଗୁରୁ ବୋଲି ଆଖ୍ୟା କରି ପ୍ରତାପଙ୍କୁ ଭୁରି ପ୍ରଶଂସା କରି ନିର୍ବାଚନ ବୈତରଣୀ ପାର ହୋଇଥିଲେ। କିନ୍ତୁ ଶିଷ୍ୟ ସନ୍ତୋଷ ବିଧାୟକ ହେବା ପରେ ନିଜ ପଦ ମର୍ଯ୍ୟାଦାକୁ ଭୁଲି ଜଣେ ମହିଳା ନେତ୍ରୀଙ୍କ ଚରିତ୍ର ସଂହାର କରିବା ସହ ମହିଳାଙ୍କ ପ୍ରତି ରହିଥିବା ଶୂନ୍ୟ ସମ୍ବେଦନଶୀଳତାକୁ ଦର୍ଶାଉଛି।

ସୂଚନାଯୋଗ୍ୟ, ଆଜି ବିଧାୟକ ସନ୍ତୋଷ ଖଟୁଆଙ୍କ ବିବାଦୀୟ ବୟାନ ନେଇ ବାଲେଶ୍ୱର ବିଜେପି ସାଂସଦ ପ୍ରତାପ ଚନ୍ଦ୍ର ଷଡଙ୍ଗୀ ନିନ୍ଦା କରିଛନ୍ତି। ତାଙ୍କ ଦଳ ଏହାକୁ ପ୍ରଶ୍ରୟ ଦେଉନାହିଁ ବୋଲି ସେ କହିବା ପରେ ଘୋର ନିନ୍ଦା କରୁଛି ବୋଲି କହିଛନ୍ତି। ରାଜନୀତିରେ କେହି କାହାକୁ ଏମିତି ମନ୍ତବ୍ୟ ଦେବା କଥା ନୁହେଁ, ଏହା ତାଙ୍କର ବ୍ୟକ୍ତିଗତ ମତ, ମହିଳାମାନଙ୍କୁ ଉଚିତ୍ ସମ୍ମାନ ଦେବା ଉଚିତ୍ ବୋଲି କହିଛନ୍ତି ବାଲେଶ୍ୱର ସାଂସଦ ପ୍ରତାପ ଚନ୍ଦ୍ର ଷଡଙ୍ଗୀ। ପ୍ରତାପଙ୍କ ଏଭଳି ବୟାନ ପରେ ଦଳରେ ବିଧାୟକ ଶ୍ରୀ ଖଟୁଆ ପୁରା ଏକଘରକିଆ ହୋଇ ଯାଇଛନ୍ତି ବୋଲି ରାଜନୈତିକ ମହଲରେ ଚର୍ଚ୍ଚା ହେଉଛି।

# ୭୬ ତମ ବନ ମହୋତ୍ସବ ସପ୍ତାହ ପାଳିତ




ବାଲେଶ୍ୱର(ଉତ୍ତର)/ ଭୋଗରାଇ, ୫।୭ (ସମିସ) : ସମଗ୍ର ବିଶ୍ୱରେ ଦ୍ରୁତ ଶିଳ୍ପାୟନ ତଥା ବିଭିନ୍ନ କାରଣରୁ ଜଳବାୟୁର ପରିବର୍ତ୍ତନ ଘଟୁଛି। ଜଙ୍ଗଲ କ୍ଷୟ ଯୋଗୁଁ ବନ୍ୟପ୍ରାଣୀ ମାନେ ଜନପଦ ଆଡ଼କୁ ମାଡ଼ି ଆସି ବ୍ୟାପକ କ୍ଷତି ଘଟାଉଛନ୍ତି। ପ୍ରାକୃତିକ ସୌନ୍ଦର୍ଯ୍ୟ ଭରା ପୃଥିବୀରେ ପ୍ରାକୃତିକ ବିପର୍ଯ୍ୟୟ ଲାଗିରହୁଛି। ତେଣୁ ଅଧିକରୁ ଅଧିକ ବୃକ୍ଷ ରୋପଣ କରି ପରିବେଶକୁ ସନ୍ତୁଳିତ କରିବାର ଆବଶ୍ୟକତା ଅଛି ବୋଲି ଆଜି ଭୋଗରାଇ ବ୍ଲକ ଜଳେଶ୍ୱରପୁର ସରକାରୀ ଉଚ୍ଚ ବିଦ୍ୟାଳୟରେ ଆୟୋଜିତ ୭୬ ତମ ବନ ମହୋତ୍ସବ ସପ୍ତାହ ଓ ବୃକ୍ଷରୋପଣ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଭୋଗରାଇ ବିଧାୟକ ଗୌତମବୁଦ୍ଧ ଦାସ କହିଛନ୍ତି। ଜଙ୍ଗଲ ଓ ପରିବେଶ ବିଭାଗ ଆନୁକୂଲ୍ୟରେ ତଥା ଜଳେଶ୍ୱର ବନ୍ୟାଞ୍ଚଳ ବନଖଣ୍ଡ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ସହକାରୀ ବନ ସଂରକ୍ଷକ ଜୟଶ୍ରୀ ମୁର୍ମୁ ପୌରହିତ୍ୟ କରିଥିଲେ। ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ଅବସରପ୍ରାପ୍ତ ମୁଖ୍ୟ ବନ ସଂରକ୍ଷକ ଡ଼ଃ ଦେବବ୍ରତ ସ୍ୱାଇଁ ଯୋଗ ଦେଇ ବୃକ୍ଷ ଆମ ବାପା ମାଆ ଏବଂ ଗଛ ପାଇଁ ଆମର ଜୀବନତେଣୁ ଛାତ୍ରଛାତ୍ରୀ ମାନଙ୍କୁ ମାଆ, ବାପାଙ୍କ ଉଦ୍ଦେଶ୍ୟରେ ଗୋଟିଏ ଗୋଟିଏ ଗଛ ଲଗାଇବା ପାଇଁ ପରାମର୍ଶ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଉକ୍ତ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସନ୍ତୋଷ କୁମାର ଦତ୍ତ, ଜଳେଶ୍ୱରପୁର ସରପଞ୍ଚ ବିରୂପାକ୍ଷ ଜେନା, ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ଦୀପକ କୁମାର ଗାରୁ ଯୋଗ ଦେଇ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ସମ୍ପର୍କିତ ସବୁଜ ବନାନୀର ଉପକାରିତା ସମ୍ପର୍କରେ ମତ ପ୍ରକାଶ କରିଥିଲେ। ଉଦୟପୁର ବନପାଳ ସଂଜୟକୁମାର ମହାନ୍ତି କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ। ପରେ ବିଦ୍ୟାଳୟର ଖେଳପଡିଆ ପାଶ୍ୱର୍ରେ ଅତିଥିମାନଙ୍କ ଦ୍ୱାରା ବୃକ୍ଷ ରୋପଣ କରାଯାଇଥିଲା। କାର୍ଯ୍ୟକ୍ରମକୁ ବନରକ୍ଷୀ ପ୍ରମିଳା ସେଣ ଓ ଲିପିକା ପାଣିଗ୍ରାହୀ ସହିତ ସବୁଜ ବାହୀନିର ଶୁଭାଶିଷ ସୁର, ରାଜୀବ ଜେନା ଓ ହରିଶଙ୍କର ସାହୁ ସହଯୋଗ କରିଥିଲେ।



# ବାହୁଡାଯାତ୍ରା ଅବସରରେ ଚାରା ବଣ୍ଟନ



ଚନ୍ଦନେଶ୍ୱର, ୫।୭ (ସମିସ): ପବିତ୍ର ବାହୁଡାଯାତ୍ରା ଅବସରରେ ଚନ୍ଦନେଶ୍ୱରରେ ମହାସମାରୋହରେ ପାଳିତ ହୋଇଯାଇଛି। ଚନ୍ଦନେଶ୍ୱର, ଗାଜିପୁର ସମେତ ବିଭିନ୍ନ ଗ୍ରାମରୁ ଛୋଟ ଓ ବଡ଼ ରଥ ଚନ୍ଦନେଶ୍ୱରରେ ପହଂଚିଥିଲେ। ରଥାରୂଢ଼ ଚତୁର୍ଦ୍ଧା ମୂର୍ତ୍ତିଙ୍କୁ ଦର୍ଶନ କରିବା ପାଇଁ ଭକ୍ତଙ୍କ ପ୍ରବଳ ସମାଗମ ହୋଇଥିଲା। ଚତୁର୍ଦ୍ଧା ମୂର୍ତ୍ତିଙ୍କୁ ଏକ ବିଶାଳ ଶୋଭାଯାତ୍ରାରେ ମୌରସି ତପନ କୁମାର ପଣ୍ଡା, ଉପମୌରସି ବୁଦ୍ଧଦେବ ପଣ୍ଡା, ସୁଶୀଲ କୁମାର ପଣ୍ଡା, ମୃତ୍ୟୁଞ୍ଜୟ ପଣ୍ଡା, ସପନ କୁମାର ପଣ୍ଡା, ଇନ୍ଦୁଭୂଷଣ ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ। ସେହିଭଳି ଭୋଗରାଇ ସେବା ସଙ୍ଗମ ଫାଉଣ୍ଡେସନ ତରଫରୁ ୧୫ ଶହ ବିଭିନ୍ନ କିସମର ଚାରା ଲୋକମାନଙ୍କୁ ବଣ୍ଟନ କରାଯାଇଥିଲା। କାର୍ଯ୍ୟକ୍ରମକୁ ତାଳସାରୀ ମେରାଇନ ଥାନା ଅଧିକାରିଣୀ ଚମ୍ପାବତୀ ସୋରେନ ଉଦ୍‌ଘାଟନ କରିଥିଲେ।

# ଆଶାକର୍ମୀଙ୍କ ଅକାଳ ବିୟୋଗ

ଭୋଗରାଇ, ୫।୭ (ସମିସ): ଭୋଗରାଇ ବ୍ଲକ ଅନ୍ତର୍ଗତ ଆରୁହାବୃତ୍ତି ଗ୍ରାମପଞ୍ଚାୟତ ଅଧିନ ବାରବାଟିଆ ଗ୍ରାମର କାର୍ଯ୍ୟରତ ଆଶା କର୍ମୀ ହରିପ୍ରିୟା ଜେନା (୪୫) ଙ୍କ ଅକାଳ ବିୟୋଗ ଘଟିଛି। ପେଟ ଯନ୍ତ୍ରଣା ଯୋଗୁ ତାଙ୍କୁ ବାଲେଶ୍ୱର ଓ ପରବର୍ତ୍ତୀ ସମୟରେ ଭୁବନେଶ୍ୱରସ୍ଥିତ ଏମ୍‌ସରେ ଭର୍ତ୍ତି କରାଯାଇଥିଲା। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଗତ ଶୁକ୍ରବାର ହରିପ୍ରିୟାଙ୍କ ମୃତ୍ୟୁ ଘଟିଛି। ୨୦୦୭ ମସିହାରୁ ସେ ଆଶା କର୍ମୀ ଭାବେ କାର୍ଯ୍ୟ କରି ଆସୁଥିଲେ। ମୃତଶରୀର ଆଜି ପୈତୃକ ଗ୍ରାମରେ ପହଞ୍ଚିବାପରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ତାଙ୍କୁ ଶେଷ ଦର୍ଶନ ପାଇଁ ଶହଶହ ଗ୍ରାମବାସୀଙ୍କ ସହିତ ଆରୁହାବୃତ୍ତି ପଞ୍ଚାୟତ ,ଖରିଦ ପିପଳ ପଞ୍ଚାୟତର ସମସ୍ତ ଆଶା କର୍ମୀ, ଅଙ୍ଗନବାଡି କର୍ମୀ,ଡାକ୍ତର କମଳାକାନ୍ତ ଜେନା, ଦହମୁଣ୍ଡା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରର ଡାକ୍ତର ଲଲାଟେନ୍ଦୁ ଦାସ, କବି ପ୍ରସାଦ ସାହୁ, ଶିବଶଙ୍କର ଦେ, ଶୀବାଜୀ ନାୟକ, ପ୍ରିୟଙ୍କା ଜେନା ଶ୍ରଦ୍ଧା ସୁମନ ଅର୍ପଣ କରିଥିଲେ। ଭୋଗରାଇ ବିଧାୟକ ଗୌତମବୁଦ୍ଧ ଦାସ, କଂଗ୍ରେସ ନେତା ସତ୍ୟଶିବ ଦାସ, ପଞ୍ଚାୟତ ସମିତି ଅଧ୍ୟକ୍ଷ ପ୍ରବୀର କୁମାର ଗିରି, ଉପାଧ୍ୟକ୍ଷା ମିନାରାଣୀ ସାସମଲ, ଆରୁହାବୃତ୍ତି ପଞ୍ଚାୟତ ସରପଞ୍ଚ ଗୀତାରାଣୀ ଜେନା, ସମିତି ସଭ୍ୟା ଅଞ୍ଜଳୀ ଜେନା, ଖରିଦପିପଳ ସରପଞ୍ଚ ମଞ୍ଜୁରାଣୀ ବେହେରା, ସମିତି ସଦସ୍ୟା ବିନତୀ ସାହୁ, ଶୋକ ପ୍ରକାଶ କରିଛନ୍ତି। ଗ୍ରାମ ଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ସାନପୁତ୍ର ଦିପକ ମୁଖାଗ୍ନି ଦେଇଥିଲେ।

# ମହରମ ପାଇଁ ସହରରେ ପୁଲିସର ରୋଡ୍ ମାର୍ଚ୍ଚ



ବାଲେଶ୍ୱର, ୫।୭ (ସମିସ): ଆସନ୍ତା ସୋମବାର ଅନୁଷ୍ଠିତ ହେବ ପବିତ୍ର ମହରମ। ଏହି ପର୍ବକୁ ସଠିକ ଭାବେ ପରିଚାଳନା କରିବା ପାଇଁ ପୁଲିସ ପକ୍ଷରୁ ବ୍ୟାପକ ପ୍ରସ୍ତୁତି ହୋଇଛି। ଏହି ଅବସରରେ ଆଜି ପୁଲିସ ପକ୍ଷରୁ ରୋଡ ମାର୍ଚ୍ଚ କରାଯାଇଛି। ବିଶେଷ କରି ଏହି ମୁସଲମାନ ସମ୍ପ୍ରଦାୟ ପକ୍ଷରୁ ତାଜିଆ ଟାଉନଥାନା ପାଖରୁ ବାହାରି ଆର୍ତ୍ତକବିରାଜ ରୋଡ, ଗଡଗଡିଆ, ଗୋଳାପୋଖରୀ, ପରମିଟ ଘାଟ, ବଡଖୁଆ, ବଳାଙ୍ଗୀ କଲେଜ, ପାତ୍ରପଡା ଛକ, ଭୂଜାଖିଆ ପୀର, ହେମକାପଦା ଛକ, ଆଇଟିଆଇ ଛକ, ଫକୀରମୋହନ ଗୋଲେଇ, ସହଦେବଖୁଂଟା ବସ ଷ୍ଟାଣ୍ଡ, ଅରଡବଜାର, ଗୋଳାପୋଲ, ଦରଜୀ ପୋଖରୀ, ସିନେମାଛକ, ଟାଉନହଲଛକ, ସୁଏଲପୁର, ମଣ୍ଡଳବଜାର ହୋଇ ଦରଘା ମଇଦାନରେ ଶେଷ ହେବ। ଏଣୁ ଏହି ସ୍ଥାନଗୁଡିକରେ ଆଜି ପୁଲିସ ବିଭାଗ ପକ୍ଷରୁ ରୋଡ ମାର୍ଚ୍ଚ କରାଯାଇଛି। ଏହି ରୋଡ ମାର୍ଚ୍ଚରେ ଅତିରିକ୍ତ ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ଦିବ୍ୟଜ୍ୟୋତି ଦାସମହାପାତ୍ର, ନିରଞ୍ଜନ ବେହେରାଙ୍କ ସମେତ ସଦର ଏସଡିପିଓ ଶୁଭ୍ରାଂଶୁ ଶେଖର ପାୟକ, ଟାଉନଥାନା ଅଧିକାରୀ ବିଜୟ କୁମାର ଦାସ, ସହଦେବଖୁଣ୍ଟା ଥାନା ଅଧିକାରୀ ଅଜୟ କୁମାର ମୁର୍ମୁ ପ୍ରମୁଖ ଉପସ୍ଥିତ ଥିଲେ।

## ଫକୀରମୋହନ ଭେଷଜ ମହାବିଦ୍ୟାଳୟ ଏବଂ ଚିକିତ୍ସାଳୟ

# ମେଡିକାଲ ଭିତରେ ଆସୁନି ମୋବାଇଲ ନେଟ୍‌ୱର୍କ

ବାଲେଶ୍ୱର, ୫।୭ (ସମିସ)



ଚିକିତ୍ସାଳୟ ଭିତରକୁ ପଶିବା ମାତ୍ରେ ମୋବାଇଲ୍‌ରେ ଆଉ ନେଟୱର୍କ ରହୁନି। କାହା ସହ ଯୋଗାଯୋଗ ହୋଇପାରୁନି। ଚିକିତ୍ସାଳୟର କେଉଁ ଗୋଟେ କୋଣ ନହେଲେ ଝରକା ପାଖକୁ ଗଲେ ବହୁତ କଷ୍ଟରେ କଲ୍ ଲାଗୁଛି। ନହେଲେ କଲ୍ ଲଗାଇଲେ ଅପହଞ୍ଚ। ଏ ହେଉଛି ରେମୁଣାସ୍ଥିତ ଫକୀରମୋହନ ଭେଷଜ ମହାବିଦ୍ୟାଳୟ ଏବଂ ଚିକିତ୍ସାଳୟ ଅବସ୍ଥା। ନିର୍ମାଣଧୀନ ଚିକିତ୍ସାଳୟର ପାଞ୍ଚ ମହଲାର ବିଭିନ୍ନ ବିଭାଗର ୱାର୍ଡରେ ରୋଗୀ ଏବଂ ସେମାନଙ୍କ ସମ୍ପର୍କୀୟ ରହିଲେ କଲ୍ ମାଧ୍ୟମରେ ଯୋଗାଯୋଗ କରିବା କଷ୍ଟକର ହୋଇପଡୁଛି। ଯାହାକୁ ନେଇ ରୋଗୀଙ୍କଠୁ ଆରମ୍ଭ କରି କର୍ମଚାରୀ ମଧ୍ୟ ଅସୁବିଧାର ସମ୍ମୁଖୀନ ପ୍ରକାଶ କରିଛନ୍ତି। ରେମୁଣାସ୍ଥିତ ଫକୀରମୋହନ ମେଡିକାଲ କଲେଜ ଓ ହସପିଟାଲର ନୂତନ କ୍ୟାମ୍ପସ କାମ ଚାଲୁଛି। ଏ ଭିତରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରୁ ସମସ୍ତ ବିଭାଗ ରେମୁଣା ମେଡିକାଲ କଲେଜ ପରିସରକୁ ସ୍ଥାନାନ୍ତର ହୋଇଯାଇଛି। ବିଳମ୍ବ ହେଲେ ବି ରେମୁଣାରେ ବର୍ତ୍ତମାନ ସମସ୍ତ ବିଭାଗ ଚାଲୁଅଛି। ଫଳରେ ରୋଗୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଅପେକ୍ଷା ରେମୁଣା ମେଡିକାଲ କଲେଜକୁ ଯାଉଛନ୍ତି। ରେମୁଣା ମେଡିକାଲ କଲେଜର ପାଞ୍ଚ ମହଲାରେ ବିଭିନ୍ନ ବିଭାଗ ରହିଛି। ଯେଉଁଠି ରୋଗୀମାନେ ଭର୍ତ୍ତି ହୋଇ ଚିକିତ୍ସିତ ହେଉଛନ୍ତି। ଏହି ମେଡିକାଲ କଲେଜ ଏକ ବିଲ ଅଞ୍ଚଳ ମଧ୍ୟରେ ନିର୍ମାଣ ହୋଇଛି। ଯେହେତୁ ବଡ଼ ଡ଼ାକ୍ତରଖାନା ନିର୍ମାଣ ହେଉଛି ସେଥିପାଇଁ ବଡ଼ ଅଞ୍ଚଳରେ ହେଉଛି। ହେଲେ ସେଠାରେ ପାଖାପାଖି କୌଣସି ମୋବାଇଲ ଟାୱାର ନାହିଁ। ଫୋନ୍‌ରେ ନେଟୱର୍କ ଆସିବା ସମସ୍ୟା ହେଉଛି। ତେବେ ନେଟୱର୍କ ପାଇଁ ଚିକିତ୍ସାଳୟ ପକ୍ଷରୁ କେବଳ ବିଏସ୍ଏନ୍ଏଲ୍

**ହନ୍ତସନ୍ତ ରୋଗୀ ଓ ସମ୍ପର୍କୀୟ**

କୁ କୁହାଯାଇଛି। ହେଲେ ବର୍ତ୍ତମାନ ସମୟରେ ବହୁତ କମ୍ ଲୋକ ବିଏସ୍ଏନ୍ଏଲ୍ ବ୍ୟବହାର କରୁଛନ୍ତି। ଯେଉଁମାନଙ୍କର ବିଏସ୍ଏନ୍ଏଲ୍ ରହିଛି ସେଇମାନେ ନେଟୱର୍କ ମଧ୍ୟ ବଦଳାଇ ଦେଉଛନ୍ତି। ଫଳରେ ଚିକିତ୍ସାଳୟ ପାଖରେ ଅନ୍ୟ ନେଟୱର୍କର ଟାୱାର ର ଆବଶ୍ୟକତା ରହିଛି। ହେଲେ ଏଦିଗରେ ଜିଲ୍ଲା ପ୍ରଶାସନ ତଥା ଜନ ପ୍ରତିନିଧି ତଥା ରାଜନେତାଙ୍କ ପକ୍ଷରୁ ମଧ୍ୟ ଚେଷ୍ଟା କରାଯିବା ଉଚିତ ବୋଲି ସଚେତନ ନାଗରିକ ମତପ୍ରକାଶ କରିଛନ୍ତି। ଏ ବାବଦରେ ମେଡିକାଲ ସୁପରିଣ୍ଟେଣ୍ଡେଣ୍ଟ ପ୍ରଫେସର ନିର୍ମଳ ଚନ୍ଦ୍ର ସାହାଣୀ କହିଛନ୍ତି, ଏ ଭିତରେ ବେଳେବେଳେ ନେଟୱର୍କ ରୁହେନି। ଆମେ ବିଏସ୍ଏନ୍ଏଲ୍‌କୁ ନେଟୱର୍କ ପାଇଁ ଲେଖିଛୁ। ଏଠାରେ ନେଟୱର୍କ ଟାୱାର ଏକ୍ସଟେଣ୍ଡ କାମ କରିବାକୁ ପଡ଼ିବ। ସେମାନେ ଆସି ପାଞ୍ଚ ମହଲା ଉପରେ ବିଏସଏନଏଲ୍ ର ଟାୱାର ବସାଇବା ପାଇଁ ଦେଖିଥିଲେ। ହେଲେ ଛଅ ମହଲା ଉପରେ ଟାୱାର ବସିଲେ ତଳକୁ ନେଟୱର୍କ ଆସିବ ନାହିଁ ବୋଲି କହିଛନ୍ତି। ତେଣୁ ବାହାରେ କେଉଁଠି ଟାୱାର ବସାଇବାର ବ୍ୟବସ୍ଥା କରିବାକୁ ପଡ଼ିବ। ତେବେ ସରକାରୀ ହିସାବରେ ଚିକିତ୍ସାଳୟ ପକ୍ଷରୁ ବିଏସ୍ଏନ୍ଏଲ୍‌କୁ ନେଟୱର୍କ ପାଇଁ କୁହାଯାଇଛି। ହେଲେ ଜିଲ୍ଲା ପ୍ରଶାସନ ତଥା ରାଜନେତାଙ୍କ ପକ୍ଷରୁ ଚିକିତ୍ସାଳୟରେ ନେଟୱର୍କ ପାଇଁ ମଧ୍ୟ ପ୍ରୟାସ କରାଯିବା ଆବଶ୍ୟକତା ରହିଛି ବୋଲି ରୋଗୀ ସମ୍ପର୍କୀୟ ମତବ୍ୟକ୍ତ କରିଛନ୍ତି। ନ ହେଲେ ଏଠାରେ ଯୋଗାଯୋଗ ଏକପ୍ରକାର ବିଚ୍ଛିନ୍ନ ହୋଇଯିବ।

# ବାହୁଡ଼ିଲେ ମହାପ୍ରଭୁ, ଆଜି ଶ୍ରୀଜୀଉଙ୍କ ସୁନାବେଶ

## ସିଡନୀରେ ଓରିଓଜ ପକ୍ଷରୁ ବାହୁଡା ଯାତ୍ରା



ବାଲେଶ୍ୱର: ଓରିଓଜ୍ ପକ୍ଷରୁ ସିଡନୀରେ ଏହାର ପ୍ରଥମ ରଥଯାତ୍ରା ସହ ବାହୁଡା ଯାତ୍ରା ଉତ୍ସବ ଆୟୋଜିତ ହୋଇଯାଇଛି। ଯାହା ମାଉସୀ' ମା ମନ୍ଦିରରୁ ଶ୍ରୀମନ୍ଦିରକୁ ପ୍ରଭୁଙ୍କ ପ୍ରତ୍ୟାବର୍ତ୍ତନକୁ ଉଦ୍ଦେଶ୍ୟ କରି ପାଳନ କରାଯାଇଛି। ଏହା ଓଡିଶାର ପବିତ୍ର ଧାର୍ମିକ ଐତିହ୍ୟର ଏକ ଅଂଶ। ଦିନଟି ଭକ୍ତି ଓ ଶ୍ରଦ୍ଧାରେ ପ୍ରବାହିତ ହେଲା। ଭଜନ ଓ କୀର୍ତ୍ତନର ଧ୍ୱନିରେ ଭକ୍ତମାନେ ଭକ୍ତିର ସମୁଦ୍ରରେ ଲୀନ ହେଲେ, ଓଡ଼ିଶୀ ନୃତ୍ୟ ଦ୍ୱାରା ପ୍ରଭୁଙ୍କ ମହିମା ଅଭିବ୍ୟକ୍ତି ପାଇଲା, ମା ଲକ୍ଷ୍ମୀ ଓ ମହାପ୍ରଭୁ ଜଗନ୍ନାଥଙ୍କ ଲୀଳା - "ଲକ୍ଷ୍ମୀନାରାୟଣ କଳି' ପ୍ରସଙ୍ଗ ସଭାର ଅନ୍ୟତମ ଆକର୍ଷଣ ଥିଲା। ସବୁଠାରୁ ମାନୋହର ଦୃଶ୍ୟ ଥିଲା, ଛୋଟ ଛୋଟ ପିଲାମାନଙ୍କର ନୃତ୍ୟ ପରିବେଷଣ ଆଉ ଛୋଟ ରଥ ଟଣା ଯାହା ଶ୍ରଦ୍ଧାର ଦୃଢ଼ ସୂତ୍ରକୁ ଗୋଟେ ପିଢିରୁ ଆର ପିଢିକୁ ହସ୍ତାନ୍ତର କରୁଛି। ଏହି ଅବିସ୍ମରଣୀୟ ଆୟୋଜନ ସହିତ ଓରିଓଜ ଆରମ୍ଭ କରିଛି ଏକ ନୂତନ ଆନ୍ଦୋଳନ 'ଶ୍ରୀଜଗନ୍ନାଥ ଚିନ୍ତା ଓ ଚେତନା', ଯାହା ମାଧ୍ୟମରେ ଓଡ଼ିଆ ସମ୍ପ୍ରଦାୟ ଅନ୍ୟ ଦେଶରେ ମଧ୍ୟ ଶ୍ରୀଜଗନ୍ନାଥଙ୍କର ଅସ୍ତିତ୍ୱ, ଶିକ୍ଷା ଓ ଭକ୍ତିକୁ ପ୍ରଚାର ଏବଂ ପ୍ରସାର କରୁଛି। ଏହା କେବଳ ଉତ୍ସବ ନୁହେଁ ଏହା ହେଉଛି ଏକ ସାମୁହିକ ପ୍ରାର୍ଥନା, ସ୍ୱପ୍ନକୁ ସତ କରିବାର ଏକ ଚେଷ୍ଟା ଏବଂ ପବିତ୍ର ଯାତ୍ରାର ପ୍ରଥମ ପଦକ୍ଷେପ। ଓରିଓଜ ସିଡନୀରେ ପ୍ରତି ବର୍ଷ ରଥଯାତ୍ରା ପାଳନ କରିବା ପାଇଁ ପ୍ରତିଶୃତ ଏବଂ ମହାପ୍ରଭୁଙ୍କ ପାଇଁ ଏଠାରେ ସ୍ଥାୟୀ ମନ୍ଦିର ନିର୍ମାଣ ହେତୁ ପ୍ରତିବଦ୍ଧ। ପ୍ରଭୁଙ୍କ ଆଶୀର୍ବାଦ ଓ ଭକ୍ତମାନଙ୍କ ଅତୁଟ ଶ୍ରଦ୍ଧା ଦ୍ୱାରା, ଅଷ୍ଟ୍ରେଲିଆରେ ମହାପ୍ରଭୁଙ୍କ ରଥ ଗଡି ଚାଲିଛି ଏବଂ ଏହି ରଥ ଆଉ ଅଟକ ରହିବ ନାହିଁ।





ବାଲେଶ୍ୱର,୫।୭ (ସମିସ)

ଇମାମି ନଗରରେ ଶ୍ରୀଗୁଣ୍ଡିଚା ଛାଡ଼ି ମହାପ୍ରଭୁ ଶ୍ରୀମନ୍ଦିର ବାହୁଡ଼ିଛନ୍ତି। ୯ ଦିନ ପାଇଁ ଭାଇ ଭଉଣୀଙ୍କୁ ସାଙ୍ଗରେ ଧରି ଶ୍ରୀଗୁଣ୍ଡିଚା ଯାଇଥିବା ମହାପ୍ରଭୁ ଜଗନ୍ନାଥ, ବଡ଼ଭାଇ ବଳଭଦ୍ର ଏବଂ ଭଉଣୀ ସୁଭଦ୍ରାଙ୍କ ସହ ପୁଣି ଶ୍ରୀମନ୍ଦିରକୁ ଫେରିଆସିଛନ୍ତି। ଏଥିପାଇଁ ଲମାମି କ୍ଷେତ୍ରରେ ପ୍ରବଳ ଜନସମାଗମ ହୋଇଥିଲା। ସକାଳ ଘ.୫.୧୫ମି. ଆରତି ଅବକାଶ, ଘ.୮.୪୦ମି. ମଙ୍ଗଳାର୍ପଣ, ଦିବା ଘ. ୯. ୨୦ମି.ରେ ଆଜ୍ଞାମାଳ ନୀତି, ୧୧.୩୦ମି.ରେ ଧାଡ଼ି ପହଣ୍ଡି, ଘ. ୨.୩୦ମି.ରେ ଛେରାପହଁରା ସମାପନ ପରେ ଘ. ୪.୦୦ମି.ରେ ରଥଟଣା ଆରମ୍ଭ ହୋଇଥିଲା। ପରେ ରଥ ଉପରୁ ଠାକୁରମାନଙ୍କୁ ପହଣ୍ଡି କରାଯାଇ ଶ୍ରୀମନ୍ଦିରକୁ ନିଆଯାଇଥିଲା। ରାତି ସାଢ଼େ ୯ ଟାରେ ଅଧରପଣା ନୀତି ପରେ ଲକ୍ଷ୍ମୀନାରାୟଣ କଳି, ରସଗୋଲା ଭୋଗ ଏବଂ ପରେ ମହାପ୍ରଭୁଙ୍କ ନୀଳାଦ୍ରିବିଜେ ଅନୁଷ୍ଠିତ ହୋଇଥିଲା। ମୁଖ୍ୟ ପୂଜକଙ୍କ ତତ୍ତ୍ୱାବଧାନରେ ରୀତିନୀତି ସମ୍ପନ୍ନ ହୋଇଥିଲା। ରଥଯାତ୍ରା ଉତ୍ସବରେ ବିଭିନ୍ନ ପ୍ରାନ୍ତରୁ ଆସିଥିବା ଜଗନ୍ନାଥପ୍ରେମୀ ଭକ୍ତଗଣ ବିଭିନ୍ନ ଢଙ୍ଗରେ ଘଣ୍ଟା, ଘଣ୍ଟି ଓ ବାଦ୍ୟର ତାଳେତାଳେ ଉନ୍ମାଦିତ ହୋଇ ଭାବାବେଗର ପ୍ରକାଶ କରିଥିଲେ। ସେହିପରି କଲିକତାସ୍ଥିତ ଇମାମି ଫାଉଣ୍ଡେସନର ହାଇଭ୍ ଇଣ୍ଡିଆ ସଂସ୍ଥାନର ଡାକ୍ତର ଏବଂ ତାଙ୍କର ଟିମ୍ ତଥା ସ୍ଥାନୀୟ ପେପର ମିଲସର ଡାକ୍ତର ଏବଂ ତାଙ୍କ ଟିମ୍ ନିଶୁଳ୍କ ସ୍ୱାସ୍ଥ୍ୟସେବା ପ୍ରଦାନ କରିଥିଲେ। ମନ୍ଦିର ପ୍ରଶାସନ ପକ୍ଷରୁ ପାନୀୟଜଳ ବ୍ୟବସ୍ଥା, କ୍ଲୋଜ୍ ସର୍କିଟ୍ କ୍ୟାମେରା, ଜଳସିଂଚନ ସାଙ୍ଗକୁ ସ୍ଥାନୀୟ ରେମୁଣା ପୁଲିସ୍ ପ୍ରଶାସନ ପକ୍ଷରୁ ଟ୍ରାଫିକ୍ ନିୟନ୍ତ୍ରଣ ଓ ସୁରକ୍ଷା ବ୍ୟବସ୍ଥା କରାଯାଇଥିଲା। କାର୍ଯ୍ୟକ୍ରମରେ ଜଗନ୍ନାଥ ଜଗନ୍ନାଥ ମନ୍ଦିରର ପ୍ରତିଷ୍ଠାତା ତଥା ଲମାମି ଗ୍ରୁପ୍‌ର ପୃଷ୍ଠପୋଷକ ରାଧାଶ୍ୟାମ ଅଗ୍ରୱାଲ୍ ଏବଂ ରାଧାଶ୍ୟାମ ଗୋଏଙ୍କାଙ୍କ ପ୍ରତିନିଧି ଭାବେ ସୁଶିଲ ଗୋଏଙ୍କାଙ୍କ ତତ୍ତ୍ୱାବଧାନରେ ଇମାମୀ ନଗର ଜଗନ୍ନାଥ ମନ୍ଦିରର ମୁଖ୍ୟ ପୃଷ୍ଠପୋଷକ ସୁଶୀଲ କୁମାର ଗୋୟେଙ୍କା ଓ୍ୱା ପତ୍ନୀ ଇନ୍ଦୁ ଗୋୟେଙ୍କା ଉପସ୍ଥିତ ଥିଲେ। ଇମାମୀ ଗ୍ରୁପ୍ ନିର୍ଦ୍ଦେଶକ ବିବେକ ଚାୱଲା, ସ୍ଥାନୀୟ ପେପର ମିଲର ସଭାପତି ଆଶୀଷ ଅବିନାଶ ଗୁପ୍ତା, ଉପସଭାପତି ଚନ୍ଦ୍ରେଶ କୁମାର ଗୁପ୍ତା, ମୁଖ୍ୟ ପରିଚାଳକ ଡ. ୟୁସୁଫ ଅଲ୍ଲୀ ସୋଲାଙ୍କି, ଡିଜିଏମ୍ ଦେବବ୍ରତ ହୋତା, ରମେଶ ଚନ୍ଦ୍ର ଖୁଟିଆ, ଆର କେ, କୁଣ୍ଡୁ, ଏଜିଏମ୍ ଓମ୍‌ପ୍ରକାଶ ଶର୍ମା, ମନ୍ଦିର ପ୍ରଶାସନିକ ଅଧିକାରୀ ନିଖିଳ ରଞ୍ଜନ ଦାସସାମନ୍ତରାୟ, ପ୍ରବନ୍ଧକ ବିନୋଦ କୁମାର ଜେନା, ମନ୍ଦିରର ମୁଖ୍ୟ ପୂଜକ ଏବଂ ତାଙ୍କ ସହଯୋଗୀ, ଇମାମୀ ଲେଡିଜ୍ କ୍ଲବର ସଭାପତି ବନ୍ଦନା ଗୁପ୍ତା, ସଂପାଦିକା ନିବେଦିତା ଖୁଣ୍ଟିଆ ସମସ୍ତ ସଦସ୍ୟାଙ୍କ ସମେତ ସତ୍ୟସାଇ ସେବା ସଂଗଠନର କର୍ମକର୍ତ୍ତା ସହଯୋଗ କରିଥିଲେ। ସେହିପରି ଜଗନ୍ନାଥ ପ୍ରବଚକ ଅବସରପ୍ରାପ୍ତ ଶିକ୍ଷକ ଭରତ ଚନ୍ଦ୍ର ମହାନ୍ତି ଧାରାବିବରଣୀ ପାଠ କରିଥିଲେ। ୬ ତାରିଖ ରବିବାର ସକାଳ ୮.୩୦ରେ ଶ୍ରୀଜୀଉମାନେ ସୁନାବେଶରେ ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେବାର କାର୍ଯ୍ୟକ୍ରମ ରହିଛି ବୋଲି ମନ୍ଦିର ପ୍ରଶାସନ ପକ୍ଷରୁ ମନୋଜ କୁମାର ପାଢ଼ୀ ସୂଚନା ଦେଇଛନ୍ତି। ରଥଯାତ୍ରାରୁ ବାହୁଡା ଯାତ୍ରା ପର୍ଯ୍ୟନ୍ତ ପ୍ରସାଦ ସେବନ ଓ ପାନୀୟ ଜଳର ବ୍ୟବସ୍ଥା ମନ୍ଦିର ପ୍ରଶାସନ ପକ୍ଷରୁ କରାଯାଇଥିଲା। ବାହୁଡା ଯାତ୍ରାରେ ବାଲେଶ୍ୱର ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ, ବିଜେଡି ନେତ୍ରୀ ଲେଖାଶ୍ରୀ ସାମନ୍ତସିଂହାର, ଇମାମୀ କାଗଜ କଳର ୩ ୟୁନିୟନର ସାଧାରଣ ସଂପାଦକ ଭବାନନ୍ଦ ଶତପଥୀ, ରୀତେଶ ସିଂ, ଜ୍ୟୋତିପ୍ରକାଶ ବେହେରା, ଶ୍ରମିକନେତା ପଦ୍ମଲୋଚନ ନାୟକ ଯୋଗ ଦେଇଥିଲେ।

**ଇମାମି ନଗରରେ ହଜାର ହଜାର ଭକ୍ତଙ୍କ ଭିଡ଼**











## ସହରର ବିଭିନ୍ନ ସ୍ଥାନରେ ବାହୁଡ଼ାଯାତ୍ରା

ବାଲେଶ୍ୱର : ବାଲେଶ୍ୱର ସହର ସମେତ ଜିଲ୍ଲାର ବିଭିନ୍ନ ସ୍ଥାନରେ ମହାବାହୁଙ୍କର ପବିତ୍ର ବାହୁଡ଼ାଯାତ୍ରା ଅନୁଷ୍ଠିତ ହୋଇଛି । ସହରର କେନ୍ଦ୍ରସ୍ଥଳ ସିନେମାଛକ ସ୍ଥିତ ମାଉସୀ ମନ୍ଦିରରୁ ବାଣ୍ଡିଆ ଶ୍ରୀଜଗନ୍ନାଥ ମନ୍ଦିରର ଶ୍ରୀଜୀଉଙ୍କ ବାହୁଡ଼ାଯାତ୍ରା ଦେଖିବାକୁ ଅପରାହ୍ନରେ ଶ୍ରଦ୍ଧାଳୁମାନଙ୍କର ବେଶ ଭିଡ ପରିଲକ୍ଷିତ ହୋଇଥିଲା । ମାଉସୀଘରେ ସ୍ୱତନ୍ତ୍ର ନୀତିପୂଜା ପରେ ଅପରାହ୍ନରେ ଆୟୋଜିତ ଧାଡି ପହଣ୍ଡିରେ ଚତୁର୍ଦ୍ଧାମୂର୍ତ୍ତିଙ୍କୁ ରଥାରୂଢ଼ କରାଯାଇଥିଲା। ଘଣ୍ଟ ଘଣ୍ଟା ଶଙ୍ଖ,ହୁଳହୁଳି ଓ ଭଜନ କୀର୍ତ୍ତନର ତାଳେ ତାଳେ ସେବାୟତମାନେ ତିନିଠାକୁରଙ୍କୁ ଝୁଲାଇ ଝୁଲାଇ ପହଣ୍ଡି କରିବା ଦୃଶ୍ୟ ଥିଲା ବେଶ ମନୋରମ । ଅପଲକ ନୟନରେ ମହାପ୍ରଭୁଙ୍କର ପହଣ୍ଡିଯାତ୍ରାକୁ ଉପଭୋଗ କରିବା ସହ ଭକ୍ତମାନଙ୍କର ହରିବୋଲ ଓ ଜୟ ଜଗନ୍ନାଥ ଧ୍ୱନିରେ ସମଗ୍ର ସିନେମାଛକ ପ୍ରକମ୍ପିତ ହୋଇଥିଲା । ଶ୍ରୀଜୀଉମାନେ ରଥାରୂଢ଼ ହେବା ସହିତ ଟାଉନଥାନା ଅଧିକାରୀ ବିଜୟକୁମାର ଦାସ ଛେରା ପହଁରା କରିଥିଲେ । ପରେ ଭକ୍ତମାନେ ଭାବବିଭୋର ହୋଇ ରଥକୁ ଟାଣିନେଇଥିଲେ ମୋତିଗଞ୍ଜ ସ୍ଥିତ ବାଣ୍ଡିଆ ଶ୍ରୀଜଗନ୍ନାଥ ମନ୍ଦିର ଅଭିମୁଖେ। ସହରର ବହୁ ବିଶିଷ୍ଟ ବ୍ୟକ୍ତି ଏଥିରେ ଯୋଗଦେଇ ଠାକୁରଙ୍କୁ ଦର୍ଶନ କରିବା ସହିତ ରଥ ଟାଣିଥିଲେ। ସେହିଭଳି ସହରର ମଣ୍ଡଳବଜାର ଜଗନ୍ନାଥ ମନ୍ଦିର, ପୁଲିସ ଲାଇନସ୍ଥିତ ଶ୍ରୀଜଗନ୍ନାଥ ମନ୍ଦିର, ଝାଡ଼େଶ୍ୱର ମନ୍ଦିର ବେଢ଼ା ପରିସର ଜଗନ୍ନାଥ ମନ୍ଦିର, ଆଜିମାବାଦ ଶ୍ରୀ ଜଗନ୍ନାଥ ମନ୍ଦିର, ବାଲିଆ ଶ୍ରୀଜଗନ୍ନାଥ ମନ୍ଦିରରେ ମହାପ୍ରଭୁଙ୍କ ବାହୁଡ଼ାଯାତ୍ରା ଆନନ୍ଦ ଉଲ୍ଲାସର ସହିତ ଅନୁଷ୍ଠିତ ହୋଇଯାଇଛି।

## ଫକୀରମୋହନ ବିଶ୍ୱବିଦ୍ୟାଳୟ

ବାଲେଶ୍ୱର : ଶ୍ରଦ୍ଧା ଓ ଭକ୍ତିର ସମୁଦ୍ରରେ ବିଲୀନ ହୋଇ ଫକୀରମୋହନ ବିଶ୍ୱବିଦ୍ୟାଳୟ ପରିସରରେ ଶୁଭ ବାହୁଡ଼ା ଯାତ୍ରା ପାଳିତ ହୋଇଯାଇଛି। ନବଦିନ ଧରି ମାଉସୀ ମା'ଙ୍କ ଘରେ ବିରାଜିତ ଥିବା ତିନିଠାକୁରଙ୍କୁ ଶ୍ରୀଗୁଣ୍ଡିଚା ମନ୍ଦିରରୁ ଗରିମାମୟ ଭାବରେ ତଥା ଶ୍ରଦ୍ଧା, ସଂସ୍କୃତି ଓ ଭକ୍ତିର ଏକ ଅପୂର୍ବ ସମନ୍ୱୟ ଶୈଳୀରେ ଶ୍ରୀମନ୍ଦିର ପରିସର ରଥରେ ବିରାଜମାନ କରାଇ ବାହୁଡ଼ା ନୀତି ସମ୍ପୂର୍ଣ୍ଣ କରାଯାଇଛି। ଏହି ପବିତ୍ର ଯାତ୍ରା ଅବସରରେ ବିଶ୍ୱବିଦ୍ୟାଳୟର ଶିକ୍ଷକ, ଶିକ୍ଷୟିତ୍ରୀ, କର୍ମଚାରୀ, ଓ ଛାତ୍ରଛାତ୍ରୀମାନେ ଭକ୍ତି, ଉତ୍ସାହ ଓ ହୃଦୟ ଭରି ଅଂଶଗ୍ରହଣ କରି ରଥ ଟଣାରେ ସାମିଲ ହୋଇଥିଲେ। ଜୟ ଜଗନ୍ନାଥ ଧ୍ୱନି, ଘଣ୍ଟ ଶବ୍ଦ, ନାମ-ଭଜନରେ ଭାସିଉଠିଥିବା ପରିବେଶ, ଏହି ଉତ୍ସବକୁ ଏକ ଉତ୍ତମ ଧାର୍ମିକ ଅନୁଭୂତିର ଉଦାହରଣ ପ୍ରଦାନ କରିଥିଲା। ବିଶ୍ୱବିଦ୍ୟାଳୟ କୁଳପତି ଓ ମୁଖ୍ୟ ସେବକ ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀ ତିନିଠାକୁରଙ୍କୁ ଗୋଟି ପହଣ୍ଡି ବିଧିରେ ରଥ ଉପରେ ବିଜେ କରାଇ ଚତୁର୍ଦ୍ଧାମୂର୍ତ୍ତିଙ୍କ ଯଥାବିଧି ନୀତିନିୟମ ପାଳନ କରିଥିଲେ। ଏହାପରେ ତାଙ୍କ ହସ୍ତକ୍ଷେପରେ ହୋଇଥିବା ଛେରାପହଁରା ନୀତି ବିଶ୍ୱବିଦ୍ୟାଳୟକୁ ଅନ୍ୟତମ ଭବ୍ୟ ମନ୍ଦିର ରୂପେ ପରିଣତ କରିଥିଲା। ଉତ୍ସବ ଅବସରରେ ରଥ ନିର୍ମାଣରେ ନିଷ୍ଠାର ସହିତ ଯୋଗଦାନ ଦେଇଥିବା ବିଶ୍ୱକର୍ମା ସେବକ ଦଳଙ୍କୁ କୁଳପତିଙ୍କ ଦ୍ୱାରା ଉପହାର ଓ ସମ୍ମାନପତ୍ର ପ୍ରଦାନ କରାଯାଇଥିଲା। ଏହା ବିଶ୍ୱବିଦ୍ୟାଳୟର ସାମୂହିକ ଅଭିଗମ ଓ ସଂସ୍କୃତି ପ୍ରତି ଅନୁଗତିର ଏକ ଅନୁପମ ଚିତ୍ର ରୂପେ ପରିଚୟ ଦେଇପାରିଛି। ବିଶ୍ୱବିଦ୍ୟାଳୟ ପକ୍ଷରୁ ସୂଚିତ କରାଯାଇଛି ଯେ ନୀଳାଦ୍ରି ବିଜେ ପର୍ଯ୍ୟନ୍ତ ତିନିଠାକୁରଙ୍କ ନୀତିନିୟମ ଯଥାର୍ଥ ଭାବେ ପାଳନ ହେବ।



## ଅଣୁଶକ୍ତିନଗର ମୁମ୍ବାଇରେ ବାହୁଡ଼ା ଯାତ୍ରା

ବାଲେଶ୍ୱର : ମୁମ୍ବାଇସ୍ଥିତ ଅଣୁଶକ୍ତିନଗରଠାରେ ସ୍ଥାନୀୟ ଓଡିଆ ସଂଗଠନ ଆନୁକୂଲ୍ୟରେ ଚତୁର୍ଦ୍ଧା ମୂର୍ତ୍ତିଙ୍କ ବାହୁଡା ଯାତ୍ରା ଅନୁଷ୍ଠିତ ହୋଇଯାଇଛି। ପ୍ରାତଃ କାଳରେ ସର୍ବ ପ୍ରଥମେ ଶ୍ରୀ ଜୀଉମାନଙ୍କର ଦୈନନ୍ଦିନ ପୂଜା ଓ ହୋମ ସମ୍ପନ୍ନ ହେବା ପରେ ଅନ୍ନ ମହାପ୍ରସାଦ ଓ ଆରତୀ ଅନୁଷ୍ଠିତ ହୋଇଥିଲା। ଏହା ପରେ ଶ୍ରୀ ବିଗ୍ରହମାନଙ୍କର ରଥାରୂଢ ହେବା ନିମନ୍ତେ ଆବଶ୍ୟକ ଅନୁଷ୍ଠାନମାନ ସମ୍ପନ୍ନ କରାଯାଇଥିଲା। ଅଣୁଶକ୍ତିନଗର ଓଡିଆ ସଂଗଠନର ଅଧ୍ୟକ୍ଷ ଡା ନିଗମାନନ୍ଦ ମିଶ୍ରଙ୍କୁ ଶ୍ରୀ ଜୀଉମାନଙ୍କର ଆଦ୍ୟ ସେବକ ରୂପେ ବିଧିବଦ୍ଧ ରୂପେ ମନ୍ଦିର ପ୍ରାଙ୍ଗଣକୁ ପାଛୋଟି ଅଣା ଯାଇଥିଲା। ଦିନ ପ୍ରାୟ ୧୨:୩୦ରେ ଶ୍ରୀ ବିଗ୍ରହମାନଙ୍କର ମଙ୍ଗଳାର୍ପଣ ଏବଂ ତଦନ୍ତେ ରଥ ଉପରକୁ ଧାଡି ପହଣ୍ଡି ନୀତି ଅନୁଷ୍ଠିତ ହୋଇଥିଲା। ଦିନ ପ୍ରାୟ ୩:୦୦ରେ ରଥ ପରିକ୍ରମା ଆରମ୍ଭ ହୋଇଥିଲା। ଅନେକ ସଂଖ୍ୟାରେ ଶ୍ରଦ୍ଧାଳୁ ହରିବୋଲ, ହୁଳହୁଳି, ଘଣ୍ଟ-ଘଣ୍ଟା ବାଦନ ଏବଂ ଭଜନ-କୀର୍ତ୍ତନ ମଧ୍ୟରେ ଅଣୁଶକ୍ତିନଗର ପ୍ରାଙ୍ଗଣ ମଧ୍ୟରେ ରଥ ପରିକ୍ରମା କରିଥିଲେ। ପିଲାମାନଙ୍କ ଦ୍ୱାରା ଓଡିଶୀ ନୃତ୍ୟ ପରିବେଷିତ ହୋଇଥିଲା। ସନ୍ଧ୍ୟାରେ ମନ୍ଦିର ନିକଟରେ ଶ୍ରୀ ଜଗନ୍ନାଥ ଏବଂ ମହାଲକ୍ଷ୍ମୀଙ୍କର ଲକ୍ଷ୍ମୀନାରାୟଣ ଭେଟ ନୀତି ଅନୁଷ୍ଠିତ ହୋଇଥିଲା। ଏହା ପରେ ରଥାଶୀନ ଶ୍ରୀ ବିଗ୍ରହମାନଙ୍କର ସନ୍ଧ୍ୟା ଆରତୀ, ଭୋଗ ଏବଂ ସର୍ବସାଧାରଣ ଦର୍ଶନ ଅନୁଷ୍ଠିତ ହୋଇଥିଲା। ୬ ତାରିଖ ଦିନ ମହାପ୍ରଭୁଙ୍କର ସୁନାବେଶ ଅନୁଷ୍ଠିତ ହେବ ଏବଂ ୭ ତାରିଖ ଦିନ ଶ୍ରୀ ଜୀଉମାନଙ୍କର ରତ୍ନସିଂହାସନ ବିଜେ ଏବଂ ଶ୍ରୀ ଜଗନ୍ନାଥଙ୍କ ଦ୍ୱାରା ରସଗୋଲା ଭୋଗ ପରିବେଷଣ ସହ ମହାଲକ୍ଷ୍ମୀଙ୍କ ମାନଭଞ୍ଜନ ନୀତି ଅନୁଷ୍ଠିତ ହେବାର କାଯ୍ୟକ୍ରମ ରହିଛି। ପ୍ରାୟ ୩୦୦ ଓଡିଆ ପରିବାରଙ୍କର ସମ୍ମିଳିତ ପ୍ରଚେଷ୍ଟା ଦ୍ୱାରା ପ୍ରତି ବର୍ଷ ଏଠାରେ ରଥ ଯାତ୍ରା ମହୋତ୍ସବ ମହା ଆଡମ୍ବରରେ ପାଳିତ ହୋଇ ଆସୁଛି। ଚଳିତ ବର୍ଷ ମହୋତ୍ସବର ସଫଳ ଆୟୋଜନ ପାଇଁ ସଂଗଠନ ପକ୍ଷରୁ ଅଧ୍ୟକ୍ଷ ଡା. ନିଗମାନନ୍ଦ ମିଶ୍ର, ଉପାଧ୍ୟକ୍ଷ ଜିତେନ୍ଦ୍ର ଶୁକ୍ଲା, ସଚିବ ଅଶୋକ କୁମାର ରଥ, ରଥଯାତ୍ରା କାଯ୍ୟନିର୍ବାହୀ ସଂଯୋଜକ ଡା. ସନ୍ତୋଷ କୁମାର ପ୍ରଧାନ, ସଂଗଠନର ବରିଷ୍ଠ ମାର୍ଗଦର୍ଶକ ଏବଂ ସଦସ୍ୟମାନେ ସହଯୋଗ କରିଥିଲେ। କାର୍ଯ୍ୟକ୍ରମକୁ ସମିତିର ଉପାଧ୍ୟକ୍ଷ ଜିତେନ୍ଦ୍ର ଶୁକ୍ଲା, ସଚିବ ଅଶୋକ ରଥ, ସଂଯୋଜକ ଡ. ସନ୍ତୋଷ ପ୍ରଧାନ, ଡ଼ ପ୍ରକାଶ ଚନ୍ଦ୍ର ରାଉତ, ବିଶ୍ୱଭୂଷଣ ସାହୁ, ସନ୍ତୋଷ ବେହେରା, ଗୌରୀ ଶଙ୍କର ସାହୁ, ପ୍ରଶାନ୍ତ ପାଣିଗ୍ରାହୀ ସହଯୋଗ କରିଥିଲେ।

## ଆଳଦିଆରେ ତିନି ରଥ ଟାଣିଲେ ଶତାଧିକ ଭକ୍ତ

ବାଲେଶ୍ୱର : ବାଲେଶ୍ୱର ସହର ଉପକଣ୍ଠ ଆଳଦିଆ ଠାରେ ଶତାଧିକ ବର୍ଷର ପୁରୁଣା ଶ୍ରୀଜଗନ୍ନାଥ ମନ୍ଦିରରେ ବାହୁଡା ଯାତ୍ରା ଉତ୍ସାହ ଉଦ୍ଦୀପନାର ସହ ତଥା ଅତ୍ୟନ୍ତ ଭାବଭକ୍ତିପୂର୍ଣ୍ଣ ପରିବେଶ ମଧ୍ୟରେ ଅନୁଷ୍ଠିତ ହୋଇଯାଇଛି। ଏହି ବାହୁଡା ଯାତ୍ରା ଦେଖିବାକୁ ଆଳିଦିଆ ସମେତ ଆଖାପାଖ ଗାଁର ସହସ୍ରାଧିକ ଶ୍ରଦ୍ଧାଳୁଙ୍କ ବେଶ ଭିଡ଼ ପରିଲକ୍ଷିତ ହୋଇଥିଲା। ସ୍ଥାନୀୟ ଦୁର୍ଗାମଣ୍ଡପ ସ୍ଥିତ ଅସ୍ଥାୟୀ ଗୁଣ୍ଡିଚା ମନ୍ଦିରରେ ଦୀର୍ଘ ୯ଦିନ ଧରି ଭକ୍ତଙ୍କୁ ଦର୍ଶନ ଦେଉଥିବା ଚତୁର୍ଦ୍ଧାମୂର୍ତ୍ତିଙ୍କୁ ସ୍ୱତନ୍ତ୍ର ନୀତିପୂଜା ପରେ ଅପରାହ୍ନରେ ପହଣ୍ଡି ସହ ରଥାରୂଢ଼ କରାଯାଇଥିଲା। ଘଂଟ,ଘଂଟା ଶଙ୍ଖ, ହୁଳହୁଳି ଓ ଭଜନ କୀର୍ତ୍ତନର ତାଳେ ତାଳେ ସେବାୟତମାନେ ତିନିଠାକୁରଙ୍କୁ ଝୁଲାଇ ଝୁଲାଇ ପହଣ୍ଡି ବିଜେ କରାଇଥିଲେ। ପରେ ଉତ୍ସବର ମୁଖ୍ୟ ପୁରୋଧା ବଳରାମ ପଣ୍ଡା ଛେରା ପହଁରା କରିଥିଲେ। ଭକ୍ତମାନେ ତିନି ରଥକୁ ଟାଣିନେଇଥିଲେ ଆଳଦିଆର ଶ୍ରୀଜଗନ୍ନାଥ ମନ୍ଦିର ଅଭିମୁଖେ। ଏହି ସମୟରେ ଛୋଟ ଛୋଟ ଶିଶୁମାନେ ବିଭିନ୍ନ ବେଶରେ ସଜ୍ଜିତ ହୋଇ ନୃତ୍ୟ କରିଥିଲେ। ରଥ ଉତ୍ସବ କମିଟିର ସଭାପତି ବିରେନ୍ଦ୍ର କୁମାର ନାୟକ, ଉପସଭାପତି କୃଷ୍ଣଚନ୍ଦ୍ର ନାୟକ, ସମ୍ପାଦକ ରାଜକିଶୋର ବେହେରା, ସହ ସମ୍ପାଦକ ସନ୍ତୋଷ ରାଉତ, କୋଷାଧ୍ୟକ୍ଷ ଜଗନ୍ନାଥ ବେହେରାଙ୍କ ସହ ଶ୍ରୀକାନ୍ତ ବେହେରା, ଯୋଗେନ୍ଦ୍ର ପ୍ରଧାନ, ଶତ୍ରୁଘ୍ନ ଦାସ, ଦିଲ୍ଲୀପ ବେହେରା, ମାନସ ରଞ୍ଜନ ପରିଡା, ରବୀନ୍ଦ୍ର ବେହେରା, ସନାତନ ପରିଡା, ବସନ୍ତ ନାୟକ, ସଞ୍ଜୟ ଦାସ, ଜୀବନକୃଷ୍ଣ ବେହେରା ପ୍ରମୁଖ ସମସ୍ତ କାର୍ଯ୍ୟ ପରିଚାଳନା କରିଥିଲେ। ଆଳଦିଆ, ରଣସାହି ଓ ଝଗଡପାଢୀ ପ୍ରଭୃତି ଅଂଚଳର ଗ୍ରାମବାସୀ ଏଥିରେ ସହଯୋଗ କରିଥିଲେ।

# "ଲେଖିବା ହେଉଛି ନିଜକୁ ଆତ୍ମପ୍ରକାଶ କରିବାର ମାଧ୍ୟମ"






**ଶାନ୍ତନୁ କୁମାର ଆଚାର୍ଯ୍ୟ**

ମଣିଷର ଗୋଟିଏ ଅବସ୍ଥା ଥାଏ, ଯେଉଁଠି ସେ ସାଂସାରିକ ଘଟଣାବଳୀକୁ ଅତିକ୍ରମ କରି ଅତି ପ୍ରାକୃତିକ ଜିନିଷ ବିଷୟରେ ତାକୁ ଅନୁସନ୍ଧାନ କରିବାକୁ ଇଚ୍ଛା ହୁଏ। ସେ ପଚାରିବ- ମୁଁ କିଏ ? ଭଗବାନ କେଉଁଠି ଅଛନ୍ତି? ମୋତେ କିଏ ଗଢ଼ିଥିଲା? ଏସବୁ କଥା ଯେଉଁ ମଣିଷ ମନକୁ ଆସେ, ଯେଉଁମାନେ ଏ ବିଷୟରେ ଅନୁସରଣ କରନ୍ତି, ଏହାର ଉତ୍ତର ଖୋଜିବାକୁ ଯାଆନ୍ତି- ସେଇ ଲୋକମାନେ ହିଁ ଦାର୍ଶନିକ, ବୈଜ୍ଞାନିକ, କବି ବା ସାହିତ୍ୟିକ ହୁଅନ୍ତି। ପିଲାଦିନରୁ ମୋର ଚିନ୍ତାଧାରା ଏଭଳି ଅନ୍ୱେଷଣାତ୍ମକ ଥିଲା। ତାହା ବେଶି ବଢ଼ି ଗଲା, ଯେତେବେଳେ ୯ ବର୍ଷ ବୟସରେ ମୋ ମା' ଚାଲିଗଲେ। ଫଳରେ ମୋ ମନରେ ଭୟଙ୍କର ଦୁଃଖ ପ୍ରବେଶ କଲା। ମୁଁ ବର୍ତ୍ତମାନ କରିବି କ'ଣ? ମା' କୁଆଡ଼େ ଗଲେ? କେଉଁଠି କି ଗଲେ ସେ ? ଏଭଳି ଅନୁସନ୍ଧାନ କଲି ମୋର କୌତୁହଳ ମନରେ। ବଣ ପାହାଡ଼ରେ ଏକାକୀ ବୁଲେ, ନଦୀ କୂଳରେ ବସେ। ଗୋଟିଏ ମାତୃହରା ପିଲାର ବିରହ ଯନ୍ତ୍ରଣା ଭୋଗୁଥିଲି ମୁଁ। ଏଥିରୁ ଅନେକ ପ୍ରକାର ମୋର ମାନସିକ କ୍ରିୟା ପ୍ରତିକ୍ରିୟା ସବୁ ଘଟୁଥାଏ।

ତା' ଭିତରେ ମୁଁ କବିତା ଲେଖା ଆରମ୍ଭ କଲି। କବିତା ଲେଖିବା ପରେ ମୋତେ ବହୁତ ଉପଶମ ଲାଗିଲା। ବାଙ୍କିରେ ସୁବର୍ଣ୍ଣପୁର ବୋଲି ଗୋଟିଏ ଜାଗା ଅଛି। ସେଠି ଅଂଶୁପା ହ୍ରଦ, ମହାନଦୀ ଭାରି ସୁନ୍ଦର ଓ ଚମତ୍କାର ଲାଗେ। ସେଠାରେ ବଡ଼ି ଭୋରରୁ ଗାଧୋଉଥିବା ବେଳେ ଦିନେ ସୂର୍ଯ୍ୟ ଉଦୟ ପୂର୍ବରୁ ହଠାତ୍ ମୋତେ ଦେଖାଗଲା ନଈ ଭିତରେ ଅସଂଖ୍ୟ ସ୍ୱର୍ଣ୍ଣ ମନ୍ଦିର ସବୁ ତିଆରି ହୋଇଛି। ମନ୍ଦିର ଭିତରେ ଦେବଦେବୀମାନେ ଆତଯାତ ହେଉଛନ୍ତି। ମୋ ପ୍ରାଣ ପୁଲକିତ ହୋଇଗଲା। ମୁଁ ଘରକୁ ଫେରିଆସିଲି। ସେତେବେଳେ ମୁଁ ସୁବର୍ଣ୍ଣପୁର ଏମ୍‌ଇ ସ୍କୁଲରେ ପଢୁଥିଲି। ମୋ ବାପା ସେଠି ଚାକିରି କରୁଥିଲେ। ତେବେ ନଦୀରୁ ଗାଧୋଇ ମୁଁ ଫେରି ଆସିଲା ପରେ ୧୯୪୫ ମସିହା ମାର୍ଚ୍ଚ ୨୧ ତାରିଖରେ ପ୍ରଥମ କବିତା 'ପ୍ରଭାତ' ଲେଖିଥିଲି। ଏହି କବିତା ଲେଖିବାର ୨ରୁ ୪ ଘଣ୍ଟା ପରେ ମୋତେ ପୁଣି ସ୍ପୃହା ଆସିଲା ଆଉ ଗୋଟିଏ କବିତା ଲେଖିଲି। ସେହି ବୟସରେ ଏମିତି ଘନ ଘନ କବିତା ଲେଖିବା ଆରମ୍ଭ ହେଲା। ହାଇସ୍କୁଲ ପଢ଼ିବା ପର୍ଯ୍ୟନ୍ତ ମୁଁ ବହୁତ କବିତା ଲେଖୁଥିଲି। ମୁଁ ଯେତେବେଳେ କଟକରେ ଆସି ରେଭେନ୍ସା କଲିଜିଏଟ୍ ସ୍କୁଲରେ ପାଠ ପଢ଼ିଲି, ସେତେବେଳେ ୧୯୪୫ ମସିହାରେ ଦ୍ୱିତୀୟ ବିଶ୍ୱଯୁଦ୍ଧ ଚାଲିଥାଏ। ଆମେ ପିଲାଦିନୁ ବିଶ୍ୱଯୁଦ୍ଧ କ'ଣ ଜାଣି ନଥିଲୁ। ତେବେ ବିଶ୍ୱ ଚିନ୍ତା ମନରେ ପିଲାଦିନୁ ରହିଥିଲା। ବିଶ୍ୱଯୁଦ୍ଧ ଉପରେ ମୁଁ କବିତା ମଧ୍ୟ ଲେଖିଥିଲି ଛୋଟ ବୟସରେ। ଏହି ସବୁ କଥା ମୋର କବିତ୍ୱକୁ ଜାଗ୍ରତ କଲା। କବିତ୍ୱ ଜାଗ୍ରତ ହେଲା ପରେ ମୁଁ କହିଲି କବିତାର ଲକ୍ଷ୍ୟଟା କ'ଣ? କବିତାର ଲକ୍ଷ୍ୟ କେବଳ ପ୍ରକୃତିର ସୌନ୍ଦର୍ଯ୍ୟ ବର୍ଣ୍ଣନା କରିବାରେ ସୀମିତ ରହିବ ନା ସଂସାରର ବାସ୍ତବତା ବିଷୟରେ ସୀମିତ ରହିବ? ଦେଶ ଦେଶ ମଧ୍ୟରେ ଯୁଦ୍ଧ ହେଉଛି। ଲକ୍ଷ ଲକ୍ଷ ଲୋକ ମରି ଯାଉଛନ୍ତି। ରୋଗରେ ମରୁଛନ୍ତି, ପ୍ରାକୃତିକ ବିପର୍ଯ୍ୟୟରେ ମରୁଛନ୍ତି - ଏଗୁଡ଼ିକ ବିଷୟରେ ନ ଲେଖି ଖାଲି "ଆକାଶ ଦିଶେ କି ସୁନ୍ଦର, ତାହାକୁ ରଚିଲେ ଈଶ୍ୱର" ଏହାରି ଉପରେ ଆମେ କବିତା ଲେଖୁଥିବା କି? ମୁଁ ମୋର ଧାରା ପରିବର୍ତ୍ତନ କଲି। ମୋର ଲେଖା ଧାରା ପରିବର୍ତ୍ତିତ ହୋଇଗଲା। ତା'ପରେ ମୁଁ ରେଭେନ୍ସା କଲେଜକୁ ଆସିଲି ବିଜ୍ଞାନ ପଢ଼ିବାକୁ। ବିଜ୍ଞାନରେ ନାମ ଲେଖାଇଲି। ତେଣୁ ଜଣେ ବୈଜ୍ଞାନିକ ହେଲି। ମଝିରେ ଡାକ୍ତରୀ ପଢ଼ିବାକୁ ଯାଇଥିଲି, କଲେଜରେ ୬ ମାସ ପାଠ ପଢ଼ିଥିଲି। ଥରେ ମୋର ପିଉସୀ ନାନୀଙ୍କ ଶବ ବ୍ୟବଚ୍ଛେଦ କରିବାକୁ ପଡ଼ିଲା। ମୁଁ କରିପାରିଲି ନାହିଁ, ତେଣୁ ଅଧାରୁ ପାଠ ପଢ଼ା ଛାଡ଼ି ଦେଲି। ତା'ପରେ ବିଜ୍ଞାନ ପଢ଼ିବାକୁ ଆସିଲି, ପ୍ରାକ୍ଟିକାଲ ଅଭିଜ୍ଞତା ମୋର ବହୁତ ଆସିଲା।

କଟକ ସହର ଭିତରେ ପିଲାଦିନେ ବୁଲି ବୁଲି ସ୍କୁଲରେ ପଢ଼ିବାରେ ମୋର ଗୋଟେ ପ୍ରାକ୍ଟିକାଲ୍ ଧାରଣା ହୋଇଯାଇଥିଲା ମଣିଷ ଜୀବନ କ'ଣ ? କେଡ଼େ ଅସ୍ଥାୟୀ ଏ ଜୀବନ? ସାମାଜିକ ଜୀବନ କ'ଣ? ଏଠି ହିନ୍ଦୁ ମୁସଲମାନମାନେ ଏକାଠି ଚଳୁଛନ୍ତି। ପୁଣି ହଠାତ୍ ଗଣ୍ଡଗୋଳ ଆରମ୍ଭ ହୋଇ ଏ ତାକୁ ମାରିଲା, ସେ ତାକୁ ମାରିଲା। ଏହି ଅବସ୍ଥାଗୁଡ଼ିକ ଦେଖିଲା ପରେ ମୋ' ଭିତରେ ଗୋଟେ ଦାର୍ଶନିକ ଚିନ୍ତା ଖେଳିଲା। ଥରେ ଗୋଟିଏ ଘଟଣା ଘଟିଲା। ଯାହା ଫଳରେ ମୋ' ଭିତରେ ଗୋଟେ ପ୍ରତିକ୍ରିୟା ଜାତ ହେଲା। ମୁଁ କହିଲି ଈଶ୍ୱରଙ୍କୁ ଦର୍ଶନ ନ କଲେ ଜୀବନ ରକ୍ଷା କରିବି ନାହିଁ। ପ୍ରାୟ ବର୍ଷେ ପର୍ଯ୍ୟନ୍ତ ଏହି ଘଟଣା ଘଟିଲା। ସବା ଶେଷରେ ମୁଁ ମରିବି ବୋଲି ସ୍ଥିର କରିଥିଲି। କିନ୍ତୁ ଗୁରୁକୃପାରୁ ମୁଁ ବଞ୍ଚିଗଲି। ଏସବୁ କଥା ମୋ ଆତ୍ମଜୀବନୀରେ ଲେଖିଛି। ଏହି ସବୁ ଘଟଣା ଯେତେବେଳେ ମଣିଷ ଜୀବନରେ ଘଟେ ତା'ର ଅନ୍ତରାତ୍ମାରେ ଅନେକ ପରିବର୍ତ୍ତନ ଆସେ। ସେ ଅନେକ ଦର୍ଶନ ପାଏ, ଯେଉଁ ଦର୍ଶନ ସାଧାରଣ ଲୋକ ପାଇପାରିବେ ନାହିଁ। ସାଧାରଣ ଜୀବନରେ ଘଟଣା ନଘଟିଲେ, ତୁମେ ଦାର୍ଶନିକ ହୋଇପାରିବ ନାହିଁ। ଦାର୍ଶନିକତା ମୋତେ ସାହିତ୍ୟିକ କରାଇଲା। ମୋର ପ୍ରଥମ ବୃହତ୍ ଉପନ୍ୟାସ ଯାହାକି ଆଜି କାଳଜୟୀ ଉପନ୍ୟାସରେ ପରିଣତ ହେଲା, ତାହାର ନାଁ ହେଉଛି 'ନର କିନ୍ନର'। ୧୯୬୨ ମସିହା ଅକ୍ଟୋବର ୨୪ ତାରିଖରେ ଏହି ବହି ବାହାରିଥିଲା। ଆଜି ପର୍ଯ୍ୟନ୍ତ ଏହି ପୁସ୍ତକଟି ଉଜ୍ଜୀବିତ ହୋଇ ରହିଛି। ବିଭିନ୍ନ ସ୍କୁଲ, କଲେଜର ପାଠ୍ୟପୁସ୍ତକ ଭାବେ ପ୍ରଚଳିତ ହୋଇଛି। ବିଶ୍ୱସ୍ତରୀୟ ସାହିତ୍ୟର ମର୍ଯ୍ୟାଦା ପାଇଛି। ଏହା ପରେ ମୁଁ ମୋ ଜୀବନରେ ଅନେକ ବହି, ଘଟଣା ଲେଖିଛି। 'କରଞ୍ଜିଆ ଡାଏରୀ' ଲେଖିଛି। ମୟୂରଭଞ୍ଜରେ ଗୁଣି, ଗାରେଡ଼ି, ତନ୍ତ୍ର ମନ୍ତ୍ର, ଭୂତପ୍ରେତ ଏମାନଙ୍କ ବିଷୟରେ ଗବେଷଣା କରି ଲେଖିଛି। କେମେଷ୍ଟ୍ରି ବା ରସାୟନ ବିଜ୍ଞାନର ପ୍ରଫେସର ଥିଲି। ବିଜ୍ଞାନ ଶିକ୍ଷା ମୋର ଅନ୍ତରକୁ ପରିବର୍ତ୍ତିତ କଲା। ଜୀବନରେ ଲେଖକ ଭାବରେ ବିଭିନ୍ନ ବିଷୟରେ ବହୁତ ସ୍ଥାନରେ ଶହ ଶହ ବକ୍ତୃତା ଦେଇଛି। ବିଭିନ୍ନ କଲେଜରେ ଅଧ୍ୟକ୍ଷ ଭାବେ ପ୍ରଶାସନିକ ଦାୟିତ୍ୱ ତୁଲାଇଛି। ଡେପୁଟି ଡାଇରେକ୍ଟର, ଅନ୍ତର୍ଜାତୀୟ ସ୍କିଲ୍ ପରିଚାଳନା କରିଛି।

ଜୀବନର ଅଭିଜ୍ଞତା ଏକାଠି ହୋଇ ମୋ ଜୀବନକୁ ଗଢ଼ିଛି। ଯାହା ଫଳରେ ମୁଁ ଗମ୍ଭୀର ଭାବେ ବିଭିନ୍ନ ବିଷୟରେ ଚିନ୍ତା କରେ। ଆଉ ପରବର୍ତ୍ତୀ ସମୟରେ ତାହାକୁ ସାହିତ୍ୟରେ ପରିଣତ କରେ। ଲେଖିବା ହେଉଛି ନିଜକୁ ଆତ୍ମପ୍ରକାଶ କରିବା ଛଡ଼ା ଆଉ କିଛି ନୁହେଁ। କେବଳ ନିଜ ଭିତରେ ଯେଉଁ ଚିନ୍ତା ଉଠୁଛି, ଲହଡ଼ି ଉଠୁଛି ତାହାକୁ ପ୍ରକାଶ କରିବା ସାହିତ୍ୟିକର କର୍ତ୍ତବ୍ୟ। ସେ ଚିନ୍ତା ସାମାଜିକ ଘଟଣାବଳୀ ହୋଇପାରେ କିମ୍ବା ବିଶ୍ୱ ଚିନ୍ତନ ହୋଇପାରେ। ମଣିଷର ଆତ୍ମଦର୍ଶନ, ମୁଁ କିଏ, ଭଗବାନ ଅଛନ୍ତି କି ନାହିଁ- ଏହି ସବୁ ଚିନ୍ତାଧାରାରୁ ସାହିତ୍ୟ ସୃଷ୍ଟି ହୁଏ। ■

# ସଙ୍ଗୀତର ଅରଣ୍ୟରେ



**ଅପର୍ଣ୍ଣା ମହାନ୍ତି**

ସଙ୍ଗୀତର ଅରଣ୍ୟରେ
ପକ୍ଷୀଟିଏ, ହୁଏ ବାଟବଣା।

ଆନନ୍ଦ ଓ ବେଦନାର
ଆରୋହ ଅବରୋହରେ
ଥରକୁ ଥର...
ହଜାଇ ଖୋଜୁଥାଏ ସେ
କେଉଁ ଏକ ଅଜ୍ଞାତ ଠିକଣା।

କେତେ ବାରିଧାରା
କେତେ ନିଦାଘର ତାପ
କେତେ ଶିଶିର ସନ୍ତାପ
ଋତୁ ପରେ ଋତୁ ବଦଳୁଥାଏ,





ଧୀରେ ଧୀରେ କ୍ଳାନ୍ତ ହେଉଥାଏ,
ଗୋଟିକରେ ମୁକ୍ତି
ଆରଟିର ବନ୍ଧନର
ଭାର ବହିବହି
ଉଡୁଥିବା ସେ ପକ୍ଷୀର
ଅନ୍ୱେଷା ବିଭୋର ଦୁଇଡ଼େଣା

ଜୀବନମରଣ ସୁରେ ସୁରେ
ଯାତ୍ରା ସଙ୍ଗୀତ ଗାଉଥାଏ
ଅନବରତ କେହିଜଣେ।
ଉଚାଟ, ଉଚ୍ଛନ୍ନ କରେ ପକ୍ଷୀକୁ...
କାହିଁକି ଗାଉଥାଏ
କାହା ପାଇଁ ଗାଉଥାଏ
ନିରନ୍ତର...!!
ସେ କଥା ତାତୁ ହିଁ କେବଳ
ଥାଏ ଜଣା...। ■

ଗ୍ରା:/ପୋ: କପାଳେଶ୍ୱର
ଠାକୁରପାଟଣା, କେନ୍ଦ୍ରାପଡ଼ା
ପିନ୍- ୭୫୪୨୫୦

# ଭୋକିଲା





**ସତ୍ୟନାରାୟଣ ଗନ୍ତାୟତ**

ଭାତ ଜାଉ ହୋଇଗଲା ?
ତ' ବାଢ଼ି ଦିଅ
ଖାଇ ଯିବି ମୁଁ
ଚାଖିବାକୁ ଟିପେ ଲୁଣ ଅଛିଟି ?
ସେଇ ଖୁବ୍ !

କ'ଣ କହିଲ ?
ତରକାରି ଲୁଣିଆ ହୋଇ ଯାଇଛି
କେହି ଖାଉ ନାହାନ୍ତି ?
ତ' ମୋତେ ଦେଉନା
ଚାଟିଚୁଟି ଖାଇଯିବି !
ଡାଲି ବି ପାଣିଆ ହୋଇ ଯାଇଚି
ମୋତେ ଦିଅ, ଗୋଳାଇବା ସହ
ପିଇ ଯିବି ବି !

ହେଇଟି କହି ଦେଉଛି
କେବେ ରୁଟି ପୋଡ଼ିଗଲେ ବି
ରଖି ଦେଇଥିବ ମୋ' ପାଇଁ !!
ଏଇ ତମ ଘରପାଖ ବସ୍ତି ଶେଷରେ
ଜଣକ ପିଣ୍ଡା ହିଁ ଠାବ ମୋର
ନିଇତି ସଞ୍ଜରେ ଆସି ଯାଉଥିବି
ତମଠୁ ଏମିତି କିଛି ନା କିଛି ପାଇବା ଆଶାରେ !

ଜାଣି ପାରୁଥିବ ମୋ' ପେଟରେ
ଜଳୁଥାଏ ଭୋକ ହୁତହୁତ ହୋଇ
ଲୁଣିଆ ପାଣିଆ ପୋଡା ସଢା
ସବୁ କିଛି ଅମୃତୋପମ ମଣି
ସେ ନିଆଁ ଲିଭାଏ ତେଣୁ
ସବୁ କିଛି ଖାଇ !!

ଭୋକର ଜ୍ୱାଳାରେ
ଭୋକିଲା ମୁଁ
ଏଇମିତି ସବୁବେଳେ
ପେଟ ଚାଖଣ୍ଡକ ପାଇଁ !! ■

'ସୁହାସିତମ୍', କସ୍ତୁରୀ ନଗର
ରାୟଗଡ଼ା, ପିନ୍: ୭୬୫୦୦୧
ମୋ: ୯୪୩୭୯୦୯୬୭୫

# ମୁକ୍ତି



**ସୁଚରିତା ବେହେରା**



ରବିବାର ହେଲେ ସେ ସ୍ତ୍ରୀ ଲୋକଟି ଆସେ ତାଙ୍କ ଗଳିକୁ। ଶାଳପତ୍ର ଓ କାଠି ବିକ୍ରି କରିବାକୁ। ଖାଲି ତାଙ୍କ ଗଳି କାହିଁକି, ଏମିତି ଅନେକ ଗଳି ବୁଲେ ସେ। ସମ୍ବେଦନା ଦେଖେ ତାକୁ ଛାତ ଉପରୁ। ଖବରକାଗଜ ଓ କଫି ମଗରୁ ସ୍ୱତଃସ୍ଫୂର୍ତ୍ତ ଭାବେ ତା' ନଜର ଚାଲିଯାଏ, ସେ ସ୍ତ୍ରୀ ଲୋକଟି ଆଡ଼େ। ସାବନା ବର୍ଣ୍ଣ, ପତଳା ହେଇ ଡେଙ୍ଗା ସ୍ତ୍ରୀ ଲୋକଟି। ମୁଣ୍ଡରେ କାଠିବିଡ଼ା, ହାତରେ ଶାଳପତ୍ର ଭର୍ତ୍ତି ବ୍ୟାଗ୍। ପାଦରେ ପୁରୁଣା ସ୍ଲିପର୍ ସହିତ ରଙ୍ଗଛଡ଼ା ସୂତା ଶାଢ଼ି ଖଣ୍ଡେ ପିନ୍ଧି ମୁହଁ ଦେହ ଝାଳରେ ସମ୍ପୂର୍ଣ୍ଣ। ତାକୁ ଦେଖିଲେ ସମବେଦନାରେ ସମ୍ବେଦନାର ମନ ବତୁରି ଯାଏ। ଆହାଃ କେତେ ପରିଶ୍ରମ କରୁଛି ସେ! ଆଶ୍ଚର୍ଯ୍ୟ ବି ହୁଏ ବର୍ତ୍ତମାନ ଯୁଗରେ କ'ଣ ଏହାର ଆବଶ୍ୟକତା ଅଛି! କିଏ କିଣୁଥିବ ଏସବୁ। କିନ୍ତୁ ନିଜେ ସମ୍ବେଦନା କିଣେ। କାହିଁକି କିଣେ ତା' ଉତ୍ତର ସେ ଖୋଜିନି।

କିଛି ସମୟ ପରେ ଗେଟ୍ ଖୋଲି ଭିତରକୁ ପଶିଆସିଲା ସେ। ମୁଣ୍ଡ ଉପରୁ କାଠିବିଡ଼ାତକ ତଳେ ଥୋଇଦେଇ ପୋର୍ଟିକୋରେ ବସିପଡ଼ିଲା। ଏବେ ଆଉ ଅନୁମତିର ଆବଶ୍ୟକତା ହୁଏନି।

"ଦିଦି, ଆଜି ଥକିଗଲି..., କିଛି ସମୟ ବସିକି ଯିବି।"

"ବସୁନୁ...।" ସମ୍ବେଦନା ପାଣି ଗ୍ଲାସଟେ ବଢ଼େଇ ଦେଇ କହିଲା।

"ତୁମେ ସବୁଥର କିଣ ବୋଲି ମୁଁ ଆଉ ପଚାରେନି...।" ବ୍ୟାଗ୍‌ରୁ ଶାଳପତ୍ର ବିଡ଼ାଟି କାଢ଼ି ସମ୍ବେଦନା ହାତକୁ ବଢ଼େଇ ଦେଉ ଦେଉ କହିଲା। ସମ୍ବେଦନା ସାମାନ୍ୟ ହସି ତା'ଠୁ ଶାଳପତ୍ର ବିଡ଼ାଟି ନେଇ ପଇସା ବଢ଼େଇ ଦେଲା।

ବେଶ୍ କିଛି ଦିନ ହେଲାଣି ସମ୍ବେଦନା ସହିତ ତା' ଚିହ୍ନା ପରିଚୟ। ସ୍ତ୍ରୀ ଲୋକଟିର ନାମ କମଳା। ଆଗରୁ ବେଶୀ କଥା କହୁନଥିଲା। କେବଳ ଅନୁରୋଧ କରୁଥିଲା ତା' ଜିନିଷ କିଣିବାକୁ। ଏବେ ଆସିଲେ ସପ୍ତାହ ସାରାର କଥା ଗପେ। କେମିତି ଏବେ ଶାଳପତ୍ର ଆଣିବାକୁ ଜଙ୍ଗଲକୁ ଗଲେ ତାକୁ ଗୁଡ଼ାଏ ବାଟ ଯିବାକୁ ହୁଏ, ସେଥିରେ ଫରେଷ୍ଟ ଗାର୍ଡର ତାଗିଦ, ଘରେ ପୁଅର ଦୁଷ୍ଟାମୀ କଥା, ମା'ର ଔଷଧ ପାଇଁ କେତେ ହଇରାଣ ହେଲା.... ସବୁ ଅମୂଳଚୂଳ ଅନର୍ଗଳ ଗପେ। ସେ ଭିତରେ ତା' ନିର୍ଯାତିତ ଅତୀତର ପୃଷ୍ଠାଗୁଡ଼ିକ ବି ଖୋଲି ହୋଇଯାଏ। ଶାଶୁ ଶଶୁରଙ୍କ ଅକଥନୀୟ ଅତ୍ୟାଚାର ସହିତ ସ୍ୱାମୀର ପରୋକ୍ଷ ସମର୍ଥନ କଥା କହିଲା ବେଳେ ତା' ଅନ୍ତରର ବେଦନାକୁ ଖୁବ୍ ଭଲଭାବେ ଅନୁଭବ କରେ ସମ୍ବେଦନା। ସାନ୍ତ୍ୱନା ଦିଏ ତାକୁ ଧୈର୍ଯ୍ୟ ରଖିବାକୁ।

ସମ୍ବେଦନା ବେଳେ ବେଳେ ମନ ଦେଇ ଶୁଣେ ତା' କଥା...କେତେବେଳେ ଅନ୍ୟମନସ୍କ ବି ହୁଏ, କିନ୍ତୁ କେବେ ମଝିରୁ ତା' କଥା କାଟେନି। କହୁ ଯାହା କହିବା କଥା। ଅନ୍ତତଃ ତା' ମନ ହାଲକା ହେଇଯିବ। ଏଇ ଧାଁ ଦଉଡ଼ ଦୁନିଆରେ କିଏ ଅଛି କାହା କଥା ଶୁଣିବାକୁ। ସମସ୍ତେ ଯେଝା ଦୁନିଆଁରେ ବ୍ୟସ୍ତ। ସମ୍ବେଦନା ବି ତ ବେଳେ ବେଳେ ନିଜ ଲୋକଟିଏ ଖୋଜି ପାଏନି, ଯିଏ ତା' ମନ କଥା ଶୁଣିବ, ବିନା କୌଣସି ସର୍ତ୍ତରେ...।

"ତତେ କିଛି କହିବି କମଳା...।" ସାମାନ୍ୟ ଦ୍ୱିଧାର ସହ ସମ୍ବେଦନା କହିଲା।

"କହୁନ ଦିଦି...।"

"ତୋ' ସ୍ୱାମୀ ସହିତ କଥାବାର୍ତ୍ତା କରି ଶାଶୂଘରକୁ ଗଲେ ହୁଅନ୍ତାନି...?"

"ଶାଶୁ ଘରକୁ ଗଲେ ମତେ କ'ଣ ମିଳିବ ଦିଦି ?" ବଡ଼ ବଡ଼ ଆଖିରେ ଆଶ୍ଚର୍ଯ୍ୟ ହେଇ ସମ୍ବେଦନାକୁ ଓଲଟା ପ୍ରଶ୍ନ କଲା କମଳା।

"ମୁକ୍ତି... ଏଇ ହାଡ଼ଭଙ୍ଗା ପରିଶ୍ରମରୁ ତ ତତେ ମୁକ୍ତି ମିଳିବ।"

ଏଥର ସମ୍ବେଦନା କଥାରେ ହସିଲା କମଳା...। କିଛି ସମୟ ପରେ ଦୃଢ଼ ଅଥଚ ନିର୍ଭୀକ ସ୍ୱରରେ କହିଲା "ପରିଶ୍ରମକୁ ଡରି ମୁଁ ଯିବି ସେଠି ଗାଳି ମାଡ଼ ଖାଇବାକୁ... କେବେ ନୁହେଁ! କାମ ତ ସେଠିବି କରୁଥିଲି, ଏଠିବି କରୁଛି...କିନ୍ତୁ ତଫାତ୍ କ'ଣ ଜାଣିଛ ଦିଦି..., ଏଠି ଶାନ୍ତି ଅଛି, ସ୍ୱାଧୀନତା ଅଛି...।"

କମଳାର ଶେଷ ବାକ୍ୟଟି ସମ୍ବେଦନାକୁ ଅନେକ କିଛି ଭାବିବାକୁ ବାଧ୍ୟ କରିଥିଲା...। ■

ଫ୍ଲାଟ ନମ୍ବର-ଏଲ୍-୭୦୨
ଜସ୍ମିନ ଗ୍ରୋଭ, ଗାଜିଆବାଦ, ଉତ୍ତର ପ୍ରଦେଶ

## ପୁସ୍ତକ ପରିଚୟ

### ସ୍ମୃତିର ରଙ୍ଗ

ସଂପାଦନା
**ଉମାକାନ୍ତ ମହାନ୍ତି**
**ହଂସନାଥ ମୁଦୁଲି**




ଏକାମ୍ର ସାହିତ୍ୟ ସଂସଦ
ଡୁମଡୁମା (କ), ଖଣ୍ଡଗିରି
ଭୁବନେଶ୍ୱର
ପ୍ରଥମ ପ୍ରକାଶନ: ୨୦୨୫
ମୂଲ୍ୟ: ୨୦୦ ଟଙ୍କା

ଉମକାନ୍ତ ମହାନ୍ତି ଓ ହଂସନାଥ ମୁଦୁଲିଙ୍କ ସଂପାଦନାରେ ପ୍ରକାଶ ପାଇଛି ଏକାମ୍ର କବିତା ସମ୍ଭାର-୨୦୨୫ 'ସ୍ମୃତିର ରଙ୍ଗ'। ଏହି ପୁସ୍ତକରେ ଓଡ଼ିଆ ସାହିତ୍ୟ ଜଗତର ୯୮ ଜଣ ବରିଷ୍ଠ ଓ ଯୁବ ଲେଖକଙ୍କ ହୃଦୟସ୍ପର୍ଶୀ କବିତା ସଂକଳିତ ହୋଇଛି। ବୃନ୍ଦାବନ ଜେନାଙ୍କ 'ଅନ୍ଧକାରେ ଯା'ରେ ଆଦରି ନେଲି ମୁଁ', ସଂଗ୍ରାମ କେଶରୀ ମହାନ୍ତିଙ୍କ 'ନୋଳିଆ ଝିଅ', ଡକ୍ଟର ମନସ୍ୱିନୀ ଦାଶଙ୍କ 'କୁଆଡ଼େ ଗଲା ମୋ ଗାଆଁ', ଡକ୍ଟର ଲକ୍ଷ୍ମୀକାନ୍ତ ଖୁଣ୍ଟିଆଙ୍କ 'ତୁମେ କେବେ ଆସିବ', ଭିକାରୀ ଧଳଙ୍କ 'ପାଉଁଶ ତଳର ଧାସ', ଉମାକାନ୍ତ ରାଉତ (ଅରୂପ)ଙ୍କ 'ଗାଆଁ ଗୀତ', ପ୍ରଫେସର ଉପେନ୍ଦ୍ର ପ୍ରସାଦ ନାୟକଙ୍କ 'ସୁନା ହରିଣୀର ମାୟା', ମୀନାକ୍ଷୀ ସିଂହଙ୍କ 'ସ୍ମୃତି', ହଂସନାଥ ମୁଦୁଲିଙ୍କ 'ନିଆଁ ପରା ମୁଁ ଏଠି', ଗୋସ୍ୱାମୀ ଗୋଲାମ ଦେବତାଙ୍କ 'ଶେଷର ଆରମ୍ଭ', ମାନସରଞ୍ଜନ ମହାପାତ୍ରଙ୍କ 'ନିଜର ବିଚିତ୍ର ଜୀବନ', ଶୈଳବାଳା ମହାପାତ୍ରଙ୍କ 'ବନ୍ଧୁ', ମୌସୁମୀ ଦାସଙ୍କ 'ଛାଇର ଦୈର୍ଘ୍ୟପ୍ରସ୍ଥ', ଗୌର ପଟ୍ଟନାୟକଙ୍କ 'କ୍ରୀତଦାସ' ଆଦି କବିତାରେ ମାନବୀୟ ଭାବାବେଗ, ମନୋରମ ଗ୍ରାମ୍ୟ ପରିବେଶ, ବାସ୍ତବତାର ଚିତ୍ର ପ୍ରତିଫଳିତ ହୋଇଛି। ସେହିପରି ବାବାଜୀ ଚରଣ ଜେନା, ଡକ୍ଟର ଲିଙ୍ଗରାଜ ରଥ, ଚମକ ଚାନ୍ଦିନୀ ଦାଶ, ସର୍ବାଣୀ ଦାସ, ଗୋଲକ ବିହାରୀ ଆଚାର୍ଯ୍ୟ ପ୍ରମୁଖଙ୍କ କବିତାଗୁଡ଼ିକ ମାର୍ମିକ ହୋଇଛି। 'ସ୍ମୃତିର ରଙ୍ଗ'ରେ ସଂକଳିତ କବିତାଗୁଡ଼ିକର ଭାବ, ଭାଷା, ଉପସ୍ଥାପନା ଶୈଳୀ ଅତ୍ୟନ୍ତ ଉଚ୍ଚକୋଟୀର ହୋଇଛି। ଏହି ପୁସ୍ତକର କବିତାଗୁଡ଼ିକ ପାଠକମାନଙ୍କ ହୃଦୟକୁ ଛୁଇଁ ପାରିବ ବୋଲି ଆଶା କରାଯାଏ। ■

### ଗେଣ୍ଡୁଲି କରୁଛି ଠାକୁର ପୂଜା

**କୁନ୍ତଳା ମହାପାତ୍ର**




ଆଷାଢ଼
ଆନନ୍ଦ ବଜାର, ମଧ୍ୟଶାସନ
ଜଗତସିଂହପୁର
ପ୍ରଥମ ପ୍ରକାଶ: ୨୦୨୫
ମୂଲ୍ୟ: ୭୫ ଟଙ୍କା

"ପରିଶ୍ରମ କରି ଧନ ଅରଜିବା/ ଯେତେ କଷ୍ଟ ଆସୁ ପଛେ ହେ,/ ଜୀବନେ କର୍ମକୁ ଫାଙ୍କିବାନି କେବେ/ କର୍ମେ ନର ଜିଇଁ ଥାଏ ଯେ।" (କର୍ମେ ନର ଜିଇଁ ଥାଏ ଯେ) ପ୍ରକୃତରେ ପରିଶ୍ରମ ବିନା ଧନ ଅର୍ଜନ କରିବା ଅସମ୍ଭବ। ଜୀବନରେ ଯେତେ ଦୁଃଖ, କଷ୍ଟ ଆସୁପଛେ କର୍ମ କରିବା ଆବଶ୍ୟକ। କାରଣ କର୍ମ ହିଁ ମଣିଷକୁ ଜୀବନ ବଞ୍ଚିବା ପାଇଁ ପ୍ରେରଣା ଦିଏ। ଏଭଳି ବାସ୍ତବ ଓ ପ୍ରେରଣାପ୍ରଦ ବାର୍ତ୍ତା ରହିଛି କୁନ୍ତଳା ମହାପାତ୍ରଙ୍କ 'ଗେଣ୍ଡୁଲି କରୁଛି ଠାକୁର ପୂଜା' ପୁସ୍ତକର କବିତାଗୁଡ଼ିକରେ। ଏହି ଶିଶୁ କବିତା ପୁସ୍ତକରେ ସନ୍ନିବେଶିତ 'ଗେଣ୍ଡୁଲି କରୁଛି ଠାକୁର ପୂଜା', 'ପାଠକୁ ଆପଣାଇ', 'ସର୍ବେ ହେଲେ ଏକଯୁଟ', 'ଶୁଭ ସାହାନାଇ', 'କର୍ମରେ ସଭିଏଁ ଲାଗିଲେ', 'କୋଇଲିର କୁହୁନାଦ' ଆଦି କବିତାଗୁଡ଼ିକ ମନଛୁଆଁ ହୋଇଛି। ସେହିପରି 'ଦୀପାବଳୀ', 'ଦଶହରା ପୂଜା ଆସିଲାଣି', 'ପାର୍ବଣ ତ ଧୀରେ ଆସିଲାଣି' ଆଦି କବିତାରେ ଆମ ସଂସ୍କୃତି, ପରମ୍ପରାର ଚିତ୍ର ପ୍ରତିଫଳିତ ହୋଇଛି। ସେଭଳି 'କଦମ୍ବ ଫୁଲଟି ଫୁଟିଲା', 'ଗଛ ଦିଅନା ହାଣି', 'ଫଗୁଣ ମାସ ଆସିଲା', 'ଗଛ ଲଗାଇବା ପରା', 'ଆକାଶେ ବରଷା ଦେଖି', 'ଟାଣ ଖରା ପରା' ଆଦି କବିତାରେ ପ୍ରାକୃତିକ ସୌନ୍ଦର୍ଯ୍ୟ ଓ ପ୍ରକୃତିର କୋପ କଥା ବର୍ଣ୍ଣନା କରାଯାଇଛି। କବିତାଗୁଡ଼ିକର ସରଳ ଓ ବୋଧଗମ୍ୟ ଭାଷା, ଛଳ ଛଳ ଭାବ, ନିରାଡ଼ମ୍ବର ଉପସ୍ଥାପନା ଶୈଳୀ କୁନି କୁନି ପିଲାମାନଙ୍କୁ ଆକର୍ଷିତ କରିବ ବୋଲି ଆଶା କରାଯାଏ। ■

### ମେଷପାଳକ

**ପ୍ରକାଶ ମହାନନ୍ଦିଆ**



କମ୍ୟୁନିକେସନ୍ ପବ୍ଲିକେସନ୍
ଅରବିନ୍ଦ ନଗର, ଜୟପୁର
କୋରାପୁଟ
ପ୍ରଥମ ପ୍ରକାଶ: ୨୦୨୫
ମୂଲ୍ୟ: ୧୨୦ ଟଙ୍କା

ନିଜ ସନ୍ତାନସନ୍ତତିମାନଙ୍କୁ ସମାଜର ଜଣେ ଉତ୍ତମ ମଣିଷ କରିବା ପ୍ରତ୍ୟେକ ପିତାମାତାଙ୍କ କର୍ତ୍ତବ୍ୟ ଓ ଗୁରୁଦାୟିତ୍ୱ। ତେବେ ଏହି ଗୁରୁଦାୟିତ୍ୱ ତୁଲାଇବା ବହୁ କଷ୍ଟକର। ଏହାଠାରୁ ବଳି ଆହୁରି କଷ୍ଟକର ହେଉଛି ଯୁବକଯୁବତୀମାନଙ୍କୁ ଶୃଙ୍ଖଳାର ବନ୍ଧନରେ ବାନ୍ଧି ରଖିବା। ସେହିପରି ଅରକ୍ଷିତ ମେଷମାନଙ୍କୁ ଉତ୍ତମ ସ୍ଥାନରେ ଚରାଇବା ମେଷପାଳକମାନଙ୍କ ପାଇଁ ବଡ଼ ଆହ୍ୱାନ। ପ୍ରଭୁଙ୍କର ମେଷମାନଙ୍କୁ ଉତ୍ତମ ଶିକ୍ଷା ଓ ଆଦର୍ଶରେ ପ୍ରତିପାଳନ କରିବା ମଧ୍ୟ ବଡ଼ ଚ୍ୟାଲେଞ୍ଜ। ପ୍ରଭୁ ଯୀଶୁ ଜଣେ ଉତ୍ତମ ମେଷପାଳକ। ଆପଣା ପଲମାନଙ୍କ ପାଇଁ ସେ ନିଜକୁ ଉତ୍ସର୍ଗ କରିଦେଇଥିଲେ। ଯୀଶୁଙ୍କ ବଳିଦାନକୁ ଏ ଜାତି କେବେ ହେଲେ ଭୁଲି ପାରିବ ନାହିଁ। ସମାଜ ପ୍ରତି ଉଲ୍ଲେଖନୀୟ ଅବଦାନ ଥିବା କେତେ ଜଣ ବିଶପଙ୍କ ତ୍ୟାଗପୂତ ଜୀବନକୁ ନେଇ ପ୍ରକାଶ ପାଇଛି ପ୍ରକାଶ ମହାନନ୍ଦିଆଙ୍କ ରଚିତ 'ମେଷପାଳକ' ପୁସ୍ତକ। ଏହି ପୁସ୍ତକରେ 'ନ୍ୟାୟ ଓ ଦୟାର ଆଦର୍ଶ ମେଷପାଳକ ବିଶପ ଡ.ଯାକୁବ ନାଗ', 'ନିର୍ମଳ ଭାବମୂର୍ତ୍ତିର ବ୍ୟକ୍ତିତ୍ୱ ବିଶପ ଅବିନାଶ ଚନ୍ଦ୍ର କନ୍ଦପାନ', 'ଦଳିତ ଓ ଅବହେଳିତ ମାନବର ଆଶାର ଆଲୋକ ବିଶପ ଆଞ୍ଚନ ଆଶା', 'ମିଳନ ଓ ଶାନ୍ତିର ବାର୍ତ୍ତାବାହକ ବିଶପ ଥିଓଫିଲାସ ଚେଟୀ', 'ଈଶ୍ୱରଙ୍କ ବିଶ୍ୱସ୍ତ ଦାସ ବିଶପ ବିଜୟ ଦାସବାଘ' ପ୍ରମୁଖ ୧୧ ଜଣ ଜୁ.ଇ.ଲୁ.ମ.ବିଶପମାନଙ୍କ ଜୀବନ, ସ୍ୱପ୍ନ, ବ୍ୟଥା, ବେଦନା, ସଫଳତାର କଥା ବର୍ଣ୍ଣନା କରାଯାଇଛି। ଧର୍ମପରାୟଣ ବ୍ୟକ୍ତିତ୍ୱଙ୍କୁ ଭଲ ପାଉଥିବା ପାଠକମାନଙ୍କୁ ଏହି ପୁସ୍ତକଟି ପ୍ରେରଣା ଦେବ ବୋଲି ଆଶା କରାଯାଏ। ■

# ବାହୁଡ଼ାରେ ଭିଡ଼ ନିୟନ୍ତ୍ରଣ ପାଇଁ କମାଣ୍ଡ କଣ୍ଟ୍ରୋଲ ଭେହିକଲ୍

- ପ୍ରବେଶ ପଥରେ ନଜର ରଖିଛି ଇଆଇ କ୍ୟାମେରା ଓ ଡ୍ରୋନ୍
- ପୁରୀ ଦାୟିତ୍ୱରେ ୬ ହଜାର ପୁଲିସ, ୮୦୦ କେନ୍ଦ୍ରୀୟ ଯବାନ

ଭୁବନେଶ୍ୱର,୫ ।୭ (ସମିସ): ଗୁଣ୍ଡିଚା ଯାତ୍ରାରେ ପୁରୀରେ ଯେଉଁ ଅଘଟଣ ଘଟିଲା ବାହୁଡ଼ା ଯାତ୍ରାରେ ତାହାର ଯେପରି ପୁନରାବୃତ୍ତି ନଘଟେ ସେଥିଲାଗି ଆଜି ପୁଲିସ ପକ୍ଷରୁ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି କରାଯାଇଥିଲା । ପୁଲିସ ମହାନିର୍ଦ୍ଦେଶକ ୱାଇ.ବି ଖୁରାନିଆ ନିଜେ ପୁରୀରେ ରହି ସୁରକ୍ଷା ବ୍ୟବସ୍ଥା ନିଜେ ତଦାରଖ କରିଥିଲେ । ତାଙ୍କୁ ସହଯୋଗ କରିଥିଲେ ଆଉ ୪ଜଣ ଅତିରିକ୍ତ ପୁଲିସ ଡିଜି ।

ଭିଡ଼ ଉପରେ ନଜର ରଖିବାକୁ ବଡଦାଣ୍ଡରେ ରଖାଯାଇଥିଲା କମାଣ୍ଡ କଣ୍ଟ୍ରୋଲ ଭେହିକଲ୍ । ଏହି ଭ୍ୟାନ ଭିତରୁ ପୂରା ଭିଡ଼ ଉପରେ ନଜର ରଖିଥିଲା । ଯେଉଁ ସ୍ଥାନରେ ଭିଡ଼ ହେଉଥିଲା ନିୟନ୍ତ୍ରଣ କରିବାକୁ ତ୍ୱରିତ କମାଣ୍ଡ ମଧ୍ୟ ଦିଆଯାଉଥିଲା । ଆଜି ବାହୁଡ଼ାଯାତ୍ରା ବେଳେ ପୁରୀ ସହରରେ ଆଇନ ଶୃଙ୍ଖଳା ପାଇଁ ୬ହଜାର ରାଜ୍ୟ ପୁଲିସ କର୍ମଚାରୀ ଏବଂ ୮୦୦ କେନ୍ଦ୍ରୀୟ ସଶସ୍ତ୍ର ପୁଲିସ ବାହିନୀ (ସିଏପିଏଫ) ଯବାନ ନିୟୋଜିତ ହୋଇଥିଲେ । ସହର ସାରା ୨୭୫ରୁ ଅଧିକ ଏଟିଆଇ-ସକ୍ଷମ ସିସିଟିଭି କ୍ୟାମେରା ଲଗାଯାଇଥିଲା । ଭୁବନେଶ୍ୱର ପ୍ରବେଶ ପଥ ଏବଂ ପିପିଲିରେ ଏଲିଡି ମାଧ୍ୟମରେ ଲୋକଙ୍କୁ ଟ୍ରାଫିକ୍ ସୂଚନା ଦିଆଯାଇଥିଲା । ଶ୍ରୀଜଗନ୍ନାଥ ମନ୍ଦିର ପ୍ରଶାସନର ମୁଖ୍ୟ ପ୍ରଶାସକ ଅରବିନ୍ଦ ପାଢ଼ୀ, ଜିଲ୍ଲାପାଳ ଚଞ୍ଚଲ ରାଣା ଏବଂ ପୁଲିସ ଅଧୀକ୍ଷକ ପିନାକ ମିଶ୍ର ଶ୍ରୀଗୁଣ୍ଡିଚା ମନ୍ଦିରରେ ନିୟୋଜିତ ହୋଇ ଦେବତାମାନଙ୍କ ରୀତିନୀତି ଉପରେ ନଜର ରଖିଥିଲେ । ପୁରୀ ବଡ଼ଦାଣ୍ଡର ରଖାଯାଇଥିବା କମାଣ୍ଡ କଣ୍ଟ୍ରୋଲ ଭେହିକିଲ ଭିଡ଼ ଉପରେ ନଜର ରଖିଥିଲା । କମାଣ୍ଡ କଣ୍ଟ୍ରୋଲ ଭେହିକଲ୍ ଭିତରେ ଅଗ୍ନିଶମ ଡିଆଇଜି ଉମା ଶଙ୍କର ଦାଶ ଉପସ୍ଥିତି ରହି ସିସିଟିଭି ମାଧ୍ୟମରେ ପୂରା ଭିଡ଼ ଉପରେ ନଜର ରଖିଥିଲେ । ଭୁବନେଶ୍ୱରରୁ ପୁରୀ ପ୍ରବେଶ ପଥ ଯାଏଁ ଟ୍ରାଫିକ୍ ଉପରେ ନଜର ରଖିଥିଲା ଏଆଇ କ୍ୟାମେରା ଓ ଡ୍ରୋନ୍ । କଣ୍ଟ୍ରୋଲରୁମରୁ ଜଳ, ସ୍ଥଳ ଓ ଆକାଶମାର୍ଗ ମନିଟରିଂ କରାଯାଇଥିଲା ।

# ମହାପ୍ରଭୁଙ୍କ ମାନବୀୟ ଲୀଳା | ଲକ୍ଷ୍ମୀନାରାୟଣ ଭେଟ କରାଇଲେ ଗଜପତି

ପୁରୀ,୫।୭ (ସମିସ): ଗୁଣ୍ଡିଚା ଯାତ୍ରା ଶେଷ କରି ଭାଇ-ଭଉଣୀଙ୍କୁ ସାଥୀରେ ଧରି ଜନ୍ମବେଦୀରୁ ରତ୍ନବେଦୀକୁ ବାହୁଡୁଥିଲେ ବିଶ୍ୱନିୟନ୍ତା ମହାପ୍ରଭୁ ଶ୍ରୀଜଗନ୍ନାଥ । ସେପଟେ ଶ୍ରୀମନ୍ଦିର ଚାହାଣି ମଣ୍ଡପରେ ରହି ସ୍ୱାମୀଙ୍କ ଫେରିବା ବାଟକୁ ଚାହିଁ ରହିଥିଲେ ମା' ଲକ୍ଷ୍ମୀ ସାଆନ୍ତାଣୀ । ଏହି ସମୟରେ ସିଂହଦ୍ୱାର ସମ୍ମୁଖରେ ଦଣ୍ଡାୟମାନ ତାଳଧ୍ୱଜ ରଥରେ ରହିଥିଲେ ଦେଢ଼ଶୁର ବଡ଼ଠାକୁର ଶ୍ରୀବଳଭଦ୍ର । ତେଣୁ ତାଳଧ୍ୱଜ ରଥରେ ଘେର କପଡ଼ା ଦିଆଯିବା ପରେ ଘଣ୍ଟ, ଛତା, କାହାଳୀ ସହ ପଟୁଆରରେ ପାଲିଙ୍କିରେ ମହାଲକ୍ଷ୍ମୀ ସିଂହଦ୍ୱାର ଦେଇ ଶ୍ରୀନଅର ନିକଟକୁ ଆସିଥିଲେ । ସନ୍ଧ୍ୟା ପ୍ରାୟ ୭ଟା ୪୦ରେ ନନ୍ଦିଘୋଷ ରଥ ଶ୍ରୀନଅର ସମ୍ମୁଖରେ ଅଟକିଥିଲା । ଗଜପତି ମହାରାଜା ଦିବ୍ୟସିଂହଦେବ ମହାଲକ୍ଷ୍ମୀ (ଶ୍ରୀଦେବୀ)ଙ୍କୁ ହାତରେ ବିଜେ କରାଇ ଆଣି ରଥାରୂଢ଼ କଳାଠାକୁରଙ୍କ ସହ ଭେଟ କରାଇଥିଲେ । ପତି ମହାପାତ୍ର ଶ୍ରୀଜଗନ୍ନାଥଙ୍କ ଆଜ୍ଞାମାଳ ଆଣି ଲକ୍ଷ୍ମୀ ଠାକୁରାଣୀଙ୍କୁ ପ୍ରଦାନ କରିଥିଲେ । ପରେ ପାଲିଙ୍କି ସହ ଗଜପତି ମହାରାଜା ରଥ ପରିକ୍ରମା କରି ରଥ ବାମ ପାର୍ଶ୍ୱରେ ପାରମ୍ପରିକ ରୀତିରେ ବନ୍ଦାପନା କରିଥିଲେ । ପରେ ଶ୍ରୀନଅର ସମ୍ମୁଖରେ ପନ୍ତି ଭୋଗ ସମ୍ପନ୍ନ ହୋଇଥିଲା । ପରେ ମା' ଲକ୍ଷ୍ମୀ ଠାକୁରାଣୀ ପାଲିଙ୍କିରେ ବିଜେ ହୋଇ ଶ୍ରୀମନ୍ଦିରକୁ ପ୍ରତ୍ୟାବର୍ତ୍ତନ କରିଥିଲେ । ପରେ ସିଂହଦ୍ୱାର ଅଭିମୁଖେ ଗଡ଼ିଥିଲା ନନ୍ଦିଘୋଷ ରଥ ।

ସୂଚନାଥାଉ କି, ବଡ଼ଦାଣ୍ଡରେ ଶ୍ରୀନଅର ସମ୍ମୁଖରେ ହେଉଥିବା ଏହି ନୀତିକୁ ଲକ୍ଷ୍ମୀ ନାରାୟଣ ଭେଟ କୁହାଯାଏ । ମହାପ୍ରଭୁଙ୍କ ମାନବୀୟ ଲୀଳାର ଏହା ଏକ ଅଂଶ ।

# ଆଜି ହରିଶୟନ ଏକାଦଶୀ

ପୁରୀ,୫।୭ (ସମିସ): ରବିବାର ହରିଶୟନ ଏକାଦଶୀ । ଏହି ଦିନଠାରୁ ୪ ମାସ ପର୍ଯ୍ୟନ୍ତ ଶୟନ ଯିବେ ମହାପ୍ରଭୁ । ତେବେ ହରିଶୟନ ଯାତ୍ରା ସମ୍ପର୍କରେ ଜଗନ୍ନାଥ ସଂସ୍କୃତି ଗବେଷକ ଡ. ନରେଶ ଚନ୍ଦ୍ର ଦାଶ କୁହନ୍ତି, ରବିବାର ଆଷାଢ଼ ଶୁକ୍ଳ ଏକାଦଶୀ । ଶ୍ରୀଜଗନ୍ନାଥଙ୍କର ଶୟନ ଯାତ୍ରା । ମହାପ୍ରଭୁଙ୍କର ପ୍ରସିଦ୍ଧ ଦ୍ୱାଦଶ ଯାତ୍ରା ମଧ୍ୟରୁ ଅନ୍ୟତମ । ହରିଶୟନ ଏକାଦଶୀଠାରୁ ଚାରିମାସ ପର୍ଯ୍ୟନ୍ତ ଠାକୁରମାନେ ଶୟନ କରନ୍ତି । କାର୍ତ୍ତିକ ମାସ ଶୁକ୍ଳ ପକ୍ଷ ଏକାଦଶୀ ଦିନ ମହାପ୍ରଭୁ ଶୟନରୁ ଉଠନ୍ତି । ଆଷାଢ଼ ଶୁକ୍ଳ ଏକାଦଶୀ ଦିନ ରଥ ଉପରେ ଠାକୁରମାନଙ୍କର ସମସ୍ତ ଏକାଦଶୀ ଭଳି ନୀତି ଅନୁଷ୍ଠିତ ହୋଇଥାଏ । ବିଳମ୍ବିତ ରାତିରେ ବଡ଼ସିଂହାର ବେଶ ଓ ବଡ଼ସିଂହାର ଭୋଗ ହୋଇ ମହାସ୍ନାନ ପରେ ଭଣ୍ଡାର ମେକାପ ଭଣ୍ଡାରଘରୁ ସୁବର୍ଣ୍ଣର ଶୟନ ଠାକୁରଙ୍କୁ ତିନିରଥକୁ ବିଜେ କରାଇବେ । ଶ୍ରୀବଳଭଦ୍ର ଦେବଙ୍କ ରଥରେ ବାସୁଦେବ, ଦେବୀ ସୁଭଦ୍ରାଙ୍କ ରଥରେ ଭୁବନେଶ୍ୱରୀ ଓ ଶ୍ରୀଜଗନ୍ନାଥଙ୍କ ରଥରେ

## ୪ ମାସ ଶୋଇବେ ଠାକୁର

ଶ୍ରୀନାରାୟଣ (ଶୟନ ଠାକୁର) ବିଜେ କରିବେ । ପୂଜାପଣ୍ଡା ଶୟନ ଠାକୁରମାନଙ୍କୁ ଶ୍ରୀବିଗ୍ରହମାନଙ୍କ ଶ୍ରୀଅଙ୍ଗକୁ ଲାଗି କରାଇବା ପରେ ରଥ ଉପରେ ମହାସ୍ନାନ ନୀତି ଅନୁଷ୍ଠିତ ହେବ । ଅନ୍ୟାନ୍ୟ ନୀତି ବଢ଼ିଲା ପରେ ତିନିଜଣ ପୂଜାପଣ୍ଡା ତିନିରଥରେ ବିଜେ ହୋଇଥିବା ଶୟନ ଠାକୁରମାନଙ୍କୁ ହାତରେ ଧରି ମନ୍ଦିରର ଭଣ୍ଡାର ଦୁଆର ନିକଟକୁ ନେଇଥାନ୍ତି । ସେଠାରେ ପାରମ୍ପରିକ ରୀତି ଅନୁଯାୟୀ, ଶୟନ ନୀତି ଅନୁଷ୍ଠିତ ହୋଇଥାଏ । ଶୟନ ଘରେ ପୂର୍ବରୁ ପେଢ଼ି, ତାଟ, ଶେଯ, ମାଣ୍ଡି ପ୍ରସ୍ତୁତ ରହିଥାଏ । ଠାକୁରମାନେ ଏଥିରେ ଶୟନ କରନ୍ତି । ଏହି ସମୟରେ ପ୍ରସାଦଲାଗି, ପୁଷ୍ପାଞ୍ଜଳି, କର୍ପୂର ଆଳତି, ସାତକାହାଳୀ, ସଞ୍ଜବତୀ ଓ ଦୁର୍ବାକ୍ଷତ ବନ୍ଦାପନା ପରେ ପେଢ଼ି ବନ୍ଦ କରାଯାଏ । ପେଢ଼ି ଉପରେ ଖୋଳ ପକାଯାଏ । ଏସବୁ ସରି ସମସ୍ତେ ବାହାରକୁ ଆସିଲେ ଶୟନ ଘର ଦ୍ୱାର ମଦନମୋହନଙ୍କ ମୁଦରେ ମୁଦ ଦିଆଯାଇ ବନ୍ଦ କରାଯାଏ । ଏହି ସମୟରେ ଠାକୁରମାନେ ଦକ୍ଷିଣକୁ ମୁହଁ କରି ଶୟନ କରିଥାନ୍ତି । ହରିଶୟନ ଏକାଦଶୀଠାରୁ ଚର୍ତୁମାସ ବ୍ରତ ଆରମ୍ଭ ହୋଇଥାଏ ।

# ଦୁର୍ଘଟଣା ନେଲା ୨ ଜୀବନ

ଅନୁଗୋଳ,୫ ।୭ (ସମିସ): ଅନୁଗୋଳ ଜିଲ୍ଲା ବନ୍ତଲା ଥାନା ତୁମୁଣି ଗ୍ରାମ ନବୋଦୟ ବିଦ୍ୟାଳୟ ସମ୍ମୁଖରେ ଶନିବାର ଏକ ବାଇକ୍ ଦୁର୍ଘଟଣାଗ୍ରସ୍ତ ହେବାରୁ ଦୁଇ ଆରୋହୀଙ୍କ ମୃତ୍ୟୁ ହୋଇଛି । ସେମାନେ ହେଲେ କଟକ ଜିଲ୍ଲା ତିଗିରିଆ ବ୍ଲକ ସୁଣ୍ଡପାଳ ଗ୍ରାମର ଅମର ରାଉତ (୨୫) ଓ ପ୍ରଭାତ ରାଉତ (୨୪) । ଅମର ଓ ପ୍ରଭାତ ଝାରସୁଗୁଡ଼ା ବେଦାନ୍ତ କାରଖାନାରେ କାର୍ଯ୍ୟ କରନ୍ତି । ଶନିବାର ଉଭୟ ଏକ ବାଇକ୍‌ରେ ଝାରସୁଗୁଡ଼ାରୁ ଘରକୁ ଆସୁଥିବା ବେଳେ ଭାରସାମ୍ୟ ହରାଇ ନବୋଦୟ ବିଦ୍ୟାଳୟ ସମ୍ମୁଖରେ ରାସ୍ତାକଡ଼ରେ ଥିବା ଏକ ପିଲରରେ ଧକ୍କା ହୋଇଥିଲେ । ଗୁରୁତର ଅବସ୍ଥାରେ ପୁଲିସ୍ ଉଭୟଙ୍କୁ ଉଦ୍ଧାର କରି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିଲା । ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ରବିବାର ମୃତଦେହ ବ୍ୟବଚ୍ଛେଦ କରାଯିବା ପରେ ପରିବାରଲୋକଙ୍କୁ ହସ୍ତାନ୍ତର କରାଯିବ ବୋଲି ପୁଲିସ କହିଛି ।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ଗିଲ୍‌ଙ୍କ ବିରଳ...

ୱେଷ୍ଟଇଣ୍ଡିଜ୍ ବିପକ୍ଷ ପୋର୍ଟ ଅଫ୍ ସ୍ପେନ୍ ଟେଷ୍ଟରେ ଭାରତର ସୁନିଲ ଗାଭାସ୍କର ଉଭୟ ଇନିଂସରେ ଦ୍ୱିଶତକ ସାଙ୍ଗକୁ ଶତକ ହାସଲ କରିଥିଲେ । ଏମାନଙ୍କ ବ୍ୟତୀତ ଆଉ ୭ଜଣ ବ୍ୟାଟର ଏହି ସଫଳତା ହାସଲ କରିଛନ୍ତି ।

ସେହପରି ପ୍ରଥମ ଇନିଂସରେ ଦ୍ୱିଶତକ ହାସଲ କରିବା ସହ ଭାରତୀୟ ବ୍ୟାଟର ଭାବେ ବିଦେଶ ମାଟିରେ ସର୍ବାଧିକ ଟେଷ୍ଟ ସ୍କୋର କରିଥିବା ଗିଲ ଗୋଟିଏ ଟେଷ୍ଟର ଉଭୟ ଇନିଂସରେ ଶତକ ହାସଲ କରିବାରେ ତୃତୀୟ ଭାରତୀୟ ଅଧିନାୟକ ହୋଇଛନ୍ତି । ତାଙ୍କ ପୂର୍ବରୁ ୧୯୭୮ କୋଲକାତାରେ ଅନୁଷ୍ଠିତ ୱେଷ୍ଟଇଣ୍ଡିଜ୍ ବିପକ୍ଷରେ ସୁନିଲ ଗାଭାସ୍କର ଓ ୨୦୧୪ ଆଡିଲେଡ୍‌ରେ ଅନୁଷ୍ଠିତ ଅଷ୍ଟ୍ରେଲିଆ ବିପକ୍ଷରେ ବିରାଟ କୋହଲି ଅଧିନାୟକ ଭାବେ ଉଭୟ ଇନିଂସରେ ଶତକ ହାସଲ କରିଥିଲେ । ସେହିପରି ବିରାଟ କୋହଲିଙ୍କ ପରେ ଗିଲ୍ ଦ୍ୱିତୀୟ ଭାରତୀୟ ଅଧିନାୟକ ଭାବେ ପ୍ରଥମ ୨ଟି ଟେଷ୍ଟରେ ୩ଟି ଶତକ ହାସଲ କରିଛନ୍ତି ।

## ବାହୁଡ଼ିଲେ ମହାବାହୁ...

ଫେରାଇନେବା ଲାଗି ବଡ଼ଦାଣ୍ଡରେ ଅପେକ୍ଷା କରିଥିଲେ ଲକ୍ଷାଧିକ ଶ୍ରଦ୍ଧାଳୁ । ସେପଟେ ଗୁଣ୍ଡିଚା ମନ୍ଦିରରେ ନୀତିକାନ୍ତି ବି ସଅଳ ଚାଲିଥିଲା । କୁସୁମୀ ଲାଗି ସାରି ଦଇତାପତିମାନେ ଶନିବାର ସକାଳ ୬ଟା ୪୦ରେ ବାହାରିଥିଲେ । ଏହାପରେ ୭ଟା ୫ରେ ମଙ୍ଗଳ ଆଳତି ହୋଇ ସକାଳ ୯ଟା ୧୦ ସୁଦ୍ଧା ଠାକୁରଙ୍କ ଅବକାଶ, ରୋଷହୋମ, ସୂର୍ଯ୍ୟପୂଜା, ଦ୍ୱାରପାଳ ପୂଜା, ଗୋପାଳ ବଲ୍ଲଭ ଏବଂ ସକାଳ ଧୂପ ସରିଥିଲା । ସକାଳ ଧୂପରେ ମହାପ୍ରଭୁ ଖେଚୁଡ଼ି ଖାଇଥିଲେ । ସକାଳ ୯ଟା ୫୦ରେ ମଙ୍ଗଳାର୍ପଣ ହୋଇଥିଲା । ଆଉ ନିର୍ଦ୍ଧାରିତ ସମୟ (ମଧ୍ୟାହ୍ନ ୧୨ଟା)ର ୨ଘଣ୍ଟା ୫ ମିନିଟ୍ ପୂର୍ବରୁ ଅର୍ଥାତ୍ ସକାଳ ୯ଟା ୫୫ରେ ବାଜିଥିଲା ବିଜେ କାହାଳୀ । ଆରମ୍ଭ ହୋଇଥିଲା ଦାରୁବିଗ୍ରହଙ୍କ ପହଣ୍ଡି । ଧାଡ଼ି ପହଣ୍ଡିରେ ପ୍ରଥମେ ଚକ୍ରରାଜ ଶ୍ରୀସୁଦର୍ଶନ ରଥାରୂଢ଼ ହୋଇଥିଲେ । ପରେପରେ ବଡ଼ଠାକୁର ବଳଭଦ୍ର, ହଳଦୀମୁଖୀ ଦେବୀ ସୁଭଦ୍ରା ଏବଂ ଶେଷରେ ମହାପ୍ରଭୁ ଶ୍ରୀଜଗନ୍ନାଥ ରଥାରୂଢ଼ ହୋଇଥିଲେ । ମଧ୍ୟାହ୍ନ ୧୨ଟା ୧୦ ସୁଦ୍ଧା ଚତୁର୍ଦ୍ଧାବିଗ୍ରହଙ୍କ ପହଣ୍ଡି ସରିଥିଲା । ଅଝଟ ନ ହୋଇ ସଅଳ ସଅଳ ରଥକୁ ବିଜେ କରିଥିଲେ ଠାକୁର । ମଧ୍ୟାହ୍ନ ୧୨ଟା ୫୫ ସୁଦ୍ଧା ଠାକୁରଙ୍କ ରୁନ୍ଧା ସରିଥିଲା । ଅପରାହ୍ଣ ୧ଟା ୫ ସୁଦ୍ଧା ମଦନମୋହନ ଓ ରାମକୃଷ୍ଣ ରଥକୁ ବିଜେ କରିବା ପରେ ରଥାରୂଢ଼ ଠାକୁରଙ୍କୁ ପୁଷ୍ପାଳକ ସେବକମାନେ ବେଶରେ ସୁସଜ୍ଜିତ କରାଇଥିଲେ ।

ବେଶ ବଢ଼ିବା ପରେ ଛେରାପହଁରା ଲାଗି ପ୍ରସ୍ତୁତି ଆରମ୍ଭ ହୋଇଥିଲା । ଗଜପତି ମହାରାଜା ଦିବ୍ୟସିଂହଦେବ ତାମଯାନରେ ଆସି ଶରଧାବାଲିସ୍ଥିତ ରଥ ନିକଟରେ ପହଞ୍ଚିଥିଲେ । ଆରମ୍ଭ ହୋଇଥିଲା ଛେରାପହଁରା । ତିନିରଥରେ ଗଜପତି ସୁନାବେଣ୍ଟ ଲଗା ଖଡ଼ିକାରେ ଛେରାପହଁରା କରିଥିଲେ । ପ୍ରଥମେ ତାଳଧ୍ୱଜ ପରେ ନନ୍ଦିଘୋଷ ଏବଂ ଶେଷରେ ଦେବଦଳନ ରଥରେ ଛେରାପହଁରା କରିଥିଲେ ଗଜପତି । ଅପରାହ୍ଣ ୨ଟା ୩୦ରୁ ୩ଟା ୩୦ ମଧ୍ୟରେ ଛେରାପହଁରା ପାଇଁ ସମୟ ନିର୍ଘଣ୍ଟ ଥିବା ବେଳେ ୫୦ ମିନିଟ୍ ପୂର୍ବରୁ ଅର୍ଥାତ୍ ଅପରାହ୍ଣ ୨ଟା ୪୦ ମଧ୍ୟରେ ଶେଷ ହୋଇଥିଲା । ତାଳଧ୍ୱଜ ରଥରେ ଛେରାପହଁରା ସରିବା ପରେ ଏହି ରଥରୁ ଚାରମାଳ ଫିଟା ହୋଇ ଘୋଡ଼ା ଲାଗିଥିଲେ । ପରେ ପରେ ନନ୍ଦିଘୋଷ ଏବଂ ଦେବଦଳନ ରଥରୁ ଚାଳମାଳ ଫିଟାଯିବା ସହ ଘୋଡ଼ା ଲାଗି ହୋଇଥିଲେ । ଅପରାହ୍ଣ ୪ଟାରେ ରଥଟଣା ଆରମ୍ଭ କରିବାକୁ ସମୟ ନିର୍ଘଣ୍ଟ ହୋଇଥିଲା । ହେଲେ ୧ଘଣ୍ଟା ୧୦ମିନିଟ୍ ପୂର୍ବରୁ ଅର୍ଥାତ୍ ଅପରାହ୍ଣ ୨ଟା ୫୦ରେ ଆରମ୍ଭ ହୋଇଥିଲା ରଥଟଣା । ପ୍ରଥମେ ବଡ଼ଠାକୁର ଶ୍ରୀବଳଭଦ୍ରଙ୍କ ତାଳଧ୍ୱଜ ରଥ ଟଣାଯାଇଥିଲା । ପରେପରେ ଦେବୀ ସୁଭଦ୍ରାଙ୍କ ଦେବଦଳନ ଏବଂ ଶେଷରେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନନ୍ଦିଘୋଷ ରଥ ଟଣା ହୋଇଥିଲା । ଲକ୍ଷ ଲକ୍ଷ ଭକ୍ତ ଜୟ ଜଗନ୍ନାଥ ଧ୍ୱନିରେ ରଥ ଟାଣିଥିଲେ ।

ମାଉସୀ ମା' ମନ୍ଦିର ସମ୍ମୁଖରେ ରଥ ପହଞ୍ଚିବା ପରେ ସେଠାରେ ଠାକୁରଙ୍କୁ ପୋଡ଼ପିଠା ସର୍ପମଣୋହି କରାଯାଇଥିଲା । ମାଉସୀ ମା'ର ପୋଡ଼ପିଠା ଖାଇ ଠାକୁରମାନେ ଶ୍ରୀମନ୍ଦିର ଅଭିମୁଖେ ବାହାରିଥିଲେ । ସନ୍ଧ୍ୟା ସାଢ଼େ ୬ଟା ସୁଦ୍ଧା ତାଳଧ୍ୱଜ, ୭ଟା ୧୫ରେ ଦର୍ପଦଳନ ଓ ୯ଟା ୩୦ ସୁଦ୍ଧା ନନ୍ଦିଘୋଷ ରଥ ସିଂହଦ୍ୱାର ସମ୍ମୁଖରେ ପହଞ୍ଚିଥିଲା । ମହାପ୍ରଭୁଙ୍କ ନନ୍ଦିଘୋଷ ରଥ ଶ୍ରୀନଅର ସମ୍ମୁଖରେ ପହଞ୍ଚିବା ପରେ ସେଠାରେ ଲକ୍ଷ୍ମୀ ନାରାୟଣ ଭେଟ ନୀତି ସମ୍ପନ୍ନ ହୋଇଥିଲା । ଏହାପରେ ପୁଣି ନନ୍ଦିଘୋଷ ରଥ ଟଣାଯାଇ ସିଂହଦ୍ୱାରକୁ ନିଆଯାଇଥିଲା । ଏହାପରେ ତିନିରଥକୁ ଧାଡ଼ି କରି ରଖାଯିବା ସହ ପ୍ରଶାସନ ପକ୍ଷରୁ ରଥ ଚତୁଃପାର୍ଶ୍ୱକୁ ବ୍ୟାରିକେଡିଂ କରାଯାଇଛି । ରବିବାର ରଥ ଉପରେ ମହାପ୍ରଭୁଙ୍କ ସୁନାବେଶ ଅନୁଷ୍ଠିତ ହେବ ।

## ଉଦ୍ଧବ-ରାଜ୍ ଏକାଠି...

ପ୍ରତ୍ୟାହାର କରିଥିବାବେଳେ ଦୁଇ ଭାଇ ଏକାଠି ହୋଇ ରାଜ୍ୟ ରାଜନୀତିକୁ ନୂଆ ଦିଗ ଦେବାକୁ ଆଗେଇ ଆସିଛନ୍ତି । ଉକ୍ତ ପ୍ରସ୍ତାବକୁ ଉଦ୍ଧବ ଏବଂ ରାଜ୍ ତୀବ୍ର ବିରୋଧ କରିଥିଲେ । ଉଭୟେ ରାଲି କରି ଏହାକୁ ମରାଠୀ ପରିଚୟ ପାଇଁ ବଡ଼ ବିଜୟ ଭାବେ ଅଭିହିତ କରିଛନ୍ତି । ଏହି ମହାମିଳନ ଲାଗି ମୁମ୍ବାଇର ୱର୍ଲି ସଭାଗୃହରେ ଏକ ସାର୍ବଜନୀନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ଏହାର ନାମ 'ଆୱାଜ ମରାଠିଚା' (ମରାଠୀଙ୍କ ସ୍ୱର) ରଖା ଯାଇଛି । ଦୁଇ ଦଳ ମିଳିତ ଭାବେ ଏହାର ଆୟୋଜନ କରିଛନ୍ତି । ଏଠାରେ ଉଭୟେ ୪୮ ମିନିଟ ପର୍ଯ୍ୟନ୍ତ ହିନ୍ଦୀ-ମରାଠୀ ଭାଷା ବିବାଦ, ମୁମ୍ବାଇ-ମହାରାଷ୍ଟ୍ର, ବିଜେପି ଏବଂ କେନ୍ଦ୍ର ସରକାରକୁ ନେଇ ନିଶାଣ କରିଛନ୍ତି ।

ଏହି ଅବସରରେ ରାଜ୍ ଠାକରେ କହିଛନ୍ତି ଯେ ବାଲ ଠାକ୍‌ରେ ଯାହା କରିପାରି ନ ଥିଲେ ତାହା ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡନାଭୀଶ କରି ଦେଖାଇ ଦେଲେ । ଆମ ଦୁଇ ଭାଇଙ୍କୁ ଏକାଠି କରିଦେଲେ । ଏହା ସହିତ ସେ ଫଡନାଭୀଶଙ୍କୁ ସତର୍କ କରିଦେଇଛନ୍ତି । ବିଧାନ ଭବନରେ ଦେବେନ୍ଦ୍ରଙ୍କ କ୍ଷମତା ଥାଇପାରେ, କିନ୍ତୁ ରାସ୍ତାରେ ଆମର କ୍ଷମତା ରହିଛି । ରାଜ୍ ପଚାରିଛନ୍ତି ଯେ ତ୍ରିଭାଷା ନୀତି ତୁମେ କେଉଁଠୁ ପାଇଲ? ଏହା କେବଳ କେନ୍ଦ୍ର ସରାକରଙ୍କଠାରୁ ଆସିଛି । ଏବେ ହାଇକୋର୍ଟ ଏବଂ ସୁପ୍ରିମକୋର୍ଟର ସବୁ କାର୍ଯ୍ୟ ଇଂରାଜୀରେ ହେଉଛି । କିନ୍ତୁ ଅନ୍ୟ କୌଣସି ରାଜ୍ୟରେ ମହାରାଷ୍ଟ୍ର ଭଳି ହେଉନାହିଁ । ଏବେ ମହାରାଷ୍ଟ୍ର ଚେଇଁ ଉଠିଛି, କ'ଣ ହେଉଛି ତୁମେ ତାହା ଦେଖିବ । ହିନ୍ଦୀକୁ ନେଇ ଆମର କୌଣସି ଆପତ୍ତି ନାହିଁ । କିନ୍ତୁ ଏହାକୁ ଜବରଦସ୍ତି ଲଦିବା ଅନୁଚିତ । ଯଦି ମରାଠୀ ପାଇଁ ଲଢ଼ିବା ଗୁଣ୍ଡାଗର୍ଦ୍ଦି, ତେବେ ଆମେ ଗୁଣ୍ଡା । ଗୁଜରାଟୀ ହୁଅନ୍ତୁ ଅବା ଆଉ କିଏ, ତାଙ୍କୁ ମରାଠୀ ଆସିବା ଉଚିତ । କିନ୍ତୁ ଯଦି କେହି ମରାଠୀ ଜାଣି ନାହାନ୍ତି ତାଙ୍କ ସହ ମାରପିଟି କରିବାର ଆବଶ୍ୟକତା ନାହିଁ । ଯଦି କେହି ତୁଚ୍ଛାଟାରେ ଡ୍ରାମା କରୁଛି ତେବେ ତାକୁ ବାଡେଇବା ଉଚିତ । କିନ୍ତୁ ଏହାର ଭିଡିଓ ନ ବନାଇବା ଆବଶ୍ୟକ । ଅନ୍ୟପଟେ ରାଜ୍‌ଙ୍କୁ ଫଡନାଭୀଶ ଜବାବ ଦେଇଛନ୍ତି । ବାଲା ସାହେବ ଠାକରେ ଏଥିପାଇଁ ମୋତେ ଧନ୍ୟବାଦ ଦେଉଥିବେ ବୋଲି କହିଛନ୍ତି ।

ଉଦ୍ଧବ କହିଛନ୍ତି ଯେ ଆମକୁ ହିନ୍ଦୁ-ହିନ୍ଦୁସ୍ତାନ ଦରକାର । କିନ୍ତୁ ହିନ୍ଦୀକୁ ଜବରଦସ୍ତି ଲଦିବାକୁ ବରଦାସ୍ତ କରିବୁନି । ଯଦି ତାଙ୍କର ସାତ ପିଢ଼ି ଏହା ଚାହାନ୍ତି ତେବେ ବି ଏହା ହେବାକୁ ଦେବୁନି । ସୂଚନାଯୋଗ୍ୟ ଯେ ଶେଷ ଥର ପାଇଁ ୨୦୦୬ରେ ବାଲା ସାହେବ ଠାକରେଙ୍କ ରାଲିରେ ଉଦ୍ଧବ ଏବଂ ରାଜ୍‌ଙ୍କୁ ଏକାଠି ଦେଖିବାକୁ ମିଳିଥିଲା । କିନ୍ତୁ ଉଦ୍ଧବ ଶିବସେନା ମୁଖ୍ୟ ହେବା ପରେ ରାଜ ପରିବାରରୁ ଅଲଗା ହୋଇ ଏମଏନଏସ ଗଢ଼ି ଥିଲେ । ସେତେବେଳେ ଉଭୟଙ୍କ ସମ୍ବନ୍ଧ ଭଲ ନ ଥିଲା ।

## କାହା ଚାପରେ...

ଗତ ୨୧ ତାରିଖରେ ଉପରୋକ୍ତ ୩ ବ୍ୟାଙ୍କକୁ ସରକାରୀ ଅନୁବନ୍ଧିତ ତାଲିକାରୁ ବାଦ୍ ଦେବା ପଛରେ ସରକାର ଏକ ଗୁରୁତ୍ୱପୂର୍ଣ୍ଣ କାରଣ ଦର୍ଶାଇଥିଲେ । ଗତ୨ଟି ଆର୍ଥିକ ବର୍ଷରେ ସରକାରଙ୍କ ଫ୍ଲାଗସିପ୍ ଯୋଜନା, ପ୍ରମୁଖ କାର୍ଯ୍ୟକ୍ରମ କାର୍ଯ୍ୟାନ୍ୱୟନରେ ଉପରୋକ୍ତ ୩ ବ୍ୟାଙ୍କ ଅବହେଳା ପ୍ରଦର୍ଶନ କରିଥିଲେ । ଏପରିକି ଗତ ମଙ୍ଗଳବାର ବ୍ୟାଙ୍କ ପ୍ରତିନିଧିମାନେ ମୁଖ୍ୟମନ୍ତ୍ରୀଙ୍କୁ ସାକ୍ଷାତ କରିବା ସମୟରେ ନିଜେ ମୁଖ୍ୟମନ୍ତ୍ରୀ ମଧ୍ୟ ଏନେଇ ଗଭୀର ଅସନ୍ତୋଷ ପ୍ରକାଶ କରିଥିଲେ । ବୈଠକରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ନେତୃତ୍ୱରେ କେନ୍ଦ୍ର ସରକାର ଅନେକ ଗରିବ କଲ୍ୟାଣ ଯୋଜନା କାର୍ଯ୍ୟକାରୀ କରୁଛନ୍ତି । ଲୋକମାନଙ୍କୁ ଋଣ ଜରିଆରେ ଆର୍ଥିକ କାର୍ଯ୍ୟକ୍ରମରେ ସାମିଲ କରିବା ସହିତ ସେମାନଙ୍କ ରୋଜଗାର ବୃଦ୍ଧି କରିବା ହେଉଛି ସରକାରଙ୍କ ଲକ୍ଷ୍ୟ; ମାତ୍ର ଏହି ସବୁ ଯୋଜନାଗୁଡ଼ିକରେ ଏହି ତିନିଟି ବ୍ୟାଙ୍କର ପ୍ରଦର୍ଶନ ଓଡ଼ିଶାରେ ଆଦୌ ସନ୍ତୋଷଜନକ ନୁହେଁ । ଏପରିକି ରାଜ୍ୟରେ କୃଷି ଋଣ, ପ୍ରଧାନମନ୍ତ୍ରୀ ରୋଜଗାର ସୃଷ୍ଟି ଯୋଜନା, ପିଏମ୍ ସ୍ୱନିଧି ଯୋଜନା, ଷ୍ଟାଣ୍ଡଅପ୍ ଇଣ୍ଡିଆ ଯୋଜନା, ଗୃହ ଋଣ, ଶିକ୍ଷା ଋଣ ଓ ରପ୍ତାନୀ ଋଣ ଆଦି ବିଭିନ୍ନ ଜନକଲ୍ୟାଣ ଯୋଜନାରେ ଏହି ବ୍ୟାଙ୍କଗୁଡିକର ପ୍ରଦର୍ଶନ ଅତ୍ୟନ୍ତ ଦୁର୍ବଳ ରହିଥିବା ଜଣାପଡ଼ିଥିଲା । ଏତେସବୁ ପରେ ମଧ୍ୟ କେଉଁ ପରିସ୍ଥିତିରେ ସରକାର ନିଜ ଛେପ ନିଜେ ଢୋକିଲେ ତାହାକୁ ନେଇ ବୁଦ୍ଧିଜୀବୀ ମହଲରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି ।

## ଏଥର ବର୍ଷାଭିଜା...

ଚାଷୀଭାଇମାନେ ଧାନ ତଳି ଏବଂ ବୁଣାବୁଣି କରିବାକୁ ସେ ପରାମର୍ଶ ଦେଇଛନ୍ତି । ସେହିପରି ରାଜ୍ୟରେ ବର୍ତ୍ତମାନ ବର୍ଷା ଜାରି ରହିଥିବା ବେଳେ ଏନେଇ ନିଜର ଆକଳନ ପ୍ରକାଶ କରିଛନ୍ତି ଡ. ପଶୁପାଳକ । ଆସନ୍ତା ସପ୍ତାହେ ପର୍ଯ୍ୟନ୍ତ ରାଜ୍ୟରେ ଉପକୂଳରେ ବର୍ଷାର ପରିମାଣ କମିବାର ସମ୍ଭାବନା ରହିଛି । ବର୍ତ୍ତମାନ ସକ୍ରିୟ ଲଘୁଚାପ କ୍ଷେତ୍ର ଝାଡ଼ଖଣ୍ଡର ଧାନ୍‌ବାଦ୍ ଉପରେ ରହିଛି । ଏହା ଆସନ୍ତା ୨ରୁ ୩ ଦିନ ପାଖାପାଖି ସେହି ଅଞ୍ଚଳରେ ରହିବ । ଏହାପରେ ପଶ୍ଚିମ ଝାଡ଼ଖଣ୍ଡ ଓ ସଂଲଗ୍ନ ମଧ୍ୟ ପ୍ରଦେଶରେ ଦୁଇ ଦିନ ରହି ଏହାର ପରବର୍ତ୍ତୀ ଦୁଇ ଦିନ ପ୍ରୟାଗରାଜ ଓ ପାଟଣା ମଧ୍ୟରେ ସକ୍ରିୟ ରହିବ । ଫଳତଃ ଓଡ଼ିଶା ଉପକୂଳରେ ଆସନ୍ତା ୧୨ ତାରିଖ ପର୍ଯ୍ୟନ୍ତ କାଁ ଭାଁ ବର୍ଷା ହୋଇପାରେ ବୋଲି ସେ ଆକଳନ କରିଛନ୍ତି ।

ସେ ଆହୁରି ମଧ୍ୟ କହିଛନ୍ତି ଯେ ଭଦ୍ରକଠାରୁ ଗଞ୍ଜାମ ପର୍ଯ୍ୟନ୍ତ ଉପକୂଳ ଜିଲ୍ଲାରେ ୬ ଓ ୭ ତାରିଖରେ କେତେକ ସ୍ଥାନରେ ସ୍ୱଳ୍ପ ବର୍ଷା ହୋଇପାରେ । ସୁନ୍ଦରଗଡ଼, ଝାରସୁଗୁଡ଼ା, ସମ୍ବଲପୁର ଓ ଦେବଗଡ଼ରେ ୮ ତାରିଖ ପର୍ଯ୍ୟନ୍ତ ଏବଂ ପଶ୍ଚିମ ଓଡ଼ିଶାରେ ସମ୍ବଲପୁରରୁ କଳାହାଣ୍ଡି ପର୍ଯ୍ୟନ୍ତ ସୀମାନ୍ତ ଜିଲ୍ଲାରେ ୯ ତାରିଖ ପର୍ଯ୍ୟନ୍ତ ମଧ୍ୟମ ଧରଣର ବର୍ଷା ସମ୍ଭାବନା ରହିଛି । ଅପରପକ୍ଷେ ଆସନ୍ତାକାଲି ମୟୂରଭଞ୍ଜ ଓ କେନ୍ଦୁଝର ଜିଲ୍ଲାରେ ପ୍ରବଳରୁ ଅତିପ୍ରବଳ ବର୍ଷା ସମ୍ଭାବନା ରହିଛି ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ପ୍ରଦାନ କରାଯାଇଛି ।

## ଆଜି ହୀରାକୁଦ...

ସାଧାରଣତଃ ଜୁଲାଇ ୩୧ ସୁଦ୍ଧା ହୀରାକୁଦର ଜଳସ୍ତର ୬୦୫ ଫୁଟ୍ ପାଖାପାଖି ରହିଥାଏ । କିନ୍ତୁ ଗତକାଲିଠାରୁ ନଦୀବନ୍ଧର ଜଳସ୍ତର ଏହି ସୀମା ଡେଇଁଯାଇଛି । ଗତକାଲି ସଂଧ୍ୟା ୬ଟା ସୁଦ୍ଧା ଜଳସ୍ତର ୬୦୬.୨ ଫୁଟ୍ ଥିବା ବେଳେ ଆଜି ୬୦୮.୦୬ ଫୁଟ୍‌କୁ ବୃଦ୍ଧି ପାଇଛି । ଆଗକୁ ବର୍ଷା ଥିବାରୁ ଏଥିରେ ମଧ୍ୟ ବୃଦ୍ଧି ଘଟିବାର ସମ୍ଭାବନା ରହିଛି ।

ବର୍ତ୍ତମାନ ଜଳଭଣ୍ଡାରକୁ ସେକେଣ୍ଡ ପିଛା ୧୨୨୮୫୨ ଘନଫୁଟ୍ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚ୍ୟାନେଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୩୭୭୯୩ ଘନଫୁଟ ଜଳ ନିଷ୍କାସିତ ହେଉଛି । ପାୱାର ଚ୍ୟାନେଲ ଦେଇ ୩୪୪୯୧ ଘନଫୁଟ, ଶିଳ୍ପାନୁଷ୍ଠାନ ପାଇଁ ୨୩୪ ଘନଫୁଟ, କେନାଲ ପାଇଁ ୩୦୬୮ ଘନଫୁଟ ଜଳ ନିଷ୍କାସିତ ହେଉଛି । ସମ୍ପ୍ରତି ସ୍ପିଲୱେ ଦେଇ କୌଣସି ଜଳ ନିଷ୍କାସିତ ହେଉନାହିଁ । ଅନ୍ୟପକ୍ଷରେ, ତଳମୁଣ୍ଡରେ ବେଲଗାଁଠାରେ ୧୨୦୦୦ କ୍ୟୁସେକ୍ ଜଳ ପ୍ରବାହିତ ହେଉଥିବା ବେଳେ ପଥର୍ଲାଠାରେ ୩୯୫୧୬କ୍ୟୁସେକ, ଖଇରମାଲଠାରେ ୮୬୦୦୦ କ୍ୟୁସେକ, ବାରମୁଲଠାରେ ୯୦୦୦୦ କ୍ୟୁସେକ ଏବଂ ମୁଣ୍ଡଳୀଠାରେ ୧୩୮୧୩୬ କ୍ୟୁସେକ୍ ଜଳ ପ୍ରବାହିତ ହେଉଥିବା ହୀରାକୁଦ ମୁଖ୍ୟ ନଦୀବନ୍ଧ ସୂତ୍ରରୁ ପ୍ରକାଶ । ଗତ ୨୪ଘଣ୍ଟାରେ ଉପରମୁଣ୍ଡରେ ୧୦.୪୯ ମିମି ଏବଂ ତଳମୁଣ୍ଡରେ ୭.୬୪ ମିମି ବର୍ଷା ହୋଇଥିବା ଜଣାପଡ଼ିଛି ।

ଅପରପକ୍ଷେ, ଆସନ୍ତାକାଲି ପ୍ରଥମ ବନ୍ୟାଜଳ ଛଡ଼ାଯିବାକୁ ଥିବାରୁ ଆଜି ଡାକବାଜି ଯନ୍ତ୍ର ସାହାଯ୍ୟରେ ହୀରାକୁଦ ଅବବାହିକା ଅଞ୍ଚଳରେ ଜନସାଧାରଣଙ୍କୁ ସଚେତନ କରାଯାଇଛି । ବନ୍ୟାଜଳ ନିଷ୍କାସନ ସମୟରେ ନଦୀ ମଧ୍ୟକୁ ପ୍ରବେଶ ଓ ଅନ୍ୟାନ୍ୟ ବ୍ୟବହାର ପାଇଁ ଜନସାଧାରଣ ସତର୍କତା ଅବଲମ୍ବନ କରିବାକୁ କୁହାଯାଇଛି । ସେହିପରି ୪୮ ଘଣ୍ଟା ପୂର୍ବରୁ ଉତ୍ତରାଞ୍ଚଳ ରାଜସ୍ୱ ଆୟୁକ୍ତ, ସମ୍ବଲପୁର, କେନ୍ଦ୍ରୀୟ ରାଜସ୍ୱ ଆୟୁକ୍ତ, କଟକ ଓ ଦକ୍ଷିଣାଞ୍ଚଳ ରାଜସ୍ୱ ଆୟୁକ୍ତ, ବ୍ରହ୍ମପୁରଙ୍କ ସମେତ ମହାନଦୀ ଅବବାହିକାରେ ଥିବା ୧୩ଟି ଜିଲ୍ଲାର ଜିଲ୍ଲାପାଳ ଏବଂ ଆରକ୍ଷୀ ଅଧୀକ୍ଷକଙ୍କୁ ଏନେଇ ଅବଗତ କରାଯାଇଛି ।

ଉଲ୍ଲେଖଯୋଗ୍ୟ, ହୀରାକୁଦ ନଦୀବନ୍ଧର ସର୍ବୋଚ୍ଚ ଜଳଧାରଣ କ୍ଷମତା ୬୩୦ ଫୁଟ୍ । ହୀରାକୁଦ ନଦୀବନ୍ଧରେ ୬୪ଟି ସ୍ଲୁଇସ ଫାଟକ ଓ ୩୪ଟି କ୍ରେଷ୍ଟ ଫାଟକ ସହ ମୋଟ ୯୮ଟି ନିଷ୍କାସନ ଫାଟକ ରହିଛି । ଏହା ମାଧ୍ୟମରେ ହୀରାକୁଦ ଜଳଭଣ୍ଡାରରୁ ବନ୍ୟାଜଳ ନିଷ୍କାସନ କରାଯାଇଥାଏ ।

## ସାବଧାନ! ଛେନାରୁ...

ଭୁବନେଶ୍ୱର ଓ କଟକରେ ପାଖାପାଖି ୩ ଶହ ଛେନା, ପନୀର୍ ବେପାରୀ ବିଭିନ୍ନ ସ୍ଥାନରେ ଷ୍ଟଲ୍ କରି ବିକ୍ରି କରୁଛନ୍ତି । ଏମାନେ ସମସ୍ତେ ଭୁବନେଶ୍ୱର ଉପକଣ୍ଠ ବାଲିଅନ୍ତା, ବାଲିପାଟଣା, ବନମାଳୀପୁର, ପାହାଳ, ଜୋହଳ, ନିଆଳି ଆଦି ସ୍ଥାନରୁ ଆସୁଛନ୍ତି । ଜାତୀୟ ରାଜପଥ ଦେଇ ସହର ଭିତରକୁ ପ୍ରବେଶ କରୁଛନ୍ତି । ଜାତୀୟ ରାଜପଥରେ ଲଗାଣ ବର୍ଷା ଯୋଗୁଁ ବର୍ଷା ପାଣି ଜମି ରହୁଛି । ବେପାରୀମାନେ ଛେନାକୁ ବାଇକ୍ ପଛପଟେ ଝୁଲାଇ ଆଣିବାବେଳେ ବଡ଼ ବଡ଼ ଟ୍ରକ୍ ଓ ଦ୍ରୁତଗାମୀ ଗାଡ଼ି ଯିବାବେଳେ ପାଣି ଛିଟା ଛେନା ଗଣ୍ଠିଲି ଉପରେ ପଡ଼ୁଛି । ପତଳା ଧୋତି କପଡ଼ାରେ ଛେନା ବନ୍ଧା ହୋଇଥିବାରୁ ରାସ୍ତାର ମଇଳା ପାଣି ସବୁ ଛେନାରେ ମିଶୁଛି । ତା'ପରେ ଏହାକୁ ଆଣି ବିକ୍ରି କରାଯାଉଛି । ବିଶେଷକରି ସନ୍ଧ୍ୟା ସମୟରେ ରାସ୍ତାକଡ଼ରେ ବିକ୍ରି ହେଉଥିବା ଏସବୁ ଖାଦ୍ୟସାମଗ୍ରୀ ଖାଦ୍ୟ ସୁରକ୍ଷା ଅଧିକାରୀଙ୍କ ନଜର ଆଢୁଆଳରେ ରହି ଯାଉଛନ୍ତି ।

ଅନ୍ୟପକ୍ଷରେ ରାଜ୍ୟରେ ଏବେ ଡାଇରିଆ ତଥା ଅନ୍ୟାନ୍ୟ ଜଳବାହିତ ରୋଗ ବ୍ୟାପିବାରେ ଲାଗିଛି । ଉପକୂଳ ଓ ଉତ୍ତର ଓଡ଼ିଶାରେ ଡାଇରିଆ କଲବଲ କରିବା ପରେ ଏବେ ଦକ୍ଷିଣ ଓଡ଼ିଶାକୁ ବ୍ୟାପିଛି । ରାଜ୍ୟ ସରକାର ଏଥିପାଇଁ ଏକାଧିକ ସଚେତନତାମୂଳକ ପଦକ୍ଷେପ ନେଉଥିବା କହୁଛନ୍ତି । ହେଲେ ଏଭଳି ଏକାଧିକ ଖାଦ୍ୟ ପଦାର୍ଥ ବିକ୍ରି ଦ୍ରବ୍ୟ ଉପରୁ ତାଙ୍କ ନଜର ହଟିଯାଉଛି । ତେଣୁ ଏହା ଉପରେ ଦୃଷ୍ଟି ଦେଲେ ଡାଇରିଆ ନିୟନ୍ତ୍ରଣ ସହ ଲୋକ ସ୍ୱାସ୍ଥ୍ୟହାନୀରୁ ବର୍ତ୍ତିପାରିବେ ବୋଲି କୁହାଯାଉଛି । ଏ ସମ୍ପର୍କରେ ଜଣେ ବରିଷ୍ଠ ଖାଦ୍ୟ ସୁରକ୍ଷା ଅଧିକାରୀ କହିଛନ୍ତି, ଏହି ବ୍ୟବସାୟୀମାନେ ସନ୍ଧ୍ୟା ସମୟରେ ଆସୁଛନ୍ତି । ନଚେତ୍ ନାଗୁଆ ଦୋକାନରେ ଜିନିଷ ବିକ୍ରି କରି ଚାଲି ଯାଉଛନ୍ତି । ତେଣୁ ଏମାନଙ୍କ ଖାଦ୍ୟ ପଦାର୍ଥ ଯାଞ୍ଚ କରିବା ସମ୍ଭବ ହେଉନି । ଏବେ ଏହା ଉପରେ ମଧ୍ୟ ଯାଞ୍ଚ କରାଯିବ । ଏଥିସହ ଯେଉଁ ଦୋକାନଗୁଡ଼ିକରେ ଏମାନେ ଜିନିଷ ବିକ୍ରି କରୁଛନ୍ତି, ତା'ର ବି ଯାଞ୍ଚ କରାଯାଇ ଖାଦ୍ୟ ନମୁନା ସଂଗ୍ରହ କରି ପରୀକ୍ଷାଗାରକୁ ପଠାଯିବ ବୋଲି ସେ କହିଛନ୍ତି ।

## ଅଝଟ ହେଲେ...

କାଳିଆସାଆନ୍ତ । ଭାଇ, ଭଉଣୀଙ୍କ ରଥ ଗଡ଼ିଲା, ହେଲେ ସିଂହଦ୍ୱାରରୁ ଗଡ଼ିଲେନି ଜଗତର ନାଥ । ଦୁଇଦିନ ଟଣା ହୋଇଥିଲା ରଥ ।

ସମାନ ଦୃଶ୍ୟ ଦେଖିବାକୁ ମିଳିଥିଲା ହଳଦୀମୁଖୀ ସୁଭଦ୍ରାଙ୍କ କ୍ଷେତ୍ରରେ । ସୁନାମୁହିଁଙ୍କ ମୁଖରେ ଥିଲା ବିରସର ଭାଷା । କାହିଁକି ମାଆ କଣ ହେଲା? କିଏ କଲା କି ତ୍ରୁଟି । ସତେଯେମିତି ଆଜି ମାନୁ ନ ଥିଲା ମନ । ଆଡପମଣ୍ଡପ ଛାଡିବାକୁ ନ ଥିଲା ଇଚ୍ଛା । ବାହୁଯାତ୍ରାରେ ପହଣ୍ଡି ବେଳେ ଏ ଦୃଶ୍ୟ ବୟାନ କରୁଥିଲା ଅନେକ କିଛି । କାରଣ ପହଣ୍ଡି ବେଳେ ରଥକୁ ଚଢିବାରେ ଅଝଟ କରିଥିଲେ ଭଉଣୀ ସୁଭଦ୍ରା । ସବୁଥର ଖୁସିଖୁସିରେ ବାହୁଡ । ଏଥର କିନ୍ତୁ ବ୍ୟତିକ୍ରମ ହେଲା । ଗୁଣ୍ଡିଚା ମନ୍ଦିରରୁ ଆସିବା ବେଳେ ହଠାତ୍ ଭାରି ହୋଇଗଲେ । ରଥ ଚାରିପଟେ ବୁଲିବା ବେଳେ ସମ୍ଭାଳି ପାରିଲେନି ସେବାୟତ । ବୁଲିଲେ ସିନା ରଥକୁ ଉଠିବାର ଇଚ୍ଛା କରି ନ ଥିଲେ । ସେବାୟତ ବି ଧଇଁସଇଁ ହୋଇପଡିଲେ ।


**AFFIDAVIT**

By virtue of an affidavit sworn before Notary Public Titilagarh, dated 03.07.2025, I, Anka Bhoi, Address: At-Gohirapadar, Po- Binekela, Ps- Titilagarh, Dist- Balangir, Odisha, Pin- 767033 declare that I have changed my name from **Anka Putel** to **Anka Bhoi.** Henceforth, I shall be known as **Anka Bhoi** for all purposes.

Anka Bhoi

**AFFIDAVIT**

I, **Rekha Bhavani Lakhinana**, D/o Satyanarayana Rao Lakinana, resident of Flat No. C-19, RBI Officers colony, Nayapalli, Bhubaneswar, Pin Code - 751015, Odisha, do hereby declared by this affidavit no. 2033, dtd. 04.07.2025 that from now onwards I shall be known as **Rekha Bhavani Lakinana** for all future purposes.

**AFFIDAVIT**

I, Shaikh Nawshad Ali, aged about 34 years, S/o- Sk Khurshid Ali, resident of Purusottampur, Aranga, Jajpur, PIN- 755007, Odisha declared by this affidavit No. 543, dtd- 03/07/2025 that now onwards I shall be known as **SK NAWSHAD ALI** for all future purposes.

**OFFICE OF THE MUNICIPAL COUNCIL, NAYAGARH**

No. 1409/ Dt. 30.06.2025

**2nd CORRIGENDUM TO TENDER CALL NOTICE NO. 945 DATED 23.04.2025**

**C-620:** Due to unavoidable circumstance the Tender Call Notice No. **945** dated 23.04.2025, Tender Reference No. **MULNGR-04/2025-26,** Tender ID: **2025_ORULB_112796_1** regarding Providing Consultancy Services for Preparation of Comprehensive Drainage Master Plan and DPR for Storm Water Drainage System of Nayagarh Municipality, in the District of Nayagarh, Odisha is hereby cancelled.

Sd/- Executive Officer
Nayagarh Municipality

OIPR - 13134/11/0046/2526

**AFFIDAVIT**

I, Shaikh Khurshid Ali, aged about 65 years, S/o- Sk Makbul Ali, resident of Purusottampur, Aranga, Jajpur, PIN-755007, Odisha declared by this affidavit No. 544, dtd- 03/07/2025 that now onwards I shall be known as **SK KHURSHID ALI** for all future purposes.

**AFFIDAVIT**

I, Md Nuruddin, aged about 53 years, S/o- Mahammad Mansur, resident of At-Golamahammad Patana, Bhakar Sahi, Dist-Khurda PIN-752103, Odisha declared by this affidavit No-547, dtd- 05/07/2025 that now onwards I shall be known as **MAHAMMAD NURUDDIN** for all future purposes.

**TPWODL**

**TP WESTERN ODISHA DISTRIBUTION LIMITED**
(A Joint Venture of Tata Power and Government of Odisha)
Corporate Office : Burla, Dist.-Sambalpur (Odisha)-768017

**NOTICE INVITING TENDER**

**Tender Notice No. TPWODL/SA/O/SU/2500001011**

TP Western Odisha Distribution Limited, invites tender quotations (in 2part bidding) from eligible vendors for the following package :

**Supply of 33KV cable fault detector.**

Interested bidders are to submit Tender Participation Fee and Authorization Letter through email on or before **17th July 2025, 15:00Hrs,** after which link from e-Tender system shall be shared with them.

For detailed tender documents of the above-mentioned tender, please visit Tender section of **www.tpwesternodisha.com.** All details for participating in tender is given in the tender document.

All future correspondence regarding the tender, bid submission, date extension etc. will take place with the participating bidders only through E-Tender system.

Sd/- **Head-Contracts and Procurement**

**AFFIDAVIT**

I, Sarika Agarwala, aged about 49 years, W/o- Ashok Kumar Agrawala, resident of At- Madanmohanpada, Po/Ps-Angul, Dist-Angul PIN- 759122, Odisha declared by this affidavit No- 483, dtd- 02/06/2025 that now onwards I shall be known as **SARIKA AGRAWALA** for all future purposes.

**AFFIDAVIT**

By virtue of an affidavit No.2367, Dtd.26.06.2025 sworn before the Executive Magistrate, Bhogarai I, Babu Khan, S/o. Mahemud Khan, At. Sukhasanda, Po. S S Patana, Ps. Bhogarai, Dist. Balasore, Odisha, declare that unfortunately my son name spelling as **Mohammad Sadik Reza khan** Pathan instead of correct spelling **Salman Khan** in his Adhar card no. 653933724938. Henceforth, he will be known as **Salman Khan** for all purposes.

## ପୁରୀରେ ହେଲ୍ପ ଫର ୟୁ ଫାଉଣ୍ଡେସନର ସେବାକାର୍ଯ୍ୟ



ଜଳେଶ୍ୱର ବ୍ଲକ, ୫।୭ (ସମିସ): ପୁରୀରେ ବାହୁଡ଼ା ଯାତ୍ରା ଅବସରରେ ସେବା ଯୋଗାଇଲେ ଅଗ୍ରଣୀ ସ୍ୱେଚ୍ଛାସେବୀ ସଙ୍ଗଠନ ହେଲ୍ପ ଫର ୟୁ ଫାଉଣ୍ଡେସନ। ପ୍ରତ୍ୟେକ ବର୍ଷ ଭଳି ଚଳିତ ବାହୁଡା ଯାତ୍ରାରେ ପୁରୀ ମେଡିକାଲ ଛକ, ବଡ ଶଙ୍ଖ ଛକ, ଶ୍ରୀଗୁଣ୍ଡିଚା ଛକ ଠାରେ ଟ୍ରାଫିକ ନିୟନ୍ତ୍ରଣ କରିବା ସହିତ ଦହି ସରବତ, ଲେମ୍ବୁପାଣି, କାକୁଡ଼ି, ତରଭୁଜ, ବିସ୍କୁଟ, ଥଣ୍ଡା ରସ ଆଜି ଅଗଣିତ ଭକ୍ତଙ୍କୁ ବଣ୍ଟନ କରାଯାଇଛି। ଏଥିସହ ପାଣି ସିଞ୍ଚନ ଓ ଆମ୍ବୁଲାନ୍ସ ସେବାରେ ମଧ୍ୟ ସହଯୋଗ କରି ବେଶ ଭୂମିକା ନେଇଛନ୍ତି ହେଲ୍ପ ଫର ୟୁ ଫାଉଣ୍ଡେସନ। ସ୍ୱଚ୍ଛତାକୁ ଆଖି ନଜରରେ ରଖି ହେଲ୍ପ ଫର ୟୁ ଫାଉଣ୍ଡେସନ ବେଳା ଭୂମିରେ ମଧ୍ୟ ସଫେଇ କାର୍ଯ୍ୟକ୍ରମ କରିଛନ୍ତି।

## ଜଳେଶ୍ୱରରେ ନୂତନ ସିଡିପିଓଙ୍କ ଯୋଗଦାନ



ଜଳେଶ୍ୱର ବ୍ଲକ, ୫।୭ (ସମିସ) : ଜଳେଶ୍ୱର ଆଇସିଡିଏସରେ ନୂତନ ସିଡିପିଓ ଭାବେ ମିନତି ସିଂ ଯୋଗଦାନ କରିଛନ୍ତି। ସେ କୁଳିଅଣା ବ୍ଲକରେ ମହିଳା ପରିଦର୍ଶିକା ପଦବୀରେ ସୁଚାରୁ ଭାବେ କାର୍ଯ୍ୟ କରି ପଦୋନ୍ନତି ପାଇ ଜଳେଶ୍ୱର ସିଡିପିଓ ଭାବେ ଗୁରୁବାର ଯୋଗଦାନ କରିଛନ୍ତି। ଆଜି ସେ କାର୍ଯ୍ୟରେ ଯୋଗଦାନ କରିବା ପରେ ଆଇସିଡିଏସ କାର୍ଯ୍ୟାଳୟ ପକ୍ଷରୁ ତାଙ୍କୁ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧନା ଦିଆଯାଇଛି। ଆଇସିଡିଏସ କାର୍ଯ୍ୟାଳୟର ବରିଷ୍ଠ କିରାଣୀ ନମିତା ସିଂ, କନିଷ୍ଠ କିରାଣୀ ଦୀପାଳି ମୁର୍ମୁ, ଡ୍ରାଇଭର ଗଗନ ବିହାରୀ ପ୍ରଧାନ, ମମତା ପିଏ ରାଜେଶ କୁମାର ଭଞ୍ଜ, କମଳ ଲୋଚନ ଆଚାର୍ଯ୍ୟ, ମହିଳା ପରିଦର୍ଶିକା ସଞ୍ଜୁ ଜେନା, ଶାନ୍ତିଲତା ସିଂ, ସୁକାନ୍ତ ସିଂ ଓ ଆଜି ଯୋଗଦାନ କରିଥିବା ନୂତନ ମହିଳା ପରିଦର୍ଶିକା ମନ୍ଦାକିନୀ ଜେନା ପ୍ରମୁଖ ଉପସ୍ଥିତ ଥିଲେ।

## ବୃକ୍ଷରୋପଣ କାର୍ଯ୍ୟକ୍ରମ

ବାଲେଶ୍ୱର, ୫।୭ (ସମିସ): ବନ ମହୋତ୍ସବ ସପ୍ତାହ ପାଳନ ଅବସରରେ ଜିଲ୍ଲା ଆଇନସେବା ପ୍ରାଧିକରଣ ପକ୍ଷରୁ ବୃକ୍ଷରୋପଣ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। ପୂର୍ବାହ୍ନରେ ରେମୁଣା ହାଇସ୍କୁଲ ପରିସର ଏବଂ ଅପରାହ୍ନରେ ଆଇ.ଟି.ଆଇ ଛକସ୍ଥିତ ସ୍ଥିରୀକୃତ ନୂତନ ଜୁଡିସିଆଲ୍ ହବ୍ ପରିସରରେ ଏହି କାର୍ଯ୍ୟକ୍ରମ କରାଯାଇଥିଲା। ଜିଲ୍ଲା ଏବଂ ଦୌରାଜଜ୍ ତଥା ଜିଲ୍ଲା ଆଇନସେବା ପ୍ରାଧିକରଣ ଅଧ୍ୟକ୍ଷ ସତ୍ୟ ନାରାୟଣ ମିଶ୍ର ଯୋଗଦେଇ ପରିବେଶର ସୁରକ୍ଷା ପାଇଁ ବୃକ୍ଷରୋପଣର ଗୁରୁତ୍ୱ ସଂପର୍କରେ ମତ ରଖିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବାଲେଶ୍ୱର ଜଜ୍ କୋର୍ଟର ସମସ୍ତ ବିଚାର ବିଭାଗୀୟ ଅଧିକାରୀ, ପ୍ୟାନେଲ୍ ଲୟର, ପାରାଲିଗାଲ୍ ସ୍ୱେଚ୍ଛାସେବୀ ପ୍ରମୁଖ ଅଂଶଗ୍ରହଣ କରିଥିଲେ। ଏହି ବୃକ୍ଷରୋପଣ କାର୍ଯ୍ୟକ୍ରମକୁ ଜିଲ୍ଲା ସ୍ଥାୟୀ ଏବଂ ନିରନ୍ତର ଲୋକ ଅଦାଲତର ବିଚାରପତି ତଥା ଜିଲ୍ଲା ଆଇନସେବା ପ୍ରାଧିକରଣ ସଚିବ ସୁମନ୍ ଜେନା ପରିଚାଳନା କରିଥିଲେ।

## ଶିଶୁ-କିଶୋର ପତ୍ରିକା 'କିଚିରି ମିଚିରି' ଉନ୍ମୋଚିତ



ବାଲେଶ୍ୱର,୫।୭ (ସମିସ): ବହିଘର-ବିଦ୍ୟାଭାରତୀ ସଭାଗୃହରେ କବି ଅଭୟ ଦାସଙ୍କ ସଭାପତିତ୍ୱରେ ଶିଶୁ-କିଶୋର ପତ୍ରିକା "କିଚିରି ମିଚିରି'ର ରଥ ସଂଖ୍ୟା ଉନ୍ମୋଚିତ ହୋଇଯାଇଛି। ଏହି ଉନ୍ମୋଚନ ଉତ୍ସବରେ ମୁଖ୍ୟଅତିଥି ଭାବରେ ଡକ୍ଟର ରାଧାରଞ୍ଜନ ପଟ୍ଟନାୟକ, ମୁଖ୍ୟବକ୍ତା ଭାବେ ସାହିତ୍ୟିକ ବ୍ରଜେନ୍ଦ୍ର ଗିରି ଏବଂ ଅତିଥି ବକ୍ତା ଭାବେ ଶିଳ୍ପୀ କେଶୁ ଦାସ, କବି ବିଜୟ ଦାସ, ଅଧିକାରୀ, କବି ପୂର୍ଣ୍ଣଚନ୍ଦ୍ର ପଣ୍ଡା ଯୋଗ ଦେଇଥିବା ବେଳେ କାର୍ଯ୍ୟକ୍ରମର ସଂଯୋଜନା କରିଥିଲେ ପତ୍ରିକାର ମୁଖ୍ୟ ସମ୍ପାଦକ ପୀତାମ୍ବର ଦାସ ଓ ସମ୍ପାଦିକା ମୋନାଲିସା ପ୍ରଧାନ। ମଞ୍ଚ ଆହ୍ୱାନ କରିଥିଲେ କବି ପଦ୍ମଲୋଚନ ପ୍ରଧାନ ଏବଂ ଧନ୍ୟବାଦ ଅର୍ପଣ କରିଥିଲେ ନାଟ୍ୟକାର ବିଦ୍ୟାଧର ସାହୁ। କାର୍ଯ୍ୟକ୍ରମରେ ମଞ୍ଜୁଲତା ବଳ, ବିଦ୍ୟାଧର ନାୟକ, ରମେଶ ବେହେରା, ଲଳିତ ମୋହନ ଦାସ, ତୀର୍ଥରଞ୍ଜନ ବଳ, ସରିତା ସାମଲ ଓ ଆଶ୍ରିତା ତରେଇ ସହଯୋଗ କରିଥିଲେ।

### ଦାଉ ସାଧିଲା ଲଗାଣ ବର୍ଷା ଓ ବନ୍ୟା

# ଉଜୁଡ଼ିଗଲା ଶହେ ହେକ୍ଟର ପରିବା ଚାଷ

ବାଲେଶ୍ୱର,୫।୭ (ସମିସ)





ଲଘୁଚାପ ଜନିତ ଲଗାଣ ବର୍ଷା ଫଳରେ ବାଲେଶ୍ୱର ଜିଲ୍ଲାରେ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି। ଏଯାବତ୍ ବନ୍ୟା ପରିସ୍ଥିତିରେ ସୁଧାର ଆସିନାହିଁ। ଗୋଟିଏ ପଟେ ଲଗାଣ ବର୍ଷା ଓ ଅନ୍ୟପଟେ ବନ୍ୟା ଚାଷୀଙ୍କ ମେରୁଦଣ୍ଡକୁ ସମ୍ପୂର୍ଣ୍ଣ ଭାଙ୍ଗି ଦେଇଛି। ଧାର କରଜ କରି ଚାଷୀମାନେ କିଏ ଧାନ ଚାଷ ଆରମ୍ଭ କରିଥିଲେ ତ ଆଉ କିଏ ପରିବା ଚାଷ କରିଥିଲେ। ହେଲେ ଏହି ଲଗାଣ ବର୍ଷା ଚାଷୀମାନଙ୍କ ଫସଲ ନଷ୍ଟ କରିଦେବା ସହ ତଳିମଧ ନଷ୍ଟ କରିଦେଇଛି। ହେଲେ ଏହି ଲଗାଣ ବର୍ଷାରେ ବିଶେଷ ଭାବେ କ୍ଷତିଗ୍ରସ୍ତ ହୋଇଛନ୍ତି ପରିବା ଚାଷୀ। ଏଭଳି ଏକ ଚିତ୍ର ଦେଖିବାକୁ ମିଳିଛି ରେମୁଣା ବ୍ଲକର ପାଖାପାଖି ୩ଟି ପଂଚାୟତରେ। ଏଠାରେ ଚାଷୀମାନଙ୍କର ପାଖାପାଖି ଶହେ ହେକ୍ଟର ଜମିରେ ଏହି ଫସଲ ନଷ୍ଟ ହୋଇଥିବା ଏପର୍ଯ୍ୟନ୍ତ କୌଣସି ସରକାରୀ ଅଧିକାରୀ ଏହାର ତଦାରଖ ନକରିବା ଚାଷୀଙ୍କ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଉଛି।

ଗତ ସପ୍ତାହରେ ବାଲେଶ୍ୱରରେ ଲଘୁଚାପ ଜନିତ ଲଗାଣ ବର୍ଷା ହୋଇଥିଲା। ଏହାରି ପ୍ରଭାବରେ ସୁବର୍ଣ୍ଣରେଖା ଏବଂ ଜଳକା ନଦୀରେ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି। ବୁଢ଼ାବଳଙ୍ଗ ନଦୀର ଜଳସ୍ତର ମଧ୍ୟ ବୃଦ୍ଧି ପାଇଥିଲା। ଗୋଟିଏ ପଟେ ଲଗାଣ ବର୍ଷା ସାଙ୍ଗକୁ ନଦୀର ବର୍ଦ୍ଧିତ ଜଳସ୍ତର ରେମୁଣା ବ୍ଲକର ବିଭିନ୍ନ ପଞ୍ଚାୟତରେ ପଶିଥିଲା। ଯାହାଦ୍ୱାରା ସେଠାକାର ଚାଷୀମାନେ କରିଥିବା ପରିବା ଚାଷ ସମ୍ପୂର୍ଣ୍ଣ ଭାବେ ନଷ୍ଟ ହୋଇଥିଲା। ରେମୁଣା ବ୍ଲକର ବଡ଼ପାଳ ପଂଚାୟତର ମରେଇଗାଁ, ଗୋପାଳପୁର, ମହାନ୍ତିପଡା, ବରବାଙ୍କ, କାଶୀପୁର, ମାଣତିପଡା ଅଞ୍ଚଳ ସମେତ କଲ୍ୟାଣପୁର ପଞ୍ଚାୟତର ପାଳସିଆ, ତାଳମେଢ଼ି, ଗୁଣ୍ଡୁଦା, ଫତୁରୁଖୀ, ଗାଙ୍ଗପୁରା ଏବଂ ଗଣ୍ଡରଦା ପଞ୍ଚାୟତର ଶ୍ରୀରାମପୁର, ଶଙ୍କରପୁର, ଗଣ୍ଡରଦା ଆଦି ଅଞ୍ଚଳରେ ଚାଷୀମାନେ ପାଖାପାଖି ଶହେରୁ ଦେଢ଼ ଶହ ଏକରରେ ପୋଟଳ, ଜହ୍ନି, ଭେଣ୍ଡି, ବୋଇତାଳୁ, ବାଇଗଣ, ନାଡୁକା, କୁନ୍ଦୁରୀ, ଲଙ୍କା ଆଦି ବିଭିନ୍ନ ପ୍ରକାର ପନିପରିବା ଚାଷ କରିଥିଲେ। ହେଲେ ଲଗାଣ ବର୍ଷା ଏବଂ ନଦୀର ବର୍ଦ୍ଧିତ ଜଳସ୍ତର ସେମାନଙ୍କ ଚାଷକ୍ଷେତକୁ ପଶିଥିଲା। ଯାହାଦ୍ୱାରା ପାଣି ପାଖାପାଖି ୪ରୁ ୫ଦିନ ବିଲ ମଧ୍ୟରେ ଜମି ରହିଥିଲା। ଏହାଦ୍ୱାରା ପରିବା ଗଛ ମୂଳରେ ପାଣି ଜମା ହୋଇ ସବୁଯାକ ପଚିଯିବା ସହ ସେମାନଙ୍କ ଫସଲ ମଧ୍ୟ ନଷ୍ଟ ହୋଇଯାଇଛି। କଲ୍ୟାଣପୁର ପଂଚାୟତ ପାଳସିଆ ଗ୍ରାମର ଚାଷୀ ଦାମ ମହାନ୍ତି ଦେଢ଼ ଏକର ଜମିରେ ୫୫ହଜାର ଟଙ୍କା ଖର୍ଚ୍ଚ କରି ପନିପରିବା ଲଗାଇଥିଲେ। ସେହିପରି ଗ୍ରାମର ଲେମ୍ବୁ ମହାନ୍ତି ଗୋଟିଏ ଏକର ଜମିରେ ୨୫ହଜାର ଟଙ୍କା ଖର୍ଚ୍ଚ କରି ପନିପରିବା ଚାଷ କରିଥିଲେ। ସେହିପରି ଗ୍ରାମର ଜଗା ମହାନ୍ତି ୨ଏକର ଜମିରେ ପାଖାପାଖି ୧ଲକ୍ଷ ଟଙ୍କା ଖର୍ଚ୍ଚ କରି ବିଭିନ୍ନ ପ୍ରକାର ପନିପରିବା ଲଗାଇଥିବା ବେଳେ ସନିଆ ସାନ୍ତରା ୪୦ଡେସିମିଲ ଜମିରେ ୧୫ରୁ ୨୦ହଜାର ଟଙ୍କା ଖର୍ଚ୍ଚ କରି ପନିପରିବା ଲଗାଇଥିଲେ। ହେଲେ ଲଗାଣ ବର୍ଷା ଓ ବୁଢ଼ାବଳଙ୍ଗ ନଦୀର ବର୍ଦ୍ଧିତ ପାଣି ସେମାନଙ୍କ ବିଲକୁ ପଶିଯାଇ ଗଛର ମୂଳ ସବୁ ନଷ୍ଟ କରିଦେଇଛି। ଏପରିକି ଅମଳ ହେବାକୁ ଥିବା ଫସଲ ଗୁଡିକ ମଧ୍ୟ ସବୁ ନଷ୍ଟ ହୋଇଯାଇଛି। ପାଣି ବୁଡି ରହିବା ସହ ଗଛ ମୂଳ ଢ଼ିଲା ହୋଇ ପଚିଯିବା ସହ ପତ୍ର ମଧ୍ୟ ଝଡି ଯାଇଛି। ଏହାସହ ଯେଉଁ ଗଛରେ ଫୁଲ ଆସିଥିଲା ସେଗୁଡିକ ମଧ୍ୟ ସବୁ ନଷ୍ଟ ହୋଇଯାଇଛି। ସେମାନେ ଧାର କରଜ କରି ଚାଷ କରିଥିବା ବେଳେ ଏବେ ଋଣ କିପରି ସୁଝିବେ ସେ ଚିନ୍ତାରେ ରହିଛନ୍ତି। ଗୋଟିଏ ପଟେ ପରିବା ନଷ୍ଟ ହେବା ସହ ସେଇ ପରିବା ବିକ୍ରି କରି ଘର ପରିବାରୁ ଚଳାଉଥିବା ବେଳେ ଆଉ ଗୋଟିଏ ପଟେ ଋଣ ପରିଶୋଧ ଚିନ୍ତା। ହେଲେ ଏପର୍ଯ୍ୟନ୍ତ ସରକାରୀ ସ୍ତରରେ କୌଣସି ପ୍ରକାର କ୍ଷୟକ୍ଷତିର ଆକଳନ ହୋଇନି। ଏ ବାବଦରେ ରେମୁଣା ବ୍ଲକ କୃଷି ଅଧିକାରୀ ଇପସିତା ବାରିକ କହିଛନ୍ତି ଯେ ବର୍ତ୍ତମାନ ସୁଦ୍ଧା କ୍ଷୟକ୍ଷତିର ଆକଳନ ଚାଲିଛି। ସମ୍ପୂର୍ଣ୍ଣ ଭାବେ ଶେଷ ହୋଇନାହିଁ। ଖୁବଶୀଘ୍ର ଏହାର ଆକଳନ କରାଯିବା ପରେ ଚାଷୀମାନଙ୍କୁ ସରକାରୀ ନିୟମ ଅନୁସାରେ କ୍ଷତିପୂରଣ ପ୍ରଦାନ କରାଯିବ ବୋଲି କହିଛନ୍ତି।

## ନାଟକ 'ତୁମ୍ଭ ଇଚ୍ଛା ପୂର୍ଣ୍ଣ ହେଉ' ମଞ୍ଚସ୍ଥ



ବାଲେଶ୍ୱର,୫।୭ (ସମିସ): ପବିତ୍ର ଗୁଣ୍ଡିଚା ଯାତ୍ରା ଉପଲକ୍ଷେ ଓଡ଼ିଆ ଭାଷା ବିକାଶ ଆନ୍ଦୋଳନ ତରଫରୁ ପାଳନ କରାଯାଉଥିବା "ରଥରୁ ବାହୁଡ଼ା: ସାଂସ୍କୃତିକ କାର୍ଯ୍ୟକ୍ରମ'ର ସପ୍ତମ ଦିବସ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ 'ସ୍ରଷ୍ଟା' ଦ୍ୱାରା ପ୍ରାୟୋଜିତ "ତୁମ୍ଭ ଇଚ୍ଛା ପୂର୍ଣ୍ଣ ହେଉ' ନାଟକ ମଞ୍ଚସ୍ଥ ହୋଇଥିଲା। ନାଟ୍ୟକାର ହେମେନ୍ଦ୍ର ମହାପାତ୍ର ପ୍ରାକ୍ ସୂଚନା ପ୍ରଦାନ କରିଛନ୍ତି। ନାଟକର ବିଷୟବସ୍ତୁ ଅନୁସାରେ ଜଗନ୍ନାଥଙ୍କ ମନ୍ଦିର ମଧ୍ୟକୁ ଯାଇ ଚୋର, ଭିକାରି, ସାମ୍ବାଦିକ, ଗୁଣ୍ଡା, ନେତା, ସ୍ୱାସ୍ଥ୍ୟକେନ୍ଦ୍ର ପରିଚାଳକ, ପୋଲିସ ଇତ୍ୟାଦି ଅନୈତିକ ଭାବରେ ବଡ଼ ହେବାର ଇଚ୍ଛାକୁ ପୂରଣ କରିବା ପାଇଁ ଜଗନ୍ନାଥଙ୍କୁ ବିଭିନ୍ନ ପ୍ରାର୍ଥନା କରିଚାଲିଛନ୍ତି। ହଟିଆ ଠାକୁର ଜଗନ୍ନାଥ ମଧ୍ୟ ସମସ୍ତଙ୍କର କାମନା ପରିପୂରଣ କରିବାପାଇଁ ଆଶିଷ ପ୍ରଦାନ କରିଛନ୍ତି। ମାତ୍ର ଯେତେବେଳେ ଅନ୍ୟାୟ ଓ ଦୁର୍ନୀତି ସୀମା ଲଂଘନ କରିଛି, ସେତେବେଳେ ଜଗନ୍ନାଥ, ବଳଭଦ୍ର ଓ ସୁଭଦ୍ରା କୌଣସି ନା କୌଣସି ବ୍ୟକ୍ତିଙ୍କ ମାଧ୍ୟମରେ ଦେହଧାରଣ କରି ତାହାର ପ୍ରତିରୋଧ କରିଛନ୍ତି। ପ୍ରଦର୍ଶିତ ହୋଇଥିବା ଏହି ନାଟକକୁ ଗୌରୀଶଙ୍କର ସାହାଣୀ ନିର୍ଦ୍ଦେଶନା ପ୍ରଦାନ କରିଥିଲେ। ଏଥିରେ ବିଭିନ୍ନ ଭୂମିକାରେ ପ୍ରସନ୍ନ ଦାସ, ଦିବାକର ମହାନ୍ତି, ରତିକାନ୍ତ ମଲ୍ଲିକ, ସୌରଜିତ ସାହୁ, ମନୋରଂଜନ ଦାସ, ଗିରିଜା ଶଙ୍କର କର, ସ୍ୱାତୀସ୍ମିତା ଦାସ, ସ୍ୱାଗତିକା ବାରିକ, ଗୋବିନ୍ଦ ଦ୍ୱିବେଦୀ, ଶ୍ୟାମରାୟ କର, ଅମିତାଭ ଭଟ୍ଟାଚାର୍ଯ୍ୟ, ଶୁଭାଶିଷ କର ଓ ନବଜିତ୍ ସାହା ଅଂଶଗ୍ରହଣ କରିଥିଲେ। ଗୁରୁ ନନ୍ଦକିଶୋର ଦାସ ସଙ୍ଗୀତ ପରିବେଷଣ ଓ ସନ୍ତୋଷ କମିଳା ରୂପସଜ୍ଜା ଓ ମଞ୍ଚସଜ୍ଜାର ଦାୟିତ୍ୱ ନିର୍ବାହ କରିଥିଲେ। ନାଟକର ପ୍ରାରମ୍ଭରେ ଶାନ୍ତିଲତା ପଣ୍ଡା ଅତିଥିମାନଙ୍କୁ ମଞ୍ଚ ଆବାହନ କରିଥିଲେ ଓ ସଭାପତି ଡାକ୍ତର ଚୌଧୁରୀ ସତ୍ୟବ୍ରତ ନନ୍ଦ ନାଟକ ସଂପର୍କରେ ସୂଚନା ଦେଇଥିଲେ। ନାଟ୍ୟକାର ହେମେନ୍ଦ୍ର ମହାପାତ୍ର ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରି ନବଦିବସୀୟ କାର୍ଯ୍ୟକ୍ରମରେ ତାଙ୍କୁ ଜଗନ୍ନାଥଙ୍କ ସଂପର୍କିତ ନାଟକ ପରିବେଷଣ କରିବାର ସୁଯୋଗ ମିଳିଥିବାରୁ ସେ ନାଟକକୁ ଜଗନ୍ନାଥଙ୍କୁ ସମର୍ପଣ କରିଥିଲେ। ଅନୁଷ୍ଠାନର ସାଧାରଣ ସଂପାଦକ ପ୍ରାରମ୍ଭିକ ସୂଚନା ପ୍ରଦାନ କରିଥିବାବେଳେ ସଂଗଠନ ସଂପାଦକ ତପନ ରାୟ ଧନ୍ୟବାଦ ଅର୍ପଣ କରିଥିଲେ। ନିରଂଜନ ରାଉତ, ନିବାରଣ ଜେନା, ଦୀପକ ବୋଷ, ଶରତ ମହାପାତ୍ର, ଡ. ଶିରୀଶ ଚନ୍ଦ୍ର ଜେନା, ପ୍ରଫେସର ରଶ୍ମିରେଖା ପତି, ଡ. ହେମମାଳା ଦାଶ, ପଣ୍ଡିତ ସଂଜୟ କୁମାର ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ।


## ସିପିଏମ୍ ନୀଳଗିରି ଆଞ୍ଚଳିକ କମିଟି ବୈଠକ

ନୀଳଗିରି, ୫।୭ (ସମିସ): ଭାରତୀୟ କମ୍ୟୁନିଷ୍ଟ ପାର୍ଟି (ମାର୍କ୍ସବାଦୀ) ନୀଳଗିରି ଆଂଚଳିକ କମିଟି ତରଫରୁ ଆଜି ଏକ ଜରୁରୀ ବୈଠକ ଅନୁଷ୍ଠିତ ହୋଇଯାଇଛି। ନୀଳଗିରିରେ ହାତୀ ମୃତ୍ୟୁ ଘଟଣାକୁ ନେଇ ଆଜିର ବୈଠକରେ ଉଦବେଗ ପ୍ରକାଶ ପାଇଛି। ବିଧାୟକଙ୍କ ଫାର୍ମ ହାଉସରୁ ହାତୀ ଦାନ୍ତ ଅପରାଧି ଗିରଫ ହେବା ଏବଂ ବିଧାୟକ ତାଙ୍କ ଫାର୍ମ ହାଉସ ପରିସରରେ ଜଙ୍ଗଲ ଜମିକୁ ଜବର ଦଖଲ କରିଥିବା ସହ ସ୍କୁଲ ଜମିକୁ ଦଖଲ କରିଥିବା ଅଭିଯୋଗର ନିରପେକ୍ଷ ତଦନ୍ତ କରାଯାଉ। ଏହା ସହିତ ନୀଳଗିରି ବିଧାୟକ ଜଣେ ନାରୀ ନେତ୍ରୀଙ୍କ ପ୍ରତି ଯେଉଁ ଅଶାଳୀନ ମନ୍ତବ୍ୟ ଦେଇଛନ୍ତି, ତାହାକୁ ସିପିଆଇ (ଏମ) ପକ୍ଷରୁ ଦୃଢ ନିନ୍ଦା କରାଯାଇଛି। ଏହା ସହିତ ଆସନ୍ତା ଜୁଲାଇ ୯ ତାରିଖ ସାଧାରଣ ଧର୍ମଘଟକୁ ସଫଳ କରିବା ପାଇଁ ଆଜି ବୈଠକରେ ଯୋଜନା କରାଯିବା ସହିତ ଉକ୍ତ ଧର୍ମଘଟରେ ଜନସାଧାରଣ ସାମିଲ ହେବା ପାଇଁ ଦଳ ତରଫରୁ ନିବେଦନ କରାଯାଇଛି। ଉକ୍ତ ବୈଠକରେ ରାଜ୍ୟ କମିଟି ସଭ୍ୟ ସିତାଂଶୁ ସେନାପତି, ନିର୍ମଳ ନାୟକ, ଜିଲ୍ଲା ସମ୍ପାଦକ ମଣ୍ଡଳୀ ସଭ୍ୟ ବିଜୟ ପାତ୍ର, ଆଂଚଳିକ କମିଟି ସମ୍ପାଦକ ଜ୍ୟୋତିର୍ମୟ ରାଉତ, ଜିଲ୍ଲା କମିଟି ସଭ୍ୟ ସତ୍ୟଜିତ ଦାସ, ହେମେନ୍ଦ୍ର ସେଠୀ, ଅମରେନ୍ଦ୍ର ନାୟକ, ମନୋରଞ୍ଜନ ସାହୁ, କାଳିଆ ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

## ସାପ କାମୁଡ଼ାରେ ଚାଷୀଙ୍କ ମୃତ୍ୟୁ

ସୋର,୫।୭ (ସମିସ): ସୋର ବ୍ଲକ ସବିରା ପଞ୍ଚାୟତ ଚାଳିଶମାଡ଼ ଗ୍ରାମରେ ବିଲରେ କାମ କରୁଥିବା ବେଳେ ଏକ ବିଷଧର ସାପ କାମୁଡାରେ ଜଣେ ଚାଷୀଙ୍କ ମୃତ୍ୟୁ ହୋଇଛି। ସୂଚନା ଅନୁସାରେ ସବିରା ପଞ୍ଚାୟତ ଚାଳିଶମାଡ଼ ଗ୍ରାମର ଜଗବନ୍ଧୁ ନାୟକ (୬୧) ଆଜି ପୂର୍ବାହ୍ନରେ ବିଲକୁ ଧାନ ତଳି ପକେଇବାକୁ ଯାଇଥିବା ବେଳେ ଏକ ବିଷଧର ସାପ ତାଙ୍କ ଗୋଡକୁ କାମୁଡିଥିଲା। ଏ ବାବଦରେ ସେ ପରିବାର ଲୋକଙ୍କୁ ଘରେ ଜଣେଇବା ପରେ ପରିବାର ଲୋକେ ତାଙ୍କୁ ଏକ ୧୦୮ ଆମ୍ବୁଲାନ୍ସରେ ସୋର ଡାକ୍ତରଖାନାକୁ ଆଣିଥିବା ବେଳେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ସୋର ପୁଲିସ ଡାକ୍ତରଖାନାରେ ପହଂଚି ଶବ ବ୍ୟବଚ୍ଛେଦ କରି ପରିବାର ଲୋକଙ୍କୁ ହସ୍ତାନ୍ତର କରିବା ସହିତ ୭୯/୨୫ରେ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଛି।

## ବାଗୁଡ଼ି ଖାଦାନରେ ଚଢ଼ଉ, ପଥର ଜବତ



ସୋର, ୫।୭ (ସମିସ): ସୋର ବ୍ଲକ ମହୁମୁହାଣ ପଞ୍ଚାୟତ ବାଗୁଡ଼ି ଖାଦାନ ଅଞ୍ଚଳରେ ବେଆଇନ ପଥର ଖାଦାନରେ ତହସିଲଦାର ଚଢ଼ଉ କରି ବେଆଇନ ପଥର ଜବତ କରିଛନ୍ତି। ଗତ ଦୁଇଦିନ ତଳେ ପୁଲିସ ପକ୍ଷରୁ ଖାଦାନର ମୁଖ୍ୟ ରାସ୍ତାରେ ବସାଯାଇଥିବା କ୍ୟାମ୍ପକୁ ଉଠାଯାଇଛି। ଫଳରେ ମାଫିଆ ମାନେ ପୂର୍ବବତ କିଛି ଅଧିକାରୀଙ୍କୁ ହାତ କରି ପଥର ଚୋରାଚାଲାଣ ଆରମ୍ଭ କରିଛନ୍ତି। ଆଜି ସକାଳେ ଖାଦାନରେ ବେଆଇନ ବ୍ଲାଷ୍ଟିଂ କରାଯାଇଥିବାରୁ ଖବରପାଇ ସୋର ତହସିଲଦାର ଚଢ଼ଉ କରି ୩୦ ଟ୍ରକରୁ ଉଦ୍ଧ୍ୱର୍ ପଥର ଜବତ କରିଛନ୍ତି। ଏହି ଖାଦାନର ୫୫ ନମ୍ବର କ୍ୱାରିରେ ଆଜି ସକାଳେ ବେଆଇନ ଭାବେ ବ୍ଲାଷ୍ଟିଂ କରାଯାଇଥିଲା। ସ୍ଥାନୀୟ ଲୋକେ ଅଭିଯୋଗ କରିବା ପରେ ସୋର ତହସିଲଦାର ଦୈତାରି ମଲ୍ଲିକ ସେଠାରେ ପହଂଚି ପଥରକୁ ଜବତ କରି ଖଣି ବିଭାଗକୁ ହସ୍ତାନ୍ତର କରିଥିଲେ। ଜବତ ପଥରକୁ କେତେ ଟଙ୍କାରେ ନିଲାମ କରାଗଲା ତାହା ଖଣି ବିଭାଗ ପକ୍ଷରୁ ସୂଚନା ମିଳିପାରିନାହିଁ।

## ଅନନ୍ତ ସେନା ପକ୍ଷରୁ କନିକା ବଣ୍ଟନ



ଖନ୍ତାପଡ଼ା, ୫।୭ (ସମିସ): ବାହାନଗା ବ୍ଲକ ପଥର ପେଣ୍ଠ ପଞ୍ଚାୟତ ବଡ଼ଙ୍ଗା ବାହୁଡା ଯାତ୍ରା ଅବସରରେ ଅନନ୍ତ ସେନା ପକ୍ଷରୁ ଭକ୍ତମାନଙ୍କ ପାଇଁ କନିକା ପ୍ରସାଦ ବଣ୍ଟନ କରାଯାଇଥିଲା। ଉକ୍ତ ଷ୍ଟଲକୁ ଅନନ୍ତ କୁମାର ମଲିକ ଉଦ୍‌ଘାଟନ କରିଥିବାବେଳେ ପ୍ରଣାକୃଷ୍ଣ ମଲିକ, ଲୋକନାଥ ପରିଡା, ମଧୁସୂଦନ ବେହେରା, ସରୋଜ ମଲିକ, ବେଣୁଧର ମଲିକ, ଗୌରାଙ୍ଗ ମଲିକ, ଅଜୁ ମଲିକ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।

## ୭୬ତମ ବନ ମହୋତ୍ସବ ସପ୍ତାହ

ନୀଳଗିରି, ୫।୭ (ସମିସ): ନୀଳଗିରିସ୍ଥିତ ଡିଭାଇନ ଏଜୁକେସନାଲ ଆଣ୍ଡ ଚାରିଟେବୁଲ ଟ୍ରଷ୍ଟ ଆନୁକୂଲ୍ୟରେ ଆଜି ୭୬ତମ ବନ ମହୋତ୍ସବ ସପ୍ତାହ ଘରୋଇ ଶିକ୍ଷା ଅନୁଷ୍ଠାନ ଡିଭାଇନ କମ୍ପିଟେଟିଭି ପରିସରରେ ଅନୁଷ୍ଠିତ ହୋଇଅଛି। ମୁଖ୍ୟବକ୍ତା ଥିଲେ ନୀଳଗିରି ବନବିଭାଗ ଅଧିକାରୀ ରାମଚନ୍ଦ୍ର ଲେଙ୍କା ଓ ମୁଖ୍ୟଅତିଥି ବିଶିଷ୍ଟ ଶିକ୍ଷାବିତ ତଥା ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ବିନୋଦ ବିହାରୀ ପଣ୍ଡା। ଉକ୍ତ କାର୍ଯ୍ୟକ୍ରମରେ ସଭାପତି ଥିଲେ ଟ୍ରଷ୍ଟର ସମ୍ପାଦକ ସୁଶାନ୍ତ କୁମାର ମହାପାତ୍ର। କାର୍ଯ୍ୟକ୍ରମରେ ୧୭୦ଟି ବୃକ୍ଷ ଯୁବପ୍ରାଣ ଛାତ୍ରଛାତ୍ରୀଙ୍କୁ ପ୍ରଦାନ କରାଯାଇଥିଲା । ଏଥିସହ ନୀଳଗିରି ରାଜରାସ୍ତାରେ ଏକ ସଚେତନତା ଶୋଭାଯାତ୍ରା କରାଯାଇଥିଲା। ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ଟ୍ରଷ୍ଟର ସହକର୍ମୀ କ୍ରିଷ୍ଣା ପଲେଇ।



### 'ଭଲ କବିତାର ଖୋଜ୍' ପକ୍ଷରୁ କବି ବିପିନ ନାୟକ ସନ୍ଧ୍ୟା'

# ଭଲ କବିତା ସବୁବେଳେ ଅଲଭ୍ୟ

ବାଲେଶ୍ୱର,୫।୭ (ସମିସ)



ସ୍ଥାନୀୟ ଏସିପିଏଲ୍ ସଭାଘରେ 'ଭଲ କବିତାର ଖୋଜ୍' ପକ୍ଷରୁ ବିଶିଷ୍ଟ କବି ବିପିନ ନାୟକଙ୍କ ସମ୍ମାନାର୍ଥେ 'କବି ବିପିନ୍ ନାୟକ ସନ୍ଧ୍ୟା' ଅନୁଷ୍ଠିତ ହୋଇଯାଇଛି। 'ଭଲ କବିତାର ଖୋଜ୍' ସବୁବେଳେ ନୂତନତ୍ୱକୁ ଖୋଜୁଥିବା ବେଳେ ତାର ୭୭ତମ ଆସର ଜଣେ ଏପରି କବିଙ୍କୁ ଉତ୍ସର୍ଗ କରିଥିଲା ଯିଏ କବିତାର ତାଳପତ୍ର ସହିତ ଜୀବନ ବଞ୍ଚନ୍ତି। ସେ ହେଲେ ବ୍ରହ୍ମପୁର ନିବାସୀ ବିଖ୍ୟାତ କବି ବିପିନ ନାୟକ। ତାଙ୍କ ଜନ୍ମମାସରେ 'ଭଲ କବିତାର ଖୋଜ୍' ଏପରି ଏକ ସାରସ୍ୱତ ମିଳନୀ ସନ୍ଧ୍ୟା ଆୟୋଜନ କରିଥିବାରୁ କବି ଶ୍ରୀ ନାୟକ ଭାବପୂର୍ଣ୍ଣ ଭାଷାରେ କୃତଜ୍ଞତା ଜଣାଇ କହିଥିଲେ ଯେ, ସାହିତ୍ୟ ଏକାଡେମୀ ପୁରସ୍କାରରେ ଯେତିକି ଆନନ୍ଦ ପାଇନଥିବି ଆଜି ବାଲେଶ୍ୱରର ଏଇ ଆସର ମୋତେ ତହିଁ ଅଧିକ ଏକ ଅପୂର୍ବ ଆନନ୍ଦ ଦେଇ ମୋତେ ଅଭିଭୂତ କରିଦେଲା। ଭଲ କବିତା ସବୁବେଳେ ଅଲଭ୍ୟ। ଅଲଭ୍ୟ ବୋଲି ହିଁ ସେ ଭଲ କବିତା। ସହଜ ଲବ୍ଧ କୌଣସି କଥା ଭଲ ହୋଇପାରେନା। କବିତା ମୁଁ କେମିତି ଲେଖିଛି ଜାଣେନା କିନ୍ତୁ କବିତା ଲେଖିବା ବେଳେ ମୁଁ ଭାବ ଓ ଅନୁଭବ ସହିତ ମୋର ଯାତ୍ରାକୁ ନିରନ୍ତର ଜାରି ରଖିଛି। କୌଣସି ତତ୍ତ୍ୱ ବା ପାଶ୍ଚାତ୍ୟ ଥିଓରି ମୋତେ ଜଣା ନାହିଁ। ଶବ୍ଦ ସହିତ ମୋର ଲଢେଇ ହୁଏ। ଶବ୍ଦକୁ ଭାଙ୍ଗେ ଓ ଗଢେ। କବିତା ଆଉ କ'ଣ କି? ଶବ୍ଦର ସ୍ଥାପତ୍ୟ। ତାକୁ ଭାବର ବିନ୍ୟାସରେ କବିଟିଏ ଆକାର ଦେଇଥାଏ। ମୁଁ ତାହା ହିଁ କରି ଆସିଛି ବୋଲି କବି ଶ୍ରୀ ନାୟକ ନିଜ ସମ୍ପର୍କରେ କହିବା ବେଳେ ଭାବପ୍ରବଣ ହୋଇ ବକ୍ତବ୍ୟ ରଖିଥିଲେ। ପ୍ରାରମ୍ଭରେ 'ଭଲ କବିତାର ଖୋଜ୍'ର ଆବାହକ କବି କୃଷ୍ଣ କୁମାର ମହାନ୍ତି ଅତିଥିଙ୍କୁ ମଞ୍ଚ ଆବାହନ କରିଥିବାବେଳେ ଅନ୍ୟତମ ଆବାହକ କବି ଶ୍ରୀଦେବ ସଭାକାର୍ଯ୍ୟ ପରିଚାଳନାରେ ଭାଗ ନେଇ କବି ଶ୍ରୀ ନାୟକଙ୍କ କବିତା ନିର୍ମାଣର ଗୁମର ବିଷୟରେ ଅଭିବ୍ୟକ୍ତି ରଖିଥିଲେ। 'ଭଲ କବିତା ଖୋଜ୍' ନିର୍ବାହକ କବି ଉତ୍ପଳ ମହାନ୍ତି ଅତିଥି ପରିଚୟ ଦେବା ସହିତ ଧନ୍ୟବାଦ ଦେଇଥିଲେ। ଏହି ଭାବ ଗମ୍ଭୀର ଆସରରେ କବି ପ୍ରଶାନ୍ତ ଦାସ, ଡକ୍ଟର ହରିଶ୍ଚନ୍ଦ୍ର ବେହେରା, ଡକ୍ଟର ସୁବାସ ଚନ୍ଦ୍ର ପାତ୍ର, ଅଭୟ ଦାସ, ଗାଳ୍ପିକ ଗଙ୍ଗାଧର ବିଶ୍ୱାଳ, କବି ରଞ୍ଜନ ବାଗ୍, ଶୁଭେନ୍ଦୁ ଦାସ, କମଳିନୀ କାସ୍ତ, ପ୍ରୀତିଲେଖା ଦାସ, ଦେବଯାନୀ ଦାସ, ଡକ୍ଟର ସନ୍ତୋଷ କୁମାର ନାୟକ, ସିତାଂଶୁ ଲେଙ୍କା, ସତ୍ୟ ସାହୁ, କେ ଶ୍ୟାମବାବୁ ଦୋରା, ବସନ୍ତ ବେହେରା, ସଞ୍ଜୟ ପଣ୍ଡା, ରାଜେଶ ଗିରି ପ୍ରମୁଖ କବି ଓ ଲେଖକ ଉପସ୍ଥିତ ରହି କବି ବିପିନ ନାୟକଙ୍କ ସମ୍ପର୍କରେ ସ୍ମୃତି ରୋମନ୍ଥନ କରିବା ସହିତ ତାଙ୍କ କବିତା ଆବୃତ୍ତି କରିଥିଲେ।

# ଭାଇ ଭଉଣୀଙ୍କ ସହ ବାହୁଡ଼ିଲେ ମହାବାହୁ


ବହଳଦା


କୁଆମରା


ସାରସକଣା


ମହୁଲଡିହା


ଖୁଣ୍ଟ


ଠାକୁରମୁଣ୍ଡା


ବାଙ୍ଗିରିପୋଷି

ଖୁଣ୍ଟ, ୫।୭ (ସମିସ):

ଆଷାଢ଼ ମାସ ଶୁକ୍ଳ ପକ୍ଷ ଦଶମୀ ତିଥିରେ ମୟୂରଭଞ୍ଜ ଜିଲ୍ଲା ଖୁଣ୍ଟରେ ପବିତ୍ର ବାହୁଡା ଯାତ୍ରା ଆନନ୍ଦ ଉଲ୍ଲାସର ସହ ଶେଷ ହୋଇଛି। ଗୁଣ୍ଡିଚା ମନ୍ଦିର ଜନ୍ମ ବେଦୀରେ ନବଦିନାତ୍ମକ ଲୀଳା ଖେଳ ସାରି ମହାପ୍ରଭୁ ଶ୍ରୀଜଗନ୍ନାଥ ଆଜି ଭଉଣୀ ସୁଭଦ୍ରା ଓ ବଡଭାଇ ବଳଭଦ୍ରଙ୍କୁ ଧରି ଶ୍ରୀମନ୍ଦିର ଅଭିମୁଖେ ବାହୁଡା ଯାତ୍ରା କରିଛନ୍ତି। ଶ୍ରୀଗୁଣ୍ଡିଚା ମନ୍ଦିରରେ ଠାକୁରଙ୍କ ସମସ୍ତ ରୀତିନୀତି ସମ୍ପନ୍ନ ହେବା ପରେ ପ୍ରଭୁ ବଳଭଦ୍ର, ଦେବୀ ସୁଭଦ୍ରା ଓ ଶ୍ରୀଜଗନ୍ନାଥ ପହଣ୍ଡି ବିଜେ କରି ରଥାରୂଢ ହୋଇଥିଲେ। ଏହାପରେ ଘଣ୍ଟ, ଘଣ୍ଟା, ବାଦ୍ୟ ଓ ଜୟ ଜଗନ୍ନାଥ ଧ୍ୱନିର ତାଳେ ତାଳେ ପୂର୍ବାହ୍ନ ୧୧ଟାରେ ରଥଟଣା ଆରମ୍ଭ ହୋଇଥିଲା। ମହିଳା ଓ ଛୋଟ ଛୋଟ ପିଲା କୁନିରଥକୁ ଟାଣି ଟାଣି ଘଡେଇକୁଦର, ପଣସି, ପାର୍ବତୀପୁର ଗ୍ରାମ ପରିକ୍ରମା କରିବା ପରେ ଖୁଣ୍ଟସ୍ଥ ଶ୍ରୀମନ୍ଦିରକୁ ଆଣିଥିଲେ। ସମାଜସେବୀ ଇଂ ସୁଶାନ୍ତ କୁମାର ନାଏକ ଛେରା ପହଁରା କରିଥିଲେ।

**ବହଳଦା :** ବହଳଦା ବ୍ଲକ ଅନ୍ତର୍ଗତ ସୁରଦା-ଯଶିପୁର ଗ୍ରାପଞ୍ଚାୟତର ଯଶିପୁର ଗ୍ରାମରେ ବାହୁଡ଼ା ଯାତ୍ରା ଶାନ୍ତି ଶୃଙ୍ଖଳାର ସହିତ ସମ୍ପନ୍ନ ହୋଇଛି। ଏହି ଯାତ୍ରାରେ ସୀମାନ୍ତବର୍ତ୍ତୀ ଗ୍ରାମର ହଜାର ହଜାର ଭକ୍ତ ସାମିଲ ହୋଇ ରଥଟାଣିଥିଲେ। ଜଗନ୍ନାଥ ମନ୍ଦିରର ମୁଖ୍ୟ ପୂଜକ ଜିତେନ୍ଦ୍ର ଦାଶ (କୁନୁ ନନା) ଚତୁର୍ଦ୍ଧା ମୂର୍ତ୍ତିଙ୍କ ସମସ୍ତ ରୀତିନୀତି ସମ୍ପନ୍ନ କରିଥିଲେ। ବୈଦ୍ୟନାଥ ମହାକୁଡ ଛେରାପହଁରା କାର୍ଯ୍ୟ ସମ୍ପନ୍ନ କରିବା ପରେ ରଥଟଣା ଆରମ୍ଭ ହୋଇଥିଲା। ଏହି ଅବସରରେ ଗ୍ରାମ ଖେଳ ପଡିଆରେ ଆଦିବାସୀଙ୍କ ପାରମ୍ପରିକ କାତି ଓ ଫୁଟବଲ ଖେଳ ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ମନ୍ଦିର କମିଟି ପକ୍ଷରୁ ଅନ୍ନ ଭୋଗ ବଣ୍ଟନର ବ୍ୟବସ୍ଥା କରାଯାଇଥିଲା। ଏଥିରେ ସମୀର ମହାକୁଡ଼, ବିଶ୍ୱଜିତ ବାରିକ, ଲାଲ ମୋହନ ବାରିକ, ଗୌରୀ ଶଙ୍କର ପାତ୍ର, ବିରେନ୍ଦ୍ର ଦଲେଇ, ଭରତ ବେହେରା ପ୍ରମୁଖ ଉପସ୍ଥିତ ପରିଚାଳନା କରିଥିଲେ। ହରିବୋଲ ଓ ହୁଳହୁଳିରେ ପରିବେଶ ପ୍ରକମ୍ପିତ ହୋଇଥିଲା।

**କୁଆମରା :** ମାଉସୀମା ମନ୍ଦିରରେ ନଅ ଦିନ ରହି ମହାପ୍ରଭୁ ଶ୍ରୀ ଜଗନ୍ନାଥ ଆଜି ବଡ଼ଭାଇ ବଳଭଦ୍ର ଓ ଭଉଣୀ ସୁଭଦ୍ରାଙ୍କୁ ନେଇ ବାହୁଡ଼ି ଯାଇଛନ୍ତି ବଡ଼ ଦେଉଳକୁ। କୋହଲା ପାଗ ସତ୍ତ୍ୱେ ରଥ ଦାଣ୍ଡ ଉଛୁଳି ଉଠିଥିଲା। ଗୁଣ୍ଡିଚା ମନ୍ଦିରରେ ଶ୍ରୀ ଜୀଉଙ୍କ ସମସ୍ତ ରୀତନୀତି ପରେ ପହଣ୍ଡି ଆରମ୍ଭ ହୋଇଥିଲା। ସେହିପରି ଖିରିପଦା, ପୁରୁଣା ବାରିପଦା, ଜୟପୁର, ହାତୀକୋଟ, କୁଶଳଦା, ସାନ ବେଲାକୁଟି, କୁଣ୍ଡାପଦା, ଅଛଡା ଆଦି ସ୍ଥାନରେ ମଧ୍ୟ ରଥଟଣା ଶେଷ ହୋଇଛି। ପୁରୁଣା ବାରିପଦା ଠାରେ ରଶ୍ମିରଞ୍ଜନ ହୋତା ପୂଜା ଶେଷ କରିଥିଲେ। ଦଧିବାମନ ଜୀଉଙ୍କ ବାହୁଡ଼ା ଯାତ୍ରା ୪୮ ବର୍ଷରେ ପଦାର୍ପଣ କରିଛି।

**ସାରସକଣା :** ସାରସକଣା ଶ୍ରୀଜଗନ୍ନାଥ ପୀଠରେ ବାହୁଡ଼ା ଯାତ୍ରା ସଂପନ୍ନ ହୋଇଛି। ବର୍ଷା ସତ୍ତ୍ୱେ ଭକ୍ତଙ୍କ ପ୍ରବଳ ଗହଳି ପରିଲକ୍ଷିତ ହୋଇଥି। ନନ୍ଦିଘୋଷ ରଥକୁ ଭକ୍ତମାନେ ଟାଣିନେଇ ସିଂହଦ୍ୱାର ନିକଟରେ ପହଞ୍ଚାଇଥିଲେ। ମୃଦଙ୍ଗ, କରତାଳ ଧ୍ୱନି, ହରିନାମ, ହୁଳହୁଳି ଏବଂ ଜୟ ଜଗନ୍ନାଥ ଧ୍ୱନିରେ ରଥଦାଣ୍ଡ ପ୍ରକମ୍ପିତ ହୋଇଥିଲା। ପରେ ଦିଅଁଙ୍କ ସୁନାବେଶ ଆଜି ଏବଂ ଆଗାମୀ କାଲି ଲକ୍ଷ୍ମୀନାରାୟଣ ଭେଟ ନୀତିକାନ୍ତି ଅନୁସାରେ ଅନୁଷ୍ଠିତ ହେବ। ଝାରପୋଖରିଆ ପୁଲିସ, ସୀମାନ୍ତ ମହାବିଦ୍ୟାଳୟ ଓ ଶରତପାଳ କଲେଜ ଜାତୀୟ ସେବା ଯୋଜନାର ଛାତ୍ରଛାତ୍ରୀ, ଅଧ୍ୟାପକ ମାନସ କୁମାର ପତି ଏବଂ ଅଧ୍ୟାପିକା ସୁଜାତା ପଟ୍ଟନାୟକ ସେବା କାର୍ଯ୍ୟ ତଦାରଖ କରିଥିଲେ। ରଥଯାତ୍ରା ଆୟୋଜନ କମିଟିର ସମ୍ପାଦକ ଜଗନ୍ନାଥ ସାହୁ, ତପନ ଦଣ୍ଡପାଟ ତଥା ସଦସ୍ୟ ହିମାଂଶୁ ଶେଖର ସାହୁ, ଅତୁଲ ଚନ୍ଦ୍ର ଦାସ, ଅନ୍ତର୍ଯ୍ୟାମୀ ସାହୁ, ପ୍ରଦୀପ ପାଲିତ, ସୁଧିରଞ୍ଜନ ସାହୁ, ଦୁର୍ଗାପ୍ରସାଦ ନନ୍ଦୀ, ସୁନିଲ କୁମାର ସାହୁ ପ୍ରମୁଖ ରଥଟଣା ପରିଚାଳନା କରିଥିଲେ। ରଥଟଣା ପରେ ଶ୍ରଦ୍ଧାଳୁଙ୍କୁ ପ୍ରସାଦ ବଣ୍ଟନ କରାଯାଇଥିଲା। ରଥଯାତ୍ରା ଶାନ୍ତିଶୃଙ୍ଖଳାର ସହ ଶେଷ ହୋଇଥିବାରୁ ଆୟୋଜନ କମିଟି ପରିବାର, ସାରସକ୍ଷେତ୍ର ଶ୍ରୀଜଗନ୍ନାଥ ସଂସ୍କୃତି ପ୍ରଚାର ଓ ମନ୍ଦିର ପରିଚାଳନା ଟ୍ରଷ୍ଟ ପ୍ରତିନିଧି ପଦ୍ମନାଭ ସାହୁ କୃତଜ୍ଞତା ଜ୍ଞାପନ କରିଛନ୍ତି।

**ମହୁଲଡିହା :** ଠାକୁରମୁଣ୍ଡାରେ ବାହୁଡା ଯାତ୍ରା ଅପରାହ୍ନରେ ଝିପିଝିପି ବର୍ଷା ସତ୍ତ୍ୱେ ଆନନ୍ଦଉଲ୍ଲାସର ସହ ଶେଷ ହୋଇଛି। ପ୍ରାଥମିକ ବିଦ୍ୟାଳୟ ପରିସର ଜନ୍ମ ବେଦୀରୁ ଠାକୁରଙ୍କୁ ପହଣ୍ଡି କରି ରଥକୁ ନିଆଯାଇଥିଲା। ଅପରାହ୍ନ ୩.୩୦ରେ ପହଣ୍ଡି ହୋଇ ୪.୧୫ ବେଳକୁ ରଥଟଣା ଆରମ୍ଭ ହୋଇଥିଲା। ଠାକୁର ରାଜା ଭାବେ ବସନ୍ତ କୁମାର ପଇବର୍ତ୍ତୀ ଛେରାପହଁରା କରିଥିଲେ। ରତ୍ନାକର ପତି ଶଙ୍କରାଚାର୍ଯ୍ୟ ଭୂମିକା ନିର୍ବାହ କରିଥିଲେ। ମୂଖ୍ୟପୂଜକ ବସନ୍ତ କୁମାର ତ୍ରିପାଠୀ, ଧରଣୀଧର ଦାଶ, ରମେଶ ଦାଶ, ରବୀନ୍ଦ୍ର ତ୍ରିପାଠୀ, ପଦ୍ମଲୋଚନ ପଣ୍ଡା ପ୍ରମୁଖ ଠାକୁରଙ୍କୁ ପହଣ୍ଡି କରି ରଥକୁ ଆଣିଥିଲେ କ୍ଷ ଝିପି ଝିପି ବର୍ଷା ସତ୍ୱେ ହଜାର ହଜାର ଭକ୍ତ ଠାକୁରଙ୍କୁ ଦର୍ଶନ କରି ହରିବୋଲ ଓ ହୁଳହୁଳି ଦେଇ ରଥ ଟାଣିଥିଲେ। ଆଜି ଠାକୁର ରଥରେ ରହିବେ ଏବଂ ୯ ତାରିଖରେ ପହଣ୍ଡି କରାଯାଇ ଠାକୁରଙ୍କୁ ମନ୍ଦିରକୁ ନିଆଯିବ ବୋଲି କମିଟି ସୂତ୍ରରୁ ଜଣାପଡିଛି।

**ଠାକୁରମୁଣ୍ଡା :** ଠାକୁରମୁଣ୍ଡାରେ ପ୍ରବଳ ବର୍ଷା ସତ୍ତ୍ୱେ ବାହୁଡା ଯାତ୍ରା ୦୫ ତାରିଖ ଶନିବାର ଅପରାହ୍ନରେ ଅନୁଷ୍ଠିତ ହୋଇଯାଇଛି।ସ୍ଥାନୀୟ ପ୍ରାଥମିକ ବିଦ୍ୟାଳୟ ପରିସରରେ ହୋଇଥିବା ମାଉସୀ ମା ମନ୍ଦିରରୁ ଠାକୁରଙ୍କୁ ପହଣ୍ଡି କରି ରଥକୁ ନିଆଯାଇଥିଲା।ଅପରାହ୍ନ ୪ ଟା ରେ ପହଣ୍ଡି ଆରମ୍ଭ ହୋଇ ୫ ବେଳକୁ ରଥ ଟଣା ଆରମ୍ଭ ହୋଇଥିଲା। ଠାକୁର ରାଜା ଭାବେ ବସନ୍ତ କୁମାର ପୈବର୍ତ୍ତି ଛେରା ପହଁରା କାର୍ଯ୍ୟ ସମ୍ପାଦନ କରିଥିଲେ।ରତ୍ନାକର ପତି ଶଙ୍କରାଚାର୍ଯ୍ୟ ଭୂମିକା ନିର୍ବାହ କରିଥିବାବେଳେ ପୂଜକ ବସନ୍ତ ତ୍ରିପାଠୀ, ରମେଶ ଦାଶ, ଧରଣୀଧର ଦାଶ, ରବୀନ୍ଦ୍ର ତ୍ରିପାଠୀ, ନୀତିଶ ନନ୍ଦ ,ରଶ୍ମିରଞ୍ଜନ ଦାଶ,ଗତିକୃଷ୍ଣ ପଣା,ରାଜେନ୍ଦ୍ର ପଣ୍ଡା,କ୍ଷିତିଶ ଦାଶ, ଦେବେନ୍ଦ୍ର ନାୟକ, ପ୍ରମୁଖ ଠାକୁରଙ୍କୁ ପହଣ୍ଡି କରି ରଥକୁ ଆଣିଥିଲେ।ଠାକୁରମୁଣ୍ଡା ପୋଲିସ ଓ ମହୁଲଡିହା ପୋଲିସ ପକ୍ଷରୁ ଶୃଙ୍ଖଳା ରକ୍ଷା କରିଥିଲା।ପଦ୍ମଲୋଚନ ନନ୍ଦ "ଧାରା ବିବରଣି ପ୍ରଦାନ କରିଥିଲେ। ଆଜି ଜଗନ୍ନାଥ ମନ୍ଦିର ପାଖରେ ଠାକୁର ପହଞ୍ଚି ଯାଇଛନ୍ତି।

**ବାଙ୍ଗିରିପୋଷି :** ଦୋଳଗୋବିନ୍ଦ ଜୀଉ ମାଉସୀ ମା' ମନ୍ଦିରରୁ ୯ ଦିନର ରହଣି ପରେ ସ୍ୱଗୃହ ବାହୁଡିଛନ୍ତି। ମହାପ୍ରଭୁ ଶ୍ରୀଜଗନ୍ନାଥ, ବଳଭଦ୍ର ଓ ମା' ସୁଭଦ୍ରାଙ୍କୁ ରଥରେ ବସାଇ ଟାଣି ଆଣିଛନ୍ତି ଭକ୍ତ। ବର୍ଷା ଯୋଗୁଁ ରଥଟଣା ବିଳମ୍ବ ହୋଇଥିଲା। ଅପରାହ୍ନ ସମୟରେ ତିନି ଠାକୁରଙ୍କୁ ପାରମ୍ପରିକ ଦେବନୀତି ସମାପନ ପରେ ପହଣ୍ଡି କରାଯାଇ ରଥ ଉପରକୁ ଅଣାଯାଇଥିଲା ସମାଜସେବୀ ସଂଜୟ କୁମାର ଅଗରୱାଲ ଛେରା ପହଁରା କରିଥିଲେ। ଏହି ଅବସରରେ ୪୯ନଂ ଜାତୀୟ ରାଜପଥ ଭକ୍ତିମୟ ହୋଇଉଠିଥିଲା। ଘଣ୍ଟ, କରତାଳି, ମୃଦଙ୍ଗ ଆଦି ବାଦ୍ୟର ତାଳେତାଳେ ଜୟଜଗନ୍ନାଥ ଧ୍ୱନିରେ ପ୍ରକମ୍ପିତ ହୋଇ ଉଠିଥିଲା ପରିବେଶ। ସନ୍ଧ୍ୟାସୁଦ୍ଧା ରଥକୁ ଟାଣି ସ୍ଥାନୀୟ ଲକ୍ଷ୍ମୀନାରାୟଣ ମନ୍ଦିର ପାଖରେ ଆସି ପହଞ୍ଚିଛନ୍ତି ଠାକୁର। ଆସନ୍ତାକାଲି ପୁଣି ଥରେ ରଥଟଣାଯିବ। ୫ ହଜାରରୁ ଊର୍ଦ୍ଧ୍ୱ ଭକ୍ତଙ୍କ ସମାଗମ ହୋଇଥିଲା। ସେହିପରି ବାଙ୍ଗିରିପୋଷି ବ୍ଲକର ଚନ୍ଦନପୁର, ଶ୍ୟାମସୁନ୍ଦରପୁର ଓ ବାଙ୍ଗିରିପୋଷି ପଞ୍ଚାୟତରେ ମଧ୍ୟ ବାହୁଡାଯାତ୍ରା ସଂପନ୍ନ ହୋଇଛି।

# ଅଧାବାଟରେ ଅଟକିଲେ ଶ୍ରୀଜୀଉ; ରବିବାର ସୁନାବେଶ













କେନ୍ଦୁଝର, ୫।୭ (ସମିସ):

କେନ୍ଦୁଝରର ଆରାଧ୍ୟ ଦେବତା ଶ୍ରୀ ଶ୍ରୀ ବଳଦେବଜୀଉଙ୍କ ପବିତ୍ର ବାହୁଡାଯାତ୍ରା ଶନିବାର ପାରମ୍ପରିକ ରୀତିନୀତିରେ ଶାନ୍ତିଶୃଙ୍ଖଳାର ସହ ଅନୁଷ୍ଠିତ ହୋଇଯାଇଛି। ସକାଳ ୪ଟାରୁ ଶ୍ରୀଜୀଉମାନଙ୍କର ଅବକାଶ, ୫ଟାରେ ଲୁଗାଲାଗି, ୯ରେ ଧୂପ, ୧୦ଟାରେ ପୁଷ୍ପାଞ୍ଜଳି କାର୍ଯ୍ୟ ଅନୁଷ୍ଠିତ ହୋଇଥିଲା। ଏହାପରେ ଚକାଭିଡା କରାଯାଇ ଅପରାହ୍ନ ୧ଟା ୫୦ଟାରେ ଶ୍ରୀଜୀଉମାନଙ୍କ ପହଣ୍ଡି କରାଯାଇ ୩ଟା ୪୫ଟାରେ ପହଣ୍ଡି ଶେଷ ହୋଇଥିଲା।

କେନ୍ଦୁଝର ରାଜାସାହେବ ଧନଞ୍ଜୟ ନାରାୟଣ ଭଞ୍ଜଦେଓ ଜନ୍ମବେଦିରେ ପୁଷ୍ପାଞ୍ଜଳି ଦେବା ପରେ ଘଣ୍ଟଘଣ୍ଟା, ଖୋଳକୀର୍ତ୍ତନ ଓ ଭକ୍ତଙ୍କର ହରିବୋଲ ହୁଳହୁଳି ଧ୍ୱନି ମଧ୍ୟରେ ଧାଡ଼ି ପହଣ୍ଡି ଯୋଗେ ପ୍ରଥମେ ପ୍ରଭୁ ସୁଦର୍ଶନ ପରେ ବଳଦେବଜୀଉ, ଦେବୀ ସୁଭଦ୍ରା ଓ ଶେଷରେ ଶ୍ରୀଜଗନ୍ନାଥଙ୍କୁ ରଥ ଚାରିପଟେ ପ୍ରଦକ୍ଷିଣ କରିବା ପରେ ରଥାରୂଢ କରାଯାଇଥିଲା। ରଥ ଉପରେ ଚକାଭିଡ଼ା କାର୍ଯ୍ୟକ୍ରମ ଶେଷ ହେବାପରେ ରାଜାସାହେବ ଧନଞ୍ଜୟ ନାରାୟଣ ଭଞ୍ଜଦେଓଙ୍କ ଦ୍ୱାରା ଛେରା ପହଁରା କାର୍ଯ୍ୟ ଶେଷ ହୋଇଥିଲା। ଅପରାହ୍ନ ୫ରେ ରଥଟଣା ଆରମ୍ଭ ହୋଇ ଗଳଗଣ୍ଡି ନିକଟରେ ପାରମ୍ପରିକ ଭୋଗନୀତି ପାଇଁ ଅଟକି ରହିଥିଲା। ସେହିପରି ବଡଦାଣ୍ଡ ମଧ୍ୟସ୍ଥଳରେ ଶ୍ରୀଜୀଉମାନଙ୍କୁ ପୋଡ଼ପିଠା ଲାଗି କରାଯିବା ପରେ ରଥଟଣା ପୁନଶ୍ଚ ଆରମ୍ଭ ହୋଇଥିଲା। ବର୍ଷା ଯୋଗୁଁ ବାଟରେ ମହାବାହୁ ଅଟକି ରହିଛନ୍ତି। ଆସନ୍ତାକାଲି ରବିବାର ସକାଳେ ପୁନଶ୍ଚ ରଥଟଣା ସହ ସୁନାବେଶ କାର୍ଯ୍ୟକ୍ରମ ରହିଛି। ବାହୁଡାଯାତ୍ରାରେ ଶ୍ରୀଗୁଣ୍ଡିଚା ମନ୍ଦିରରୁ



- ବାହୁଡ଼ାଯାତ୍ରା ଶାନ୍ତିଶୃଙ୍ଖଳାରେ ସମ୍ପନ୍ନ
- ପ୍ରବଳ ବର୍ଷାରେ ଲକ୍ଷାଧିକ ଭକ୍ତଙ୍କ ସମାଗମ

ବଡଦେଉଳକୁ ରାସ୍ତା ଗଡାଣିଆ ଥିବାରୁ ରଥକୁ ଶୃଙ୍ଖଳିତ ଭାବରେ ଟାଣିବା ପାଇଁ ପୁଲିସ, ସ୍ୱେଚ୍ଛାସେବୀ, ସେବାୟତ ଓ ରଥ ମହାରଣାମାନଙ୍କୁ ବେଶ୍ ସତର୍କତା ଅବଲମ୍ବନ କରିବାକୁ ପଡିଥିଲା। ରଥ ସନ୍ଧ୍ୟାରେ ବଳଦେବଜୀଉଙ୍କ ମନ୍ଦିର ନିକଟରେ ପହଞ୍ଚିଥିବାବେଳେ ଜିଲ୍ଲା ଓ ଜିଲ୍ଲା ବାହାରୁ ଲକ୍ଷାଧିକ ଶ୍ରଦ୍ଧାଳୁଙ୍କ ସମାଗମ ହୋଇଥିଲା। ଘୁଙ୍ଗୁରୁ କ୍ଲବଠାରେ ସୂଚନା ଓ ଲୋକ ସଂପର୍କ ଅଧିକାରୀ ସାର୍ଥକ ଅଭିନନ୍ଦନ ରାୟଙ୍କ ତତ୍ତ୍ୱାବଧାନରେ ପ୍ରତ୍ୟକ୍ଷଦର୍ଶୀ ଧାରା ବିବରଣୀ ପ୍ରଦାନ କରାଯାଇଥିଲା। ଇଲେଭେନ୍ ବୁଲେଟ୍ କ୍ଲବ ପକ୍ଷରୁ ଭକ୍ତମାନଙ୍କୁ ମାଗଣା ପ୍ରସାଦ ବିତରଣ କରାଯାଇଥିବାବେଳେ ବଡଦାଣ୍ଡରେ ୟଙ୍ଗ ଜିନିୟସ କ୍ଲବ ପକ୍ଷରୁ କ୍ଷୀରି କାକରା ପ୍ରସାଦ ବଣ୍ଟନ କରାଯାଇଥିଲା। ରଥ ବେଞ୍ଚ, ଶ୍ରୀ ଗୋପାଳଜୀଉ ମଠ ଓ ଅନ୍ୟ ସାମାଜିକ ଅନୁଷ୍ଠାନ ଦ୍ୱାରା ବିଭିନ୍ନ ସେବାମୂଳକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ରାଜପୁରୋହିତ ପ୍ରସନ୍ନ କୁମାର ନନ୍ଦ, ବ୍ରହ୍ମା ଗଙ୍ଗାଧର ମିଶ୍ର, ବଡପଣ୍ଡା ରାଜକିଶୋର ପଣ୍ଡା, ବରିଷ୍ଠ ପୂଜାପଣ୍ଡା ସୁବ୍ରତ କୁମାର ତ୍ରିପାଠୀ, ସୁଜିତ କୁମାର ଦାଶ, ଜଗନ୍ନାଥ ପତି, ଈଶ୍ୱର ତ୍ରିପାଠୀ, ପଦ୍ମନାଭ ନନ୍ଦ, ଦେବଦତ୍ତ ପତି, ସିଦ୍ଧେଶ୍ୱର ମିଶ୍ରଙ୍କ ସମେତ ପୂଜାପଣ୍ଡା, ସୁଆର, ଖୁଣ୍ଟିଆ ସେବକମାନେ ସେବା ଯୋଗାଇଥିଲେ। ବିଭିନ୍ନ ସ୍ଥାନରୁ ଆସିଥିବା ପହଣ୍ଡିଆ ସେବକମାନଙ୍କ ଦ୍ୱାରା ପହଣ୍ଡି କାର୍ଯ୍ୟ ସମାପନ ହୋଇଥିଲା। ରଥଟଣାକୁ ସମ୍ପାଦନ ପାଇଁ ଜିଲ୍ଲାପାଳ ବିଶାଳ ସିଂ, ଏସପି ନିତିନ କୁଶଳକର, ଅତିରିକ୍ତ ଜିଲ୍ଲାପାଳ, ଉପଜିଲ୍ଲାପାଳ ତଥା ଦେବୋତ୍ତରର ନିର୍ବାହୀ ଅଧିକାରୀ, ବରିଷ୍ଠ ପୋଲିସ ଅଧିକାରୀ ଓ ମାଜିଷ୍ଟ୍ରେଟ ପ୍ରମୁଖ ଉପସ୍ଥିତ ଥିଲେ। ଆଧ୍ୟାତ୍ମିକ ଅନୁଷ୍ଠାନ ଜ୍ଞାନମଣ୍ଡଳର ମୁଖପତ୍ର ତାଳଧ୍ୱଜକୁ ଉପଜିଲ୍ଲାପାଳ ଉନ୍ମୋଚନ କରିଥିଲେ। ବରିଷ୍ଠ ସାମ୍ବାଦିକ ଦେବାଶିଷ ମିଶ୍ର, ରଥର ମୁଖ୍ୟ ମହାରଣା ନୀଳମଣି ମହାରଣା, ରାଜକିଶୋର ପଣ୍ଡା, ଶିବଚରଣ ରାଉଳ ଓ ଦିନେଶ କୁମାର ଭୂୟାଁ ରଥଟଣା ପରିଚାଳନା କରିଥିଲେ। ରଥ ଫହଚିବା ପରେ ମା' ଲକ୍ଷ୍ମୀ ରଥ ପରିକ୍ରମା କରି ଆଳତୀ କରିଥିଲେ।ରଥଟଣା ସମୟରେ କେନ୍ଦୁଝର ଜିଲ୍ଲାପାଳ, ଏସପି, ଡ଼ିଏଫ ଓ, ଅତିରିକ୍ତ ଏସପି, ଉପଖଣ୍ଡ ପୋଲିସ ଅଧିକାରୀ, ଟାଉନ ଥାନା ଅଧିକାରୀ ଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ରଥ ଟଣା ହୋଇଥିଲା. ରଥଯାତ୍ରା ଶାନ୍ତି ଶୃଙ୍ଖଳର ସହିତ ସମାପନ ନିମନ୍ତେ ବ୍ୟାପକ ପୁଲିସ ମୁତୟନ ହୋଇଥିଲେ। ଭିକାରି ପଣ୍ଡା ଛକ, ଗୋବିନ୍ଦ ମୁଣ୍ଡା ଛକ ପର୍ଯ୍ୟନ୍ତ ଗାଡ଼ି ମୋଟର ଚଳାଚଳ ଥିଲା। ରବିବାର ଅନୁଷ୍ଠିତ ହେବାକୁ ଥିବା ଶ୍ରୀ ଜୀଉ ମାନଙ୍କର ପବିତ୍ର ସୁନାବେଶକୁ ଶୃଙ୍ଖଳିତ କରିବା ପାଇଁ ରଥ ବ୍ୟାରିକେଡ ଓ ୱାଚ୍‌ଟାୱାର ନିର୍ମାଣ କରାଯାଇଛି। ଅପରାହ୍ନ ୩ଟାରୁ ରାତି ୧୦ଟା ପର୍ଯ୍ୟନ୍ତ ଶ୍ରୀ ଜୀଉଙ୍କ ପବିତ୍ର ସୁନାବେଶ ଓ ବଡ଼ ଏକାଦଶୀ ଅନୁଷ୍ଠିତ ହେବ। ଠାକୁରମାନେ ମହଣ ମହଣ ସୁନା ଅଳଙ୍କାରରେ ଭୂଷିତ ହୋଇ ଭକ୍ତଙ୍କୁ ଦର୍ଶନ ଦେବେ। ସୁନାବେଶ ନିମନ୍ତେ ପ୍ରଶାସନ ପକ୍ଷରୁ ବ୍ୟାପକ ପ୍ରସ୍ତୁତି କରାଯାଇଛି।

## ବାରମାଇଲ ଛକରୁ ମୃତଦେହ ଉଦ୍ଧାର

ମୋରଡା, ୫।୭ (ସମିସ): ବେତନଟୀ ଥାନା ଅଧୀନ ଭାଲିଆଡିହା ପଞ୍ଚାୟତର ବାରମାଇଲ ଛକ ନିକଟରୁ ଶନିବାର ଜଣେ ବ୍ୟକ୍ତିଙ୍କ ମୃତଦେହକୁ ଜବତ କରିଛି ପୁଲିସ। ମୃତକ ହେଲେ ରାମନଗର ଗ୍ରାମର ହାଡ଼ିଆ ଟୁଡୁ (୫୫)। ସେ ଶୁକ୍ରବାର କିଶାନତାଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି ହୋଇଥିଲେ; ହେଲେ ଡାକ୍ତର ସନ୍ଧ୍ୟାରେ ଦେଖିଲା ବେଳକୁ ସେ ଶଯ୍ୟାରେ ନ ଥିଲେ। ପରେ ପୁଲିସ ଖବର ଦିଆଯାଇଥିଲା। ଅପରପକ୍ଷରେ ହାଡ଼ିଆଙ୍କ ଭାଇ ସଞ୍ଜୟ ଅଭିଯୋଗ କରିଛନ୍ତି ଯେ ତାଙ୍କୁ ଡାଇରିଆ ହୋଇଥିବା ବେଳେ ଚିକିତ୍ସାର ଅବହେଳା ଯୋଗୁ ତାଙ୍କର ମୃତ୍ୟୁ ଘଟିଛି। ଏ ନେଇ ବେତନଟୀ ଥାନାରେ ଏକ ଅପମୃତ୍ୟ ମାମଲା ରୁଜୁ ହୋଇଛି। ମୃତଦେହକୁ ପୁଲିସ ଜବତ କରି ବ୍ୟବଚ୍ଛେଦ ପାଇଁ ପିଆରଏମ ମେଡ଼ିକାଲକୁ ପଠାଇଛି।

## ୪ ବୁଲେଟ୍ ଜବତ

ବଡ଼ବିଲ, ୫।୭ (ସମିସ): କେନ୍ଦୁଝର ଜିଲ୍ଲା ବଡ଼ବିଲ ଥାନା ପୁଲିସ ସହର ମଧ୍ୟରେ ବିକଟାଳ ଶବ୍ଦ କରି ବୁଲୁଥିବା ୪ଟି ବୁଲେଟକୁ ଜବତ କରିବା ସହ ଜରିମାନା କରିଛି। ବୁଲେଟଗୁଡ଼ିକର ସାଇଲେନ୍‌ସର ଖୋଲି ବଦଳା ଯାଇଛି। ଜବତ ଗାଡ଼ିଗୁଡିକ ହେଲା ଯେଏଚ୦୫ ସିଏ୦୭୫୦, ଓଡି ୦୯ଏ୬୨୪୭, ଓଡି୦୯ ପି୪୧୯୭ ଓ ଯେଏଚ ୦୫ସିଏମ ୩୫୦୬। ଥାନାଧିକାରୀ ଅଶୋକ କୁମାର ନାୟକ ଆଗାମୀ ଦିନରେ ଏପରି କାର୍ଯ୍ୟକ୍ରମ ବ୍ୟାପକ ଭାବେ କରାଯିବ ବୋଲି ସୂଚନା ଦେଇଛନ୍ତି।

## ନାବାଳିକାଙ୍କୁ ଅପହରଣ

ରାମଚନ୍ଦ୍ରପୁର, ୫।୭ (ସମିସ): କେନ୍ଦୁଝର ଜିଲ୍ଲା ରାମଚନ୍ଦ୍ରପୁର ଥାନାଞ୍ଚଳର ଏକ ଗାଁରୁ ଜଣେ ନାବାଳିକାକୁ ସେହି ଗ୍ରାମର ସନାତନ ଦାସ (୨୭) କେଉଁଆଡେ ଅପହରଣ କରିଥିବା ନେଇ ମାଆ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗ ଆଧାରରେ ପୁଲିସ ଏକ ମାମଲା ରୁଜୁ କରିବା ସହ ବିଭିନ୍ନ ସ୍ଥାନରେ ତଲାସୀ ଅଭିଯାନ ଜାରି ରଖିଛି। ଥାନାଞ୍ଚଳରେ ଦିନକୁ ଦିନ ଅପରାଧିକ କାର୍ଯ୍ୟକଳାପ ବୃଦ୍ଧି ପାଉଥିବାରୁ ପୁଲିସ ପାଇଁ ଏହି ମାମଲା ଏକ ଚାଲେଞ୍ଜ ସୃଷ୍ଟି କରିଛି।

## ରୋଟାରୀ ହେରିଟେଜ ପକ୍ଷରୁ ଅନ୍ନପୂର୍ଣ୍ଣା ଦିବସ



ବାରିପଦା, ୫।୭ (ସମିସ): ବାରିପଦା ରୋଟାରୀ କ୍ଳବ ବାରିପଦା ହେରିଟେଜ ପକ୍ଷରୁ ଲକ୍ଷ୍ମୀପୋଷିସ୍ଥିତ ଅନ୍ଧ ମୂକ ବଧିର ବିଦ୍ୟାଳୟରେ ଅନ୍ନପୂର୍ଣ୍ଣା ଦିବସ ପାଳିତ ହୋଇଯାଇଛି। ସମ୍ପାଦକ ଦେବଦତ ମହାନ୍ତିଙ୍କ ନେତୃତ୍ୱରେ ରୋଟାରିଆନ ତରଣୀସେନ ଧଳଙ୍କ ସଂଯୋଜନାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବିଦ୍ୟାଳୟର ୮୨ଜଣ ଛାତ୍ରଛାତ୍ରୀ ଉପକୃତ ହୋଇଛନ୍ତି। ଏଥିରେ କ୍ଳବର ପୂର୍ବତନ ସଭାପତି ନଳିନୀ ଚୌଧୂରୀ, ସନ୍ତୋଷ କୁମାର କାସ୍ତ, ଅନିରୁଦ୍ଧ ପୃଷ୍ଟି, ପ୍ରଦୀପ ନାୟକ, ଅମିତାଭ ପଟ୍ଟାନାୟକ, ଶୈବାଳକାନ୍ତ ନାୟକ, ସଞ୍ଜିବ କୁମାର ଦଣ୍ଡପାଟ, ଚିତ ରଞ୍ଜନ ପଲତା, ଜ୍ୟୋତି ପ୍ରକାଶ ପଣ୍ଡା ଓ ରାଜେଶ ପଢିଆରୀ ଯୋଗଦେଇ ରୋଟାରୀର ଆଦର୍ଶ ଓ ଲକ୍ଷ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ। ଏହି କାର୍ଯ୍ୟକ୍ରମକୁ ବିଦ୍ୟାଳୟର ପ୍ରଧାନ ଦ୍ୱୟ ଶିକ୍ଷକ ଚନ୍ଦନ ଦାସ ଓ କୈଳାସ ଚନ୍ଦ୍ର ଦାଶଙ୍କ ସହିତ ସମସ୍ତ ଶିକ୍ଷୟିତ୍ରୀ ଶିକ୍ଷକ ସହଯୋଗ କରିଥିଲେ।

# ରୁଷ୍‌ରେ ସନ୍ତାନ ଜନ୍ମ ପାଇଁ ମହିଳାଙ୍କୁ ମିଳୁଛି ଲକ୍ଷେ ଟଙ୍କା



ମସ୍କୋ, ୫ ।୭ (ଏଜେନ୍ସି): ରୁଷ୍‌ରେ ଜନସଂଖ୍ୟାରେ ଅବନତୀକୁ ଲକ୍ଷ୍ୟ କରି ସରକାର ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେଇଛନ୍ତି । କମ୍ ବୟସର ମହିଳାମାନଙ୍କୁ ପିଲା ଜନ୍ମ କରିବାକୁ ପ୍ରୋତ୍ସାହିତ କରାଯାଉଛି । ପିଲା ଜନ୍ମ କରୁଥିବା ମହିଳାଙ୍କୁ ଏହିକ୍ରମରେ ଲକ୍ଷେ ଟଙ୍କା ଦିଆଯାଉଛି । ରୁଷିଆର ୧୦ଟି ଅଞ୍ଚଳରେ ଗତ ମାର୍ଚ୍ଚରୁ ଏହି ନିୟମ ଲାଗୁ କରାଯାଇଛି । ଦେଶରେ ଜନସଂଖ୍ୟାରେ ଅବନତୀ ହେଉଛି । ପୁଣି ଦେଶରେ ବୟସ୍କ ଲୋକଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି । ପୂର୍ବରୁ ୧୮ ବର୍ଷରୁ ଉର୍ଦ୍ଧ୍ୱ ମହିଳାଙ୍କ ପାଇଁ ଏହି ନିୟମ ଲାଗୁ ହୋଇଥିଲା । ଏବେ ୧୮ ବର୍ଷରୁ କମ୍ ଅର୍ଥାତ୍ ନାବାଳିକାଙ୍କ ପାଇଁ ଏହି ନିୟମ ଲାଗୁ କରାଯାଇଛି । ୨୦୨୩ରେ ରୁଷ୍‌ରେ ପ୍ରତ୍ୟେକ ମହିଳା ହାରାହାରି ୧.୪୧ ପିଲା ଜନ୍ମ ଦେଇଥାନ୍ତି । କିନ୍ତୁ ଜନସଂଖ୍ୟା ସ୍ଥିର ରଖିବାକୁ ହେଲେ ଏହା ୨.୦୫ ରହିବା ଆବଶ୍ୟକ ବୋଲି କୁହାଯାଇଛି । ଜନସଂଖ୍ୟା ଦୃଷ୍ଟିକୋଣରୁ ରୁଷ୍ ଏବେ ବିଶ୍ୱର ୯ମ ସ୍ଥାନରେ ରହିଛି । ୟୁକ୍ରେନ ସହ ଚାଲିଥିବା ଯୁଦ୍ଧ ପାଇଁ କମ୍ ବୟସରେ ମହିଳାଙ୍କୁ ମା ହେବାକୁ ବାଧ କରାଯାଉଛି ।


# ୪୫ ବର୍ଷୀୟ ବରକୁ ୧୩ ବର୍ଷର କନିଆଁ



ନୁହ, ୫ ।୭(ଏଜେନ୍ସି): ହରିୟାଣାର ନୁହ ଜିଲ୍ଲାରେ ଏକ ଅଜବ ଘଟଣା ସାମ୍ନାକୁ ଆସିଛି । ଜଣେ ୧୩ ବର୍ଷୀୟା ନାବାଳିକାଙ୍କୁ ଜଣେ ୪୫ ବର୍ଷର ବ୍ୟକ୍ତିଙ୍କ ସହ ବିବାହ କରାଇ ଦିଆଯାଇଛି । ଝିଅର ବାପା ନିଶାସକ୍ତ ହୋଇଥିବାରୁ ଜଣେ ମୌଲବିଙ୍କ ସହ କଥା ହୋଇ ଏକ ସ୍ଥାନୀୟ ମାଦ୍ରାସାରେ ଝିଅର ବିବାହ ଅର୍ଥାତ ନିକାହ କରିଛନ୍ତି । ଏହାପରେ ଘରକୁ ଆସି ସେ ଝିଅ ପିଉଷୀଙ୍କ ଘରକୁ ଯାଇଛି ବୋଲି କହିଥିଲେ । ସେପେଟେ ନିକାହ କରିବା ପରେ ଅଭିଯୁକ୍ତ ନାବାଳିକାଙ୍କୁ ଧରି ସେଠାରୁ ପଳାଇଥିଲେ । ଅଭିଯୁକ୍ତର ପ୍ରଥମ ପତ୍ନୀ ଝିଅ ଘରେ ପହଞ୍ଚି ଅବଗତ କରାଇବା ପରେ ସବୁକଥା ପଦାକୁ ଆସିଥିଲା । ଏବେ ଝିଅ ଘର ଲୋକେ ଥାନାରେ ଅଭିଯୋଗ କରିଛନ୍ତି । ଅବଶ୍ୟ ପୁଲିସ ଏପର୍ଯ୍ୟନ୍ତ ମାମଲା ରୁଜୁ କରିନାହିଁ । ପୁରୁଷ ଜଣଙ୍କର ଏହା ତୃତୀୟ ବିବାହ ଥିଲା ଓ ତାଙ୍କର ୫ଟି ସନ୍ତାନ ରହିଛନ୍ତି ।

# ଲାଞ୍ଚ ନେଇ ୪୦ ମେଡିକାଲ କଲେଜକୁ ଅନୁମୋଦନ

ନୂଆଦିଲ୍ଲୀ, ୫।୭ (ଏଜେନ୍ସି): ଭାରତର ସବୁଠୁ ବଡ଼ ମେଡିକାଲ ସ୍କାମ (ଦୁର୍ନୀତି)ର ପର୍ଦ୍ଦାଫାସ ହୋଇଛି । ଅନେକ ଛାତ୍ରଛାତ୍ରୀଙ୍କ ଭବିଷ୍ୟତକୁ ଅନ୍ଧାକାରମୟ କରିଦିଆଯାଇଛି । ଉଚିତ ବ୍ୟବସ୍ଥା ନ ଥାଇ ମେଡିକାଲ କଲେଜ ନାମରେ ନାମ ଲେଖା ଯାଉଛି । ଆଉ ଅନୁମୋଦନ ପାଇଁ କୋଟି କୋଟି ଟଙ୍କା ଲାଞ୍ଚ ଦିଆଯାଉଛି । ସ୍ୱଘୋଷିତ ବାବାଙ୍କ ଦ୍ୱାରା ଚାଲିଥିବା ଏକ ର୍‌ୟାକେଟ ଏହି କଳାକାରନାମା କରୁଛି । କେବଳ ଗୋଟିଏ ରାଜ୍ୟରେ ନୁହେଁ, ସାରା ଦେଶରେ ଏହି ଗୋଲକଧନ୍ଦା ଚାଲିଥିଲା । ନ୍ୟାସନାଲ ମେଡିକାଲ କମିସନ (ଏନଏମ୍‌ସି) ଯାଞ୍ଚରୁ ସୁରକ୍ଷା ଦେବା ଲାଗି ମେଡିକାଲ କଲେଜ ଗୁଡିକ କୋଟି କୋଟି ଟଙ୍କା ପ୍ରଦାନ କରୁଥିଲେ । ହାୱଲା ମାଧ୍ୟମରେ ଲାଞ୍ଚ ଟଙ୍କା ଆସୁଥିଲା । ଏହି ର୍‌ୟାକେଟରେ ବରିଷ୍ଠ ଅଧିକାରୀ, ମଧ୍ୟସ୍ଥି, ପ୍ରମୁଖ ଶିକ୍ଷାବିତ ଏବଂ ଜଣେ ସ୍ୱଘୋଷିତ ବାବା ରାୱତପୁରା ସରକାର ସାମିଲ ଥିଲେ ।



ରାଜସ୍ଥାନ, ଗୁରୁଗାଁଓ, ଇନ୍ଦୋରରୁ ୱାରଙ୍ଗଲ ଏବଂ ବିଶାଖାପାଟଣା ପର୍ଯ୍ୟନ୍ତ ବ୍ୟାପିଥିବା ଏହି ଦୁର୍ନୀତିରେ ହାୱାଲା ଏବଂ ବ୍ୟାଙ୍କ ମାଧ୍ୟମରେ କୋଟି କୋଟି ଟଙ୍କା ବଦଳା ଯାଇଥିଲା । ଜାଲ୍ ପ୍ରାଧ୍ୟାପକ, ଜାଲ୍ ପର୍ଯ୍ୟବେକ୍ଷଣ ଏବଂ ପ୍ରଘଟ ହୋଇଥିବା ଫାଇଲ ଏହି ବହୁକୋଟି ଟଙ୍କା ଦୁର୍ନୀତିର ପ୍ରମୁଖ ଆଧାର ଥିଲା । ଉଚିତ ବ୍ୟବସ୍ଥା ନ ଥିବା ମେଡିକାଲ କଲେଜକୁ ବେଆଇନ ଭାବେ ଅନୁମୋଦନ ଦେବା ଲାଗି ଏହି ଦୁର୍ନୀତି ହେଉଥିଲା । ଏଥିରେ ସ୍ୱାସ୍ଥ୍ୟ ମନ୍ତ୍ରାଳୟର ଅଧିକାରୀ ମଧ୍ୟ ସାମିଲ ଥିଲେ । ରାୟପୁର ସ୍ଥିତ ଶ୍ରୀ ରାୱତପୁରା ସରକାର ଇନ୍‌ଷ୍ଟିଚ୍ୟୁଟ ଅଫ୍ ମେଡିକାଲ ସାଇନ୍ସ ଆଣ୍ଡ ରିସର୍ଚ୍ଚ (ଶ୍ରୀଏମଏସଆର)ରେ 'ଯାଞ୍ଚ ପାଇଁ ଲାଞ୍ଚ' ତଦନ୍ତରୁ ଏହି ମାମଲା ଆରମ୍ଭ ହୋଇଥିଲା । ମେଡିକାଲ କଲେଜ ସପକ୍ଷରେ ଯାଞ୍ଚ ରିପୋର୍ଟ ଦେବାକୁ ୫୫ ଲକ୍ଷ ଟଙ୍କା ଲାଞ୍ଚ ନେବା ମାମଲାର ୩ ଡାକ୍ତରଙ୍କୁ ଗିରଫ କରାଯାଇଥିଲା । ଯାଞ୍ଚ ଟିମ୍‌ର ଜଣେ ସହଯୋଗୀଙ୍କଠାରୁ ୩୮ ଲକ୍ଷ ଏବଂ ଅନ୍ୟ ଜଣେ ଅଧିକାରୀଙ୍କଠୁ ୧୬. ୬୨ ଲକ୍ଷ ଟଙ୍କା ଜବତ କରାଯାଇଥିଲା । ଏହି ଲାଞ୍ଚ ପାଇଁ ଷଡ଼ଯନ୍ତ୍ର କରାଯାଇଥିଲା । ହାୱାଲା ରୁଟ୍ ମାଧ୍ୟମରେ ଏହାକୁ ସଂଗ୍ରହ କରି ଟିମ୍‌କୁ ବଣ୍ଟା ଯାଇଥିଲା । ସୂତ୍ର ଅନୁଯାୟୀ ଦେଶରେ ଥିବା ୪୦ରୁ ଅଧିକ ମେଡିକାଲ କଲେଜ ଲାଞ୍ଚ, ଜାଲ୍ ରେକର୍ଡ ଏବଂ ପର୍ଯ୍ୟବେକ୍ଷଣ ତଥ୍ୟକୁ ଜାଲିଆତି କରି ଅନୁମୋଦନ ପାଇଛନ୍ତି ।

- ଭାରତର ସବୁଠୁ ବଡ଼ ମେଡିକାଲ ସ୍କାମ୍
- ଆତ୍ମଘୋଷିତ ବାବା-ଅଧିକାରୀ ଅସାଧୁ ମେଣ୍ଟ

ତଦନ୍ତରୁ ଜଣାପଡ଼ିଛି ଯେ ଇଣ୍ଡେକ୍ସ କଲେଜରେ ଭୂତ ପ୍ରାଧ୍ୟାପକ, ନକଲି ବାୟୋମେଟ୍ରିକ ଉପସ୍ଥାନ, ଜାଲ୍ ଅଭିଜ୍ଞତା ପ୍ରମାଣପତ୍ର ଦେଇ ଏନଏମସିରୁ ଅନୁମୋଦନ ପାଇଥିଲା । ସିବିଆଇ ଜାଣିବାକୁ ପାଇଛି ଯେ ନୂଆଦିଲ୍ଲୀର ଅଧିକାରୀମାନେ ଫାଇଲଗୁଡ଼ିକର ଫଟୋଗ୍ରାଫ୍ ନେଉଥିଲେ ଏବଂ ସେଗୁଡ଼ିକୁ ଏଜେଣ୍ଟମାନଙ୍କୁ ହ୍ୱାଟସଆପରେ ପଠାଉଥିଲେ । ଏମାନେ କଲେଜ ପରିଚାଳକଙ୍କୁ ପୂର୍ବରୁ ସୂଚନା ପ୍ରଦାନ କରୁଥିଲେ । ଏହି ତଥ୍ୟ ପାଇଥିବା ବ୍ୟକ୍ତିଙ୍କ ମଧ୍ୟରେ ଗୁରଗାଁଓର ବୀରେନ୍ଦ୍ର କୁମାର, ଦ୍ୱାରକାର ମନୀଷା ଯୋଶୀ, ଉଦୟପୁର ସ୍ଥିତ ଗୀତାଞ୍ଜଳୀ ୟୁନିଭର୍ସିଟର ରେଜିଷ୍ଟ୍ରାର ମୟୁର ରାଭାଲ ଆଦି ସାମିଲ ଅଛନ୍ତି । ଏହି ର୍‌ୟାକେଟରେ ମେଡିକାଲ ଆସେସମେଣ୍ଟ ଆଣ୍ଡ ରେଟିଂ ବୋର୍ଡ (ଏମଏଆରବି)ର ପୂର୍ବତନ କର୍ମଚାରୀ ଜିତୁ ଲାଲ ମୀନା ମଧ୍ୟସ୍ଥି ଭାବେ କାମ କରୁଥିଲା । ସେ ଏହି ଟଙ୍କାରେ ରାଜସ୍ଥାନରେ ୭୫ ଲକ୍ଷ ଖର୍ଚ୍ଚ କରି ହନୁମାନ ମନ୍ଦିର ନିର୍ମାଣ କରିଥିଲା ।

## ରାୱତପୁରା ବାବାଙ୍କ କଳାକାରନାମା

ରାୱତପୁରା ବାବା ତଥା ରବିଶଙ୍କର ମହାରାଜଙ୍କର ସରକାରୀ ଅଧିକାରୀ, ନେତା ଏବଂ ମନ୍ତ୍ରୀଙ୍କ ସହ ଭଲ ସମ୍ବନ୍ଧ ଥିଲା । ଆଇଏଏସ, ଆଇପିଏସ ଏବଂ ନେତାଙ୍କ ସହ ତାଙ୍କ ଫଟୋ ଭାଇରାଲ ହେବାରେ ଲାଗିଥିଲା । ସେ ହିଁ ଦୁର୍ନୀତିର ମୁଖ୍ୟ କାର୍ପଟଦାର ଥିଲେ । ମଧ୍ୟପ୍ରଦେଶ ଲାହରର ଭଦୌରିଆ ଏବଂ ରାୱତପୁରା ଏହି ଗୋଲକଧନ୍ଦା ଆରମ୍ଭ କରିଥିଲେ ବୋଲି ଏଜେନ୍ସି ଆଶଙ୍କା କରୁଛି । ସେ ଏନଏମସି ମାନ୍ୟତା ଦେବା ପାଇଁ ଘରୋଇ ମେଡିକାଲ କଲେଜଠାରୁ ୩ରୁ ୫ କୋଟି ଟଙ୍କା ନେଉଥିଲେ । ଏପରିକି ସରକାରୀ କାର୍ଯ୍ୟର ଠିକା ପାଇବା ପାଇଁ ମଧ୍ୟ ଲୋକେ ବାବାଙ୍କ ଶରଣ ପଶୁଥିଲେ । ସବୁ ଦେଣନେଣ ବାବାଙ୍କ ଟ୍ରଷ୍ଟ ମାଧ୍ୟମରେ ହେଉଥିଲା । ସିବିଆଇ ଯାଞ୍ଚରୁ ଗୋଟିଏ ପରେ ଗୋଟିଏ ଭୟଙ୍କର ତଥ୍ୟ ସାମ୍ନାକୁ ଆସିଥିଲା । ଏହି ଦୁର୍ନୀତିରେ ୟୁଜିସିର ପୂର୍ବତନ ଅଧ୍ୟକ୍ଷ ତଥା ଟିଆଇଏସଏସ କୁଳପତି ଡିପି ସିଂହ, ଇନ୍ଦୋର ସ୍ଥିତ ମେଡିକାଲ କଲେଜର ସୁରେଶ ସିଂହ ଭଦୌରିଆ, ଅଧିକାରୀ ଏବଂ ମଧ୍ୟସ୍ଥିଙ୍କ ଏକ ବଡ଼ ର୍‌ୟାକେଟ ଥିବା ଜଣାପଡ଼ିଛି । ସିବିଆଇ ଏତଲାରେ ବାବା ରାୱତପୁରାଙ୍କ ସହିତ ଅବସରପ୍ରାପ୍ତ ଆଇଏଫଏସ ତଥା ରେରା ପୂର୍ବତନ ଅଧ୍ୟକ୍ଷ ସଞ୍ଜୟ ଶୁକ୍ଲାଙ୍କ ସମେତ ୩୫ ଜଣଙ୍କ ନାମ ରହିଛି । ସେ ଛତିଶଗଡ଼ ବନ ବିଭାଗର ପୂର୍ବତନ ମୁଖ୍ୟ ତଥା ପିସିସିଏଫ ଥିଲେ । ରାୱତପୁରା ଗ୍ରୁପରେ ସେ ଟ୍ରଷ୍ଟି ଭାବେ ସାମିଲ ହୋଇଥିଲେ । ତେବେ ଏହି ମାମଲାରେ ଏ ପର୍ଯ୍ୟନ୍ତ କେବଳ ଗ୍ରୁପ୍‌ର ନିର୍ଦ୍ଦେଶକ ଅତୁଲ ତିୱାରୀଙ୍କୁ ଗିରଫ କରାଯାଇଛି ।

ସରକାରୀ ଯୋଜନା, ରାସ୍ତା ନିର୍ମାଣ ପ୍ରକଳ୍ପ, ବିଦ୍ୟୁତ୍ ଋିଆତିରେ ତାଙ୍କ ଟ୍ରଷ୍ଟକୁ ଅନୁଚିତ ଲାଭ ମିଳିଛି । ପୂର୍ବରୁ ଜମି ଜବରଦଖଲ, ବେଆଇନ କଲେଜ ପରିଚାଳନା, ମହିଳା ଅନୁଗାମୀଙ୍କୁ ଆଶ୍ରମରେ ମାନସିକ ନିର୍ଯାତନା ଦେଉଥିବା ନେଇ ରାୱତପୁରାଙ୍କ ବିରୋଧରେ ଅଭିଯୋଗ ଲାଗିଥିଲା । ମାନବାଧିକାର ଆୟୋଗ ଏହି ମାମଲାର ତଦନ୍ତ କରିଥିଲେ ମଧ୍ୟ କିଛି ହୋଇପାରି ନ ଥିଲା ।

## ସମ୍ବଲରେ ମର୍ମନ୍ତୁଦ ଦୁର୍ଘଟଣା
# ବର ସମେତ ୮ ମୃତ

ସମ୍ବଲ, ୫ ।୭ (ଏଜେନ୍ସି): ଉତ୍ତରପ୍ରଦେଶର ସମ୍ବଲ ଜିଲ୍ଲାର ଜୁନାୱାଲ ଗ୍ରାମରେ ଶୁକ୍ରବାର ସନ୍ଧ୍ୟାରେ ଏକ ବଡ଼ ଅଘଟଣ ଘଟିଛି । ବାହାଘରର ଖୁସି ଅଚାନକ ଚୂରମାର ହେବା ସହ ଦୁଃଖଦ ସ୍ଥିତିରେ ବଦଳିଯାଇଥିଲା । ଏକ ଏସ୍‌ୟୁଭି କାର ଦ୍ରୁତଗତିରେ ଯାଇ କଲେଜ କାନ୍ଥରେ ଧକ୍କା ଦେବା ଫଳରେ ବର ଓ ପରିବାରର ଅନ୍ୟ ୮ ଜଣ ଘଟଣାସ୍ଥଳରେ ମୃତ୍ୟୁବରଣ କରିଛନ୍ତି । ଧକ୍କାରେ କଲେଜ କାନ୍ଥ ଭୁଶୁଡ଼ି ପଡ଼ିଥିଲା । ଏଥିରେ ଦୁଇଜଣ ଗୁରୁତର ଭାବେ ଆହତ ହୋଇଛନ୍ତି । ଗୋଟିଏ ପରିବାରର ୧୦ ଜଣ ସଦସ୍ୟଙ୍କୁ ନେଇ ଏହି କାର ମିରଟ- ବଦାୟୁଁ ରାଜପଥରେ ଯାଉଥିବା ବେଳେ ନିୟନ୍ତ୍ରଣ ହରାଇ ଜନତା ଇଣ୍ଟର କଲେଜ ଦିଆଲିରେ ପିଟି ହୋଇଥିଲା ବୋଲି ଏଏସ୍‌ପି ଅନୁକୃତି ଶର୍ମା କହିଛନ୍ତି । କାରର ସମ୍ମୁଖ ଭାଗ ସମ୍ପୂର୍ଣ୍ଣ ଭାବେ ଚେପା ହୋଇଯାଇଛି । ଗାଡି ଭିତରେ ଫସିରହିଥିବା ଯାତ୍ରୀଙ୍କୁ ଜେସିବି ମାଧ୍ୟରେ ବାହାର କରାଯାଇଥିଲା ।

# ତେଲଙ୍ଗାନା ବିସ୍ଫୋରଣ ମୃତ୍ୟୁ ସଂଖ୍ୟା ୪୦କୁ ବୃଦ୍ଧି

ହାଇଦରାବାଦ୍, ୫ ।୭(ଏଜେନ୍ସି): ତେଲଙ୍ଗାନା କାରଖାନା ବିସ୍ଫାରଣ ମାମଲାରେ ମୃତ୍ୟୁ ସଂଖ୍ୟା ବଢ଼ିଚାଲିଛି । ଶନିବାର ମୃତ୍ୟୁ ସଂଖ୍ୟା ୪୦ରେ ପହଞ୍ଚିଛି ବୋଲି ଜିଲ୍ଲାର ଅତିରିକ୍ତ ଜିଲ୍ଲାପାଳ ଚନ୍ଦ୍ରଶେଖର ବୁଡୁଗୁ କହିଛନ୍ତି । ସକାଳେ ଆଉ ଜଣେ ଆହତ ବ୍ୟକ୍ତି ମୃତ୍ୟୁବରଣ କରିଥିଲେ । ଫଳରେ ମୃତ୍ୟୁ ସଂଖ୍ୟା ବଢ଼ିଛି ବୋଲି ସେ କହିଛନ୍ତି । ଏବେ ମଧ୍ୟ ଆଉ ୧୯ ଜଣ ଆହତ ବ୍ୟକ୍ତିଙ୍କର ଚିକିତ୍ସା ଚାଲିଛି । ଏବେ ମଧ୍ୟ ଏହି ଘଟଣାରେ ୯ ଜଣ ନିଖୋଜ ଅଛନ୍ତି ଓ ଏମାନଙ୍କୁ ଖୋଜିବା ପ୍ରକ୍ରିୟା ଜାରି ରହିଛି । ଜୁନ୍ ୩୦ରେ ପାଶାମିଲାରାମ ଇଣ୍ଡଷ୍ଟ୍ରିଆଲ ଏରିଆସ୍ଥିତ ସିଗାଚି ଇଣ୍ଡଷ୍ଟ୍ରିଜ୍‌ରେ ସକାଳ ୮.୧୫ରେ ଏହି ବିସ୍ଫୋରଣ ହୋଇଥିଲା ଓ ସେତେବେଳେ ୧୫୦ ଲୋକ ସେଠାରେ ଥିଲେ ।

# ଆମେରିକାରେ ବନ୍ୟା; ୨୪ ମୃତ, ୨୩ ବାଳିକା ନିଖୋଜ

ୱାସିଂଟନ, ୫ ।୭(ଏଜେନ୍ସି): ଆମେରକାର ଦକ୍ଷିଣରେ ଥିବା ଟେକ୍ସାସ ରାଜ୍ୟରେ ଶୁକ୍ରବାର ପ୍ରବଳ ବର୍ଷା ହେବା ପରେ ଗୁଆଡାଲୁପ୍ ନଦୀରେ ପ୍ରବଳ ବନ୍ୟା ଆସିଛି । ଏଥିରେ ୨୪ଜଣ ଲୋକ ମୃତ୍ୟୁବରଣ କରିଛନ୍ତି । ସେହିପରି ୨୩ଜଣ ଝିଅ ନିଖୋଜ ହୋଇଛନ୍ତି । ଏପର୍ଯ୍ୟନ୍ତ ୪୦୦ରୁ ଉର୍ଦ୍ଧ୍ୱ ଲୋକଙ୍କୁ ଉଦ୍ଧାର କରାଯାଇଛି । ହେଲିକପ୍ଟର ଜରିଆରେ ଉଦ୍ଧାର କାର୍ଯ୍ୟ ଚାଲୁ ରହିଛି । ଉଦ୍ଧାର କାର୍ଯ୍ୟରେ ୯ଟି ଉଦ୍ଧାରକାରୀ ଦଳ, ୧୪ଟି ହେଲିକପ୍ଟର ଓ ୧୨ଟି ଡ୍ରୋନର ବ୍ୟବହାର କରାଯାଉଛି ।

# ପାକିସ୍ତାନରେ କୋଠା ଭୁଶୁଡ଼ି ୧୬ ମୃତ

କରାଚୀ, ୫ ।୭(ଏଜେନ୍ସି): କରାଚୀର ଲ୍ୟାରୀ ଅଞ୍ଚଳରେ ଏକ ବହୁତଳ କୋଠା ଭୁଶୁଡ଼ିବା ଫଳରେ ୧୬ ଲୋକ ପ୍ରାଣ ହରାଇଛନ୍ତି । ଶନିବାର ୬ ତଳ ବିଶିଷ୍ଟ ଏହି କୋଠା ଭୁଶୁଡ଼ିଥିଲା । ଏବେ ମଧ୍ୟ କେତେ ଲୋକ ତଳେ ଚାପି ହୋଇ ରହିଛନ୍ତି । ଗୁରୁତର ଭାବେ ଆହତ ହୋଇଥିବା ୯ଜଣଙ୍କୁ ଉଦ୍ଧାର କରାଯାଇଛି । ଏମାନଙ୍କ ମଧ୍ୟରେ ୫ ମହିଳା ସାମିଲ ରହିଛନ୍ତି । ଅତିକମ୍‌ରେ ୨୦ ଜଣ ଲୋକ ତଳେ ଚାପି ହୋଇ ରହିଛନ୍ତି ବୋଲି କରାଚୀ ମେୟର ମୁର୍ତ୍ତାଜା ୱାହାମ କହିଛନ୍ତି । ଉଦ୍ଧାର କାର୍ଯ୍ୟ ଜୋରରେ ଚାଲିଛି ବୋଲି ସେ କହିଛନ୍ତି । ପୂର୍ବରୁ ସିନ୍ଧ ବିଲ୍ଡିଂ କଣ୍ଟ୍ରୋଲ ଅଥରିଟି (ଏସ୍‌ବିସିଏ) ଏହି ବିଲ୍ଡିଂ ବିପଜ୍ଜନକ ବୋଲି ଘୋଷଣା କରିଥିଲା ।

# ସ୍କୁଲ କାନ୍ଥରେ ୪ ଲିଟର ରଙ୍ଗ; ୧୬୮ ଶ୍ରମିକ, ୬୫ ମିସ୍ତ୍ରି

ଭୋପାଳ, ୫।୭ (ଏଜେନ୍ସି): ମଧ୍ୟପ୍ରଦେଶ ଶାହଡୋଲ ସ୍ଥିତ ସାକାଣ୍ଡି ଗ୍ରାମରେ ଥିବା ସ୍କୁଲ୍‌ରୁ ଆଶ୍ଚର୍ଯ୍ୟଜନକ ମାମଲା ସାମ୍‌ନାକୁ ଆସିଛି । ଏହି ସ୍କୁଲ୍ ଗଣିତର ଚମତ୍କାର ଏବଂ ମାନବ ସମ୍ବଳର ବିରଳ ଉପଯୋଗ କରି ବଡ଼ ସଫଳତା ପାଇଛି! ସ୍କୁଲ୍‌ର ଏକ କାନ୍ଥରେ ୪ ଲିଟର ରଙ୍ଗ ବୋଳିବା ପାଇଁ ୧୬୮ ଶ୍ରମିକ ଏବଂ ୬୫ ରାଜମିସ୍ତ୍ରୀ କାମ କରିଛନ୍ତି । ବୟୋହାରି ବିଧାନସଭା କ୍ଷେତ୍ରରେ ଏହି ସ୍କୁଲ୍ କାନ୍ଥରେ ୪ଟି ଲିଟର ଅଏଲ ପେଣ୍ଟ ଦେବା ଲାଗି ଲକ୍ଷେ ସାତ ହଜାର ଟଙ୍କା ଖର୍ଚ୍ଚ କରାଯାଇଛି । ସେହିପରି ନିପାନିୟା ଗ୍ରାମରେ ଥିବା ସ୍କୁଲ୍‌ରେ ୨୦ ଲିଟର ରଙ୍ଗ ବୋଳିବା ପାଇଁ ୨.୩ ଲକ୍ଷ ଟଙ୍କା ଖର୍ଚ୍ଚ ହୋଇଛି । ୧୦ ଝରକା ଏବଂ ୪ଟି କବାଟରେ ରଙ୍ଗ ଦେବା ଲାଗି ୨୭୫ ଶ୍ରମିକ ଏବଂ ୧୫୦ ରାଜମିସ୍ତ୍ରୀ ଲାଗିଥିଲେ । ସ୍କୁଲ୍ କାନ୍ଥରେ ନୁହଁ, ବରଂ କାଗଜପତ୍ରରେ ଅସଲ ପ୍ରତିଭା ପ୍ରଦର୍ଶନ କରାଯାଇଥିଲା । ଏହି କାମ କରିଥିବା କମ୍ପାନୀ ସୁଧାକର କନ୍‌ଷ୍ଟ୍ରକ୍ସନ ଗତ ମେ' ୫ରେ ଏହି ବିଲ୍ ପ୍ରସ୍ତୁତ କରିଥିଲା ।

## କିଏ ହେବ ବିଜେପିର ନୂଆ ସଭାପତି
# ଚର୍ଚ୍ଚାରେ ତିନି ନାରୀ ନେତ୍ରୀ

ନୂଆଦିଲ୍ଲୀ, ୧୫।୭ (ଏଜେନ୍ସି): ବିଜେପିର ପରବର୍ତ୍ତୀ ସଭାପତି କିଏ ହେବ? ଏହାକୁ ନେଇ ଦଳ ଓ ଆରଏସ୍‌ଏସ୍ ମଧ୍ୟରେ ଟଣାଓଟରା ଲାଗି ରହିଛି । ଏହି ପଦବୀ ପାଇଁ ବିଭିନ୍ନ ନାମ ଆସୁଥିବା ବେଳେ ଏହାକୁ ନେଇ କିନ୍ତୁ ସହମତି ହୋଇପାରୁ ନାହିଁ । ଯେଉଁଥିପାଇଁ ୨୦୨୩ ଜାନୁଆରୀରେ ଜେପି ନଡ୍ଡାଙ୍କ କାର୍ଯ୍ୟକାଳ ଶେଷ ହୋଇଯାଇଥିଲେ ମଧ୍ୟ ସେ ଏବେ କାମଚଳା ଦାୟିତ୍ୱରେ ଅଛନ୍ତି ।

ଏହି ଅଚଳାବସ୍ଥା ମଧ୍ୟରେ ଏକ ଆଶ୍ଚର୍ଯ୍ୟ କଲା ଭଳି ଖବର ଆସୁଛି । ତାହା ହେଲା, ବିଜେପିର ପରବର୍ତ୍ତୀ ସଭାପତି ଜଣେ ମହିଳା ହୋଇପାରନ୍ତି । ଏହି ପଦବୀ ଲାଗି ତିନିଜଣ ମହିଳା ନେତ୍ରୀଙ୍କ ନାମକୁ ନେଇ ଏବେ ଜୋରଦାର ଚର୍ଚ୍ଚା । ଏହା ଯଦି ସତ୍ୟରେ ପରିଣତ ହୁଏ, ତାହାହେଲେ ବିଜେପି ଇତିହାସରେ ପ୍ରଥମ ଥର ଲାଗି ଜଣେ ମହିଳା ସଭାପତି ହେବେ । ଏଭଳି ପ୍ରସ୍ତାବରେ ଆର୍‌ଏସ୍‌ଏସ୍ (ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ) ମଧ୍ୟ ରାଜି ଥିବା କୁହାଯାଉଛି । ତେବେ କାହାକୁ ସଭାପତି କରାଯିବ, ତାହା ଏବେ ବଡ଼ ପ୍ରଶ୍ନ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ବିଦେଶ ଗସ୍ତରୁ ଫେରିବା ପରେ ଏସଂପର୍କରେ ନିଷ୍ପତ୍ତି ନିଆଯିବ ବୋଲି ଦଳୀୟ ସୂତ୍ରରୁ ଜଣାପଡ଼ିଛି ।



ଯେଉଁ ତିନି ଜଣ ମହିଳା ନେତ୍ରୀଙ୍କ ନାମ ଏହି ପଦବୀ ଲାଗି ଶୁଣାଯାଉଛି, ସେମାନେ ହେଉଛନ୍ତି କେନ୍ଦ୍ର ଅର୍ଥ ମନ୍ତ୍ରୀ ନିର୍ମଳା ସୀତାରମଣ, ଡି. ପୁରନ୍ଦେଶ୍ୱରୀ ଏବଂ ଭି.ଶ୍ରୀନିବାସନ । ପ୍ରଧାନମନ୍ତ୍ରୀ ବିଦେଶ ଗସ୍ତରୁ ଫେରିବା ପୂର୍ବରୁ ଦଳର ବରିଷ୍ଠ ନେତାମାନଙ୍କ ମଧ୍ୟରେ ଏହାକୁ ନେଇ ବିଚାରବିମର୍ଶ ଚାଲିଛି । ଏଥିରେ ଆରଏସଏସର ଅନେକ ନେତା ମଧ୍ୟ ସାମିଲ ହୋଇଛନ୍ତି । ତେବେ ଏହି ତିନି ନେତ୍ରୀଙ୍କ ମଧ୍ୟରେ ସୀତାରମଣଙ୍କ ନାମ ସର୍ବାଗ୍ରେ ରହିଛି ।

ମିଳିଥିବା ଖବର ଅନୁଯାୟୀ କିଛି ଦିନ ତଳେ ବିଜେପି ମୁଖ୍ୟାଳୟରେ ଏକ ଉଚ୍ଚସ୍ତରୀୟ ବୈଠକ ବସିଥିଲା । ଏଥିରେ ସୀତାରମଣଙ୍କ ସମେତ ଜେପି ନଡ୍ଡା ଏବଂ ଦଳର ସାଧାରଣ ସଂପାଦକ ବିଏଲ୍ ସନ୍ତୋଷ ମଧ୍ୟ ଉପସ୍ଥିତ ଥିଲେ । ରାଜନୀତିରେ ଅଭିଜ୍ଞତା ଏବଂ ପ୍ରଶାସନରେ ଦକ୍ଷତା ଦୃଷ୍ଟିରୁ ତାଙ୍କ ନାମ ଚର୍ଚ୍ଚାରେ ରହିଛି । ସେ ଦଳକୁ ଦକ୍ଷ ନେତୃତ୍ୱ ଦେଇପାରିବେ ବୋଲି ଅନେକ ଦଳୀୟ ନେତା ମତ ପ୍ରକାଶ କରିଛନ୍ତି । ଦକ୍ଷିଣ ଭାରତରେ ବିଜେପିର ସ୍ଥିତିକୁ ମଜବୁତ କରିବାରେ ତାଙ୍କର ନେତୃତ୍ୱ ସହାୟକ ବୋଲି ଯୁକ୍ତି କରାଯାଉଛି ।

ଏହି ପଦବୀ ଲାଗି ଅନ୍ୟତମ ଦାବିଦାର ହେଉଛନ୍ତି ଡି. ପୁରନ୍ଦେଶ୍ୱରୀ । ରାଜନୀତିରେ ତାଙ୍କର ଦୀର୍ଘ ଦିନର ଅଭିଜ୍ଞତା ରହିଛି । ସେ ଆନ୍ଧ୍ର ପ୍ରଦେଶ ବିଜେପିର ସଭାନେତ୍ରୀ ଥିଲେ । ସେହିଭଳି ଭି. ଶ୍ରୀନିବାସନଙ୍କ ନାମକୁ ନେଇ ମଧ୍ୟ ଚର୍ଚ୍ଚା । ଆଇନଜୀବୀରୁ ରାଜନୀତିକୁ ଆସିଥିବା ତାମିଲନାଡୁର ଏହି ନେତ୍ରୀ ବିଜେପି ମହିଳା ମୋର୍ଚ୍ଚାର ଅଧ୍ୟକ୍ଷା ଥିଲେ । ୧୯ ୯୩ରୁ ସେ ବିଜେପିରେ ଅଛନ୍ତି ।

# ବିଶିଷ୍ଟ ବ୍ୟବସାୟୀ ଗୋପାଳ ଖେମ୍‌କାଙ୍କୁ ଗୁଳିକରି ହତ୍ୟା

ପାଟନା, ୫ ।୭(ଏଜେନ୍ସି): ବିହାର ରାଜଧାନୀ ପାଟନାରେ ଶୁକ୍ରବାର ଏକ ହାଇପ୍ରୋଫାଇଲ ହତ୍ୟାକାଣ୍ଡ ଘଟିଛି । ଶୁକ୍ରବାର ରାତି ୧୧ଟାରେ ଜଣାଶୁଣା ବ୍ୟବସାୟୀ ଗୋପାଳ ଖେମ୍‌କାଙ୍କୁ ଗୁଳିକରି ହତ୍ୟା କରାଯାଇଛି । ଏହି ଘଟଣାରେ ଜଣେ ସଂଦିଗ୍ଧଙ୍କୁ ପୁଲିସ ଗରିଫ କରିଛି । ସୁଟରଙ୍କ ଦ୍ୱାରା ଏହି ହତ୍ୟାକାଣ୍ଡ ଘଟିଛି । ସଂଦିଗ୍ଧଙ୍କୁ ଗିରଫ କରିବାକୁ ସ୍ପେଶିଆଲ ଟାସ୍କ ଫୋର୍ସ (ଏସ୍‌ଟିଏଫ୍) କ୍ରମାଗତ ଭାବେ ବିଭିନ୍ନ ସ୍ଥାନରେ ଚଢାଉ କରିଛି । ଏହି ମାମଲାରେ ପୁଲିସଙ୍କୁ ଏକାଧିକ ତଥ୍ୟ ହସ୍ତଗତ ହୋଇଛି । ସୁଟର ଓ ସୁଟରଙ୍କୁ ନିୟୋଜିତ କରିଥିବା ବ୍ୟକ୍ତିଙ୍କ ବିଷୟରେ ସୂଚନା ମିଳିଛି ବୋଲି ପୁଲିସ କହିଛି । ହତ୍ୟାର କାରଣ ସମ୍ପର୍କରେ ମଧ୍ୟ ପୁଲିସ ଅବଗତ ହୋଇଛି ବୋଲି ଆଇଜି ଜିତେନ୍ଦ୍ର ରାଣା କହିଛନ୍ତି । ଗୋପାଳଙ୍କ ପରିବାର ସଦସ୍ୟଙ୍କ ସହ ଉପ- ମୁଖ୍ୟମନ୍ତ୍ରୀ ବିଜୟ ସିହ୍ନା ସାକ୍ଷାତ କରିଛନ୍ତି । ଖୁବ୍‌ଶୀଘ୍ର ଅପରାଧୀଙ୍କୁ ଗିରଫ୍ କରାଯିବ ବୋଲି କୁହାଯାଇଛି । ଅପରାଧୀଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପୁଲିସ ତରଫରୁ କୁହାଯାଇଛି । ଝିଅ ସ୍କଟଲାଣ୍ଡରୁ ଆସିବା ପରେ ଗୋପାଳଙ୍କ ଅନ୍ତେଷ୍ଟିକ୍ରିୟା ରବିବାର କରାଯିବ । ଗୋପାଳ ରହୁଥିବା ଆପାର୍ଟମେଣ୍ଟର ଗେଟ୍ ସାମ୍ନାରେ ହିଁ ତାଙ୍କୁ ଗୁଳି କରାଯାଇଥିଲା । ତାଙ୍କୁ ପାଟଣାର ମୋଡିଭର୍ସାଲ ହସ୍ପିଟାଲକୁ ନିଆଯାଇଥିଲା ଓ ଚିକିତ୍ସା ଅବସରରେ ସେ ମୃତ୍ୟୁବରଣ କରିଥିଲେ । ସେ ବିଳମ୍ବିତ ରାତିରେ ବାଙ୍କିପୁର କ୍ଲବରୁ ନିଜେ ଗାଡି ଚଲାଇ ଘରକୁ ଫେରୁଥିଲେ ।

# ନୀରବ ମୋଦୀଙ୍କ ଭାଇ ଗିରଫ

ୱାସିଂଟନ୍, ୫ ।୭(ଏଜେନ୍ସି): ପଞ୍ଜାବ ନ୍ୟାସନାଲ ବ୍ୟାଙ୍କ (ପିଏନ୍‌ବି) ଦୁର୍ନୀତି ମାମଲାର ମୁଖ୍ୟ ଅଭିଯୁକ୍ତ ନୀରବ ମୋଦୀଙ୍କ ଭାଇ ନିହାଲଙ୍କୁ ଆମେରିକାରେ ଗିରଫ୍ କରାଯାଇଛି । ଶନିବାର ତାଙ୍କୁ ଗିରଫ କରାଯାଇଛି ବୋଲି କୁହାଯାଇଛି । ଭାରତର ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଓ କେନ୍ଦ୍ରୀୟ ଯାଞ୍ଚ ବ୍ୟୁରୋ (ସିବିଆଇ) ନିହାଲଙ୍କ ପ୍ରତ୍ୟାର୍ପଣ ପାଇଁ ଆବେଦନ କରିଥିଲେ । ନିହାଲ ଜାମିନି ପାଇଁ ଆବେଦନ କରିଛନ୍ତି । ନ୍ୟାସନାଲ ଡିଷ୍ଟ୍ରିକ୍ଟ ଅଫ୍ ହନଲୁଲୁ (ଏନ୍‌ଡିଓଏଚ୍)ରେ ଜୁଲାଇ ୧୭ରେ ତାଙ୍କ ଜାମିନି ନେଇ ଶୁଣାଣି ହେବ । ଆମେରିକା ନ୍ୟାୟ ବିଭାଗ ଏନେଇ ସୂଚନା ଦେଇଛି ।




ଆମେରିକାରେ ଏଲ୍‌ଏଲ୍‌ଡି ଡାଇମଣ୍ଡସ ସହିତ ଠକାମୀ କରିବା ସହ ନିହାଲ ମୋଦୀ ପିଏନ୍‌ବିରେ ହୋଇଥିବା ୧୩, ୬୦୦ କୋଟି ଟଙ୍କାର ଦୁର୍ନୀତିରେ ସାମିଲ ଅଛନ୍ତି ବୋଲି ଅଭିଯୋଗ ହୋଇଛି । କେବଳ ସେତିକି ନୁହଁ ଏହି ମାମାଲାଗୁଡିକରେ ସେ ପ୍ରମାଣକୁ ନଷ୍ଟ କରିବାକୁ ମଧ୍ୟ ପ୍ରୟାସ କରିଥିଲେ । ଦୁର୍ନୀତିରେ ନୀରବଙ୍କୁ ନିହାଲ ସବୁ ପ୍ରକାର ସହାୟତା ଯୋଗାଇ ଦେଇଥିଲେ ବୋଲି ସିବିଆଇ ତରଫରୁ କୁହାଯାଇଛି । ଭାରତ ଓ ଆମେରିକା ମଧ୍ୟରେ ଏକ ଦୃଢ ପ୍ରତ୍ୟାର୍ପଣ ଚୁକ୍ତି ହୋଇଛି । ଫଳରେ ନିହାଲଙ୍କୁ ଭାରତ ଅଣାଯିବା ସହ ତାଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ସମ୍ଭବ ବୋଲି କୁହାଯାଇଛି ।

# ଭାରତକୁ ଆସି କିଡ୍‌ନୀ ବିକୁଛନ୍ତି ବାଂଲାଦେଶୀ

ଢ଼ାକା/କୋଲକାତା, ୫ ।୭(ଏଜେନ୍ସି): ବାଂଲାଦେଶରେ ଦାରିଦ୍ର୍ୟ ଉତ୍କଟ ରୂପ ଧାରଣ କରିଛି । ଦାରିଦ୍ର୍ୟର ଉତ୍ପୀଡନରେ ଲୋକେ ଶରୀରର ଗୁରୁତ୍ୱପୂର୍ଣ୍ଣ ଅଙ୍ଗ କିଡନୀକୁ ବିକ୍ରି କରିବାକୁ ପଛାଉନାହାନ୍ତି । ବାଂଲାଦେଶର ଉତ୍ତର-ପଶ୍ଚିମ ଜିଲ୍ଲା ଜୟପୁରହାଟ୍‌ରେ ଥିବା ଏକ ଛୋଟିଆ ଗାଁ 'କିଡନୀ ଭିଲେଜ୍' ନାମରେ କୁଖ୍ୟାତ ହାସଲ କରିଛି । ଏହି ଗାଁର ନାମ ବାଇଗୁନୀ । ଏହି ଗାଁର ପ୍ରତି ୩୫ ଜଣରେ ଜଣେ ବ୍ୟକ୍ତି ତାଙ୍କ କିଡନୀ ବିକ୍ରି କରିଛନ୍ତି । ଭାରତ ଓ ବାଂଲାଦେଶ ମଧ୍ୟରେ ଚାଲିଥିବା ଅବୈଧ ଅଙ୍ଗ କାରବାରରେ ବହୁ ପରିବାର ଓ ତା'ର ସଦସ୍ୟ ଜୀବନ ବର୍ବାଦ କରିଛନ୍ତି ବୋଲି ଏକ ଅନ୍ତର୍ଜାତୀୟ ଗଣମାଧ୍ୟମ ରିପୋର୍ଟରେ ଉଲ୍ଲେଖ କରିଛି ।

ଏହି ଗାଁରେ ରହୁଥିବା ୪୫ ବର୍ଷୀୟ ସଫିରୁଦ୍ଦିନ ୨୦୨୪ରେ ଗ୍ରୀଷ୍ମ ଋତୁରେ ଭାରତ ଆସି ଅଢେଇ ଲକ୍ଷ ଟଙ୍କାରେ ତାଙ୍କର ଗୋଟିଏ କିଡନୀ ବିକ୍ରି କରିଛନ୍ତି । ଦାରିଦ୍ରରୁ ମୁକ୍ତି ପାଇବା ଓ ନିଜ ୩ ଜଣ ପିଲାଙ୍କ ପାଇଁ ଘର ତିଆରି କରିବାକୁ ସେ କିଡନୀ ବିକ୍ରି କରିଛନ୍ତି ବୋଲି କହିଛନ୍ତି । କିନ୍ତୁ ସେ ନିର୍ମାଣ କରୁଥିବା ଘର ସମ୍ପୂର୍ଣ୍ଣ ହୋଇପାରିନାହିଁ । ଶରୀରରେ କଷ୍ଟ ଅନୁଭବ କରୁଥିବା ବେଳେ ସେ କାମ କରିବାକୁ ଶକ୍ତି ଓ ସାମର୍ଥ୍ୟ ପାଉନାହାନ୍ତି ବୋଲି କହିଛନ୍ତି । ଦଲାଲମାନେ ନକଲି କାଗତପତ୍ର ତଥା ଦସ୍ତାବେଜ ତିଆରି କରି ରୋଗୀଙ୍କର ସମ୍ପର୍କୀୟ ଭାବେ ଏହି ଗାଁର ଲୋକଙ୍କୁ ଚିତ୍ରଣ କରାଯାଉଛି । ଏହିକ୍ରମରେ ନକଲି ନୋଟାରୀ ପ୍ରମାଣପତ୍ର ଓ ଡିଏନ୍‌ଏ ରିପୋର୍ଟ ମଧ୍ୟ ପ୍ରସ୍ତୁତ କରିବାକୁ ଦଲାଲମାନେ ପଛାଉ ନାହାନ୍ତି । ୧୯ ୯୪ରେ ଜାରି କରାଯାଇଥିବା ନିୟମ ଅନୁସାରେ ଜଣେ ନିକଟ ସମ୍ପର୍କୀୟ କିମ୍ବା ସରକାରଙ୍କ ଅନୁମତି କ୍ରମେ ଜଣେ ବ୍ୟକ୍ତି ଆଉଜଣଙ୍କୁ କିଡ୍‌ନୀ ଦାନ କରିପାରିବେ । ଭୁଲ ଭାବେ ଏହି ନିୟମର ଫାଇଦା ଉଠାଇ ଦଲାଲ୍‌ମାନେ ମୋଟ ଅଙ୍କରେ ଅର୍ଥ ଉପାର୍ଜନ କରୁଛନ୍ତି ବୋଲି ଅଭିଯୋଗ ହେଉଛି । ଏହି ଭଳି ଅନେକ ଉଦାହରଣ ଏହି ଗାଁରେ ଦେଖିବାକୁ ମିଳିଛି । ଦଲାଲମାନେ ଅଢ଼େଇ ଲକ୍ଷ ଟଙ୍କାରେ କିଡନୀ କିଣି ୧୮ ରୁ ୨୨ଲକ୍ଷ ଟଙ୍କାରେ ବିକ୍ରି କରି ବହୁତ ଲାଭ କରିବା ସହ ଅର୍ଥ ଉପାର୍ଜନ କରୁଛନ୍ତି । ଏହି ଅବୈଧ ଅଙ୍ଗ କାରବାରରେ ବାଂଲାଦେଶ ପୁଲିସ ବହୁ ଲୋକଙ୍କୁ ଗିରଫ କରିଛି । ଗତ ବର୍ଷ ପୁଲିସ ଏହି ମାମଲାରେ ଜଣେ ମହିଳା ସର୍ଜନଙ୍କୁ ଗିରଫ କରିଥିଲା । ସେ ଅବୈଧ ଭାବେ ୧୫ ଜଣ ବାଂଲାଦେଶ ନାଗରିକଙ୍କ କିଡନୀକୁ ପ୍ରତିରୋପଣ କରିବାର ଅଭିଯୋଗ ହୋଇଛି । ଏହି ଅବୈଧ ଅଙ୍ଗ କାରବାରକୁ ରୋକିବା ପାଇଁ ଦୁଇ ଦେଶର ସରକାର ମିଳିତ ଭାବେ କାର୍ଯ୍ୟ କରିବା ସହ ଲୋକଙ୍କୁ ସଚେତନ କରାଇବାର ଆବଶ୍ୟକତା ରହିଛି ।

'କିଡ୍‌ନୀ ଭିଲେଜ' ନାମରେ କୁଖ୍ୟାତି ହାସଲ କରିଛି ବାଇଗୁନି ଗାଁ



# ମହିଳାଙ୍କ ଭାବାବେଗକୁ ଚିତ୍ରରେ ଦିଅନ୍ତି ରୂପ

ଜଣେ ମହିଳା ମନରେ ବହୁ ଦୁଃଖ, କଷ୍ଟ, ଯନ୍ତ୍ରଣା ରହିଥାଏ । ହେଲେ ସେ ସମସ୍ତଙ୍କ ଆଗରେ ନିଜର ଭାବନାକୁ ପରିପ୍ରକାଶ କରିପାରନ୍ତିନି । ଅନ୍ୟ ଆଗରେ କହିବାକୁ କୁଣ୍ଠା ପ୍ରକାଶ କରିଥାନ୍ତି । ତେଣୁ ଅନେକ ମହିଳା ମନର କଥାକୁ ଡାଏରୀରେ ଲେଖିଥାନ୍ତି । ସେହିପରି କିଛି ମହିଳା ମନର ଭାବନାକୁ ଗୀତ ତଥା କବିତା ଆକାରରେ ପ୍ରକାଶ କରିଥାନ୍ତି । କିନ୍ତୁ ଏମାନଙ୍କଠୁ ଭିନ୍ନ ଉତ୍ତରାଖଣ୍ଡର ଯୁବ ଚିତ୍ରଶିଳ୍ପୀ ଖୁସି ରାଓତ । ସେ ମହିଳାଙ୍କ ମନର ଅକୁହା କଥା ଦୁଃଖ, ଯନ୍ତ୍ରଣା, ହସକାନ୍ଦକୁ ନିଜ ଚିତ୍ରକଳା ମାଧ୍ୟମରେ ଦର୍ଶାଇଥାନ୍ତି । ଏହା ସହ ସମାଜରେ ନାରୀମାନଙ୍କ ପ୍ରତି ହେଉଥିବା ଅନ୍ୟାୟ, ଅତ୍ୟାଚାରକୁ ସେ ଲୋକଲୋଚନକୁ ଆଣିଥାନ୍ତି । ଏପରି କରି ସେ ନିଜର ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିବା ସହ ସମାଜ ପରିବର୍ତ୍ତନରେ ଏକ ନୂଆ ଦିଗ ସୃଷ୍ଟି କରିଛନ୍ତି ।





ଖୁସି ରାଓତ୍ ଜଣେ ଚିତ୍ରକର ଭାବେ ପରିଚିତ । ପିଲାବେଳୁ ତାଙ୍କର ଚିତ୍ରକଳା ପ୍ରତି ଆଗ୍ରହ ରହିଥିଲା । ନବମ ଶ୍ରେଣୀରେ ପାଠ ପଢୁଥିବା ସମୟରେ ସେ ଚିତ୍ରକଳା ପାଇଁ ଲଳିତ କଳା ଏକାଡେମୀ ଆୱାର୍ଡ଼ ପାଇଥିଲେ । ଏହାପରେ ସେ ଚିତ୍ରକଳା ଦିଗରେ ଆଗକୁ ଯିବା ପାଇଁ ମନସ୍ଥ କରିଥିଲେ । ପାଠପଢ଼ା ସହ ସେ ନିଜର ଚିତ୍ରକଳା ଜାରି ରଖିଥିଲେ । ଗ୍ରାଜୁଏସନ୍ ପାଇଁ ସେ ଦିଲ୍ଲୀ ୟୁନିଭର୍ସିଟିରେ ବ୍ୟାଚ୍‌ଲର ଅଫ୍ ଫାଇନ୍ ଆର୍ଟ କୋର୍ସ କରିଥିଲେ । ପାଠପଢ଼ା ସାଙ୍ଗକୁ ସେ ଚିତ୍ର ଆଙ୍କୁଥିଲେ । ବିଭିନ୍ନ ଥିମ୍ ଅନୁସାରେ ମହିଳାଙ୍କୁ କେନ୍ଦ୍ର କରି ସେ ଚିତ୍ର ଅଙ୍କନ କରିଥାନ୍ତି । ସେ ସମୟରେ ତାଙ୍କର ତିନୋଟି ପେଣ୍ଟିଂ ଲକ୍ଷାଧିକ ଟଙ୍କାରେ ବିକ୍ରି ହୋଇଥିଲା । ମହିଳାଙ୍କ ଭାବନା ସହ ଜଡ଼ିତ ଚିତ୍ରକଳା ଲୋକଙ୍କୁ ଘଡ଼ିଏ ଭାବିବାକୁ ବାଧ କରିଥାଏ । ତାଙ୍କର ଦୁଇଟି ପେଣ୍ଟିଂକୁ ଏକ ଆମେରିକୀୟ କମ୍ପାନୀ ଅନଲାଇନ୍ କମ୍ୟୁନିଟି ଇଭେଣ୍ଟରେ ବିକିବା ପାଇଁ ସ୍ଥିର କରିଥିଲା । ଆମେରିକୀୟ ମାର୍ବଲ ଲୋଟସ କମ୍ପାନୀ ଏହି ଦୁଇଟି ଚିତ୍ରକଳାର ବିକ୍ରିମୂଲ୍ୟ ସାତଲକ୍ଷ ଟଙ୍କାରୁ ଅଧିକ ରଖିଥିଲା । ଏହି ଚିତ୍ରକଳାକୁ ନେଇ ଖୁସି କୁହନ୍ତି, ଥରେ ସକାଳୁ ସେ ଦିଲ୍ଲୀରେ ବୁଲୁଥିବା ସମୟରେ ସେ ଖୁବ୍ ଅଜବ ଦୃଶ୍ୟ ଦେଖିଥିଲେ । ଗୋଟିଏ ଫେଶନ ସୋ' ରୁମ୍ ଦୋକାନରେ ଥିବା ମାନିକୁଇନ ଉପରେ କପଡ଼ା ଆବଦ୍ଧ କରିଥିବା ସେ ଦେଖିଥିଲେ । ଏହାକୁ ଦେଖି ସେ ବର୍ତ୍ତମାନ ସମୟରେ ମାନିକ୍ୟୁଇନ୍ ବି ସୁରକ୍ଷିତ ନୁହେଁ ବୋଲି ଅନୁଭବ କରିଥିଲେ । ଏହା ତାଙ୍କ ମନକୁ ଆନ୍ଦୋଳିତ କରିଥିଲା । ଏହାପରେ ସେ ଏହି ଥିମ୍‌କୁ ନେଇ ନିଜର ଆର୍ଟ ତିଆରି କଲେ । ଏହା ଖୁବ୍ ଲୋକପ୍ରିୟ ହୋଇଥିଲା ।



ଖୁସି ବିଭିନ୍ନ ଦିଗକୁ ଧ୍ୟାନରେ ରଖି ଚିତ୍ର ଅଙ୍କନ କରିଥାନ୍ତି । ମହିଳାମାନଙ୍କୁ ସମାଜରେ ଉପେକ୍ଷା କରି ଘୋଡ଼ାଇ ରଖିବା, ନିଜର ଭାବନା ଚିନ୍ତାଧାରାକୁ ନିଜ ଭିତରେ ରଖିବା, ମହିଳାଙ୍କ ସ୍ୱରକୁ ଚାପିବା, ଆଦିକୁ ଚିତ୍ରରେ ଦର୍ଶାଇଥାନ୍ତି । କେବଳ ଜଣେ ମହିଳା ହିଁ ଗୋଟିଏ ମହିଳାର ଦୁଃଖକୁ ଅନୁଭବ କରି ସହାନୁଭୂତି ଦେଖାଇଥାଏ ବୋଲି ଖୁସି କୁହନ୍ତି । ଭବିଷ୍ୟତରେ ସେ ଜଣେ ବଡ଼ ଚିତ୍ରଶିଳ୍ପୀ ହେବାକୁ ଲକ୍ଷ୍ୟ ରଖିଛନ୍ତି । ସେ ଚିତ୍ରକଳା ମାଧ୍ୟମରେ ଦୁନିଆକୁ ଏକ ନୂଆ ଦୃଷ୍ଟିକୋଣ ଦେବାକୁ ଚାହୁଁଛନ୍ତି । ମହିଳାମାନଙ୍କ ଭାବନାକୁ ବୁଝିବା ପାଇଁ ସେ ନିଜ ଚିତ୍ର ବ୍ୟବହାର କରିଥାନ୍ତି । ଏପରି କରି ସେ ଲକ୍ଷ ଲକ୍ଷ ମହିଳାଙ୍କୁ ପ୍ରେରଣା ଦେଉଛନ୍ତି ।

# ଚୁଡ଼ା ପିଜା ବଲ୍

### ଆବଶ୍ୟକ ସାମଗ୍ରୀ

ଚୁଡ଼ା – ଦୁଇ କପ୍, ସିଝା ଆଳୁ – ତିନୋଟି, କଟା କ୍ୟାପସିକମ୍ – ଏକ କପ୍, କଟା ପିଆଜ – ଏକ କପ୍, ସିଝା ମିଠା ମକା – ଏକ କପ୍, ଗରମମସଲା, - ଏକ ଚାମଚ, ହଳଦୀଗୁଣ୍ଡ- ଏକ ଚାମଚ, ଲଙ୍କାଗୁଣ୍ଡ – ଏକ ଚାମଚ, ଗୋଲମରିଚ ଗୁଣ୍ଡ – ଅଧା ଚାମଚ, ଚିଲି ଫ୍ଲେକ୍ସ – ଅଧା ଚାମଚ, ଛୋଟ ଚିଜ୍ କ୍ୟୁବ୍ – ଅଧା କପ୍, ଲୁଣ – ସ୍ୱାଦ ଅନୁସାରେ, ତେଲ – ଆବଶ୍ୟକତା ଅନୁସାରେ ।

### ପ୍ରସ୍ତୁତି ପ୍ରଣାଳୀ

ପ୍ରଥମେ ଚୁଡ଼ାକୁ ପାଣିରେ ଧୋଇ ଭଲରେ ଚିପୁଡ଼ି ଏକ ପାତ୍ରରେ ରଖନ୍ତୁ । ସେଥିରେ ସିଝା ଆଳୁ, କ୍ୟାପସିକମ୍, ପିଆଜ, ମକା, ହଳଦୀଗୁଣ୍ଡ, ଲଙ୍କାଗୁଣ୍ଡ, ଗରମମସଲା, ଚିଲି ଫ୍ଲେକ୍ସ, ଗୋଲମରିଚ ଗୁଣ୍ଡ, ଲୁଣ ପକାଇ ଭଲ ଭାବେ ଗୋଳାଇ ଦିଅନ୍ତୁ । ଏହାକୁ ହାତରେ ଛୋଟ ବଲ୍ ଆକାର କରି ମଝିରେ ଗୋଟିଏ ଚିଜ୍ କ୍ୟୁବ୍ ଦିଅନ୍ତୁ । ଏହାପରେ ଗ୍ୟାସ୍ ଲଗାଇ ତେଲ ଦିଅନ୍ତୁ । ତେଲ ଗରମ ହୋଇଯିବା ପରେ ପ୍ରସ୍ତୁତ କରି ରଖିଥିବା ବଲଗୁଡ଼ିକ ଦେଇ ଛାଣନ୍ତୁ । ଦୁଇ ପାଖ ସୁନେଲି ରଙ୍ଗ ହୋଇଗଲେ ଏହାକୁ ଏକ ପ୍ଲେଟ୍‌କୁ କାଢ଼ି ଟମାଟୋ ସସ ସହ ପରଷି ଦିଅନ୍ତୁ । ପ୍ରସ୍ତୁତ ହୋଇଗଲା 'ଚୁଡ଼ା ପିଜା ବଲ୍' ।



# ଫଟୋ ଫ୍ରେମ୍ ଜୁଏଲାରୀ



ସମୟ ଅନୁଯାୟୀ ଫେଶନ, ପୋଷାକ, ମେକ୍‌ଅପ୍, ଅଳଙ୍କାର ଆଦିରେ ପରିବର୍ତ୍ତନ ଦେଖିବାକୁ ମିଳିଥାଏ । ସେହିପରି ବର୍ତ୍ତମାନ ସମୟରେ ଫଟୋଫ୍ରେମ୍ ଜୁଏଲାରୀ ଟ୍ରେଣ୍ଡରେ ରହିଛି । ଏଥିରେ ମହିଳାମାନେ ସେମାନଙ୍କ ପସନ୍ଦ ଅନୁଯାୟୀ ଫଟୋ ଦେଇ ଚୁଡ଼ି, ମଙ୍ଗଳସୂତ୍ର ଆଦି କଷ୍ଟମାଇଜ୍ କରି ପିନ୍ଧିଥାନ୍ତି । ଜାଣିବା ସେ ବିଷୟରେ...



**ଚୁଡ଼ି** - ବିଶେଷ କରି ବିବାହିତ ମହିଳାଙ୍କ ମଧ୍ୟରେ ଏହି ଫଟୋଫ୍ରେମ୍ ଚୁଡ଼ିର ଚାହିଦା ଅଧିକ ରହିଛି । ଏଥିରେ ସେମାନେ ନିଜ ପସନ୍ଦ ଅନୁସାରେ ଡିଜାଇନ୍ ବରାଦ ଦେଉଛନ୍ତି । ଏଥିରେ ନିଜ ଫଟୋ ସହ ଚାହିଁଲେ ପତିଙ୍କ ଫଟୋରଖି ପ୍ରସ୍ତୁତ କରିପାରିବେ ।

**ମଙ୍ଗଳସୂତ୍ର** – ସାଧାରଣତଃ ମଙ୍ଗଳସୂତ୍ରରେ କଳାମାଳି ସହ ଏକ ଲକେଟ୍ ରହିଥାଏ । କିନ୍ତୁ ବର୍ତ୍ତମାନ ମହିଳାମାନେ ପ୍ରିୟଜନଙ୍କ ଫଟୋ ଦେଇ ଲକେଟ୍ ଡିଜାଇନ କରିଥାନ୍ତି । ସେହିପରି ଏହା ଉଭୟ ଅନ୍‌ଲାଇନ୍ ଅଫ୍‌ଲାଇନ୍‌ରେ ଉପଲବ୍ଧ ।

**ମୁଣ୍ଡ ଖୋସା** – ଆଜିକାଲି ଯୁବତୀ ତଥା ମହିଳାମାନେ କୌଣସି ପାର୍ଟି, ଫଙ୍କସନ୍‌କୁ ଗଲେ ମୁଣ୍ଡରେ ଖୋସା କରି ରଜନୀ ଗନ୍ଧା ଫୁଲ ଲଗାଇଥାନ୍ତି । କିନ୍ତୁ ଏବେ ଧଳାମାଳିରେ ଛୋଟ ଫଟୋ ଫ୍ରେମ୍ ଡିଜାଇନ କରି ମୁଣ୍ଡରେ ଲଗାଉଛନ୍ତି ।

# ବର୍ଷାଦିନିଆ ଫେଶନ

ସବୁ ମହିଳାମାନେ ସୁନ୍ଦର ତଥା ଆକର୍ଷଣୀୟ ଦିଶିବା ପାଇଁ ଚାହାନ୍ତି । ଏଥିପାଇଁ ଋତୁ ଅନୁଯାୟୀ, ଆଉଟ୍‌ଫିଟ୍ ଚୟନ କରିଥାନ୍ତି । ହେଲେ ବର୍ଷାଦିନେ ଓଦାପୋଷାକ, ଖସଡ଼ା ରାସ୍ତା, ହାତରେ ଛତା ଧରି ଯାତାୟାତ କରିବାବେଳେ ଷ୍ଟାଇଲିଶ୍ ଦେଖାଯିବା ଖୁବ୍ ସମସ୍ୟାଜନକ ହୋଇଯାଏ; କିନ୍ତୁ କିଛି ୱାଟରପ୍ରୁଫ୍ ଆସେସରିଜ୍ ରହିଛି, ଯାହା ବର୍ଷାରୁ ସୁରକ୍ଷା ଦେବା ସହ ଏକ ଷ୍ଟାଇଲିଶ୍ ଲୁକ୍ ଦେଇଥାଏ ।

### ୱାଟରପ୍ରୁଫ୍ ରେନ୍‌କୋଟ୍

ରେନ୍‌କୋଟ କହିଲେ, କେବଳ ପ୍ଲାଷ୍ଟିକ୍ ସାଦା ଜରି ନୁହେଁ । ବର୍ତ୍ତମାନ ମାର୍କେଟରେ ରଙ୍ଗିନ୍, ହାଲୁକା, ପ୍ରିଣ୍ଟେଡ୍ ଜ୍ୟାକେଟ୍ ମିଳୁଛି । ଏହା ବର୍ଷାରୁ ସୁରକ୍ଷା ଦେବା ସହ ଫେଶନ ଷ୍ଟେଟ୍‌ମେଣ୍ଟ ଭାବେ ବ୍ୟବହାର କରିପାରିବେ ।

### ପ୍ରିଣ୍ଟେଡ୍ ଛତା

ଛତା କେବଳ ବର୍ଷାରୁ ରକ୍ଷା କରେନି, ଏହା ଏକ ଷ୍ଟାଇଲ୍ ଷ୍ଟେଟ୍‌ମେଣ୍ଟ ପାଲଟିଛି । ଫୁଲ ପ୍ରିଣ୍ଟ, ପୋଲ୍‌କା ଡଟ୍, ଟ୍ରାନ୍ସପ୍ୟାରେଣ୍ଟ ଛତା ଲୁକ୍‌କୁ ଦ୍ୱିଗୁଣିତ କରିଥାଏ । ଏହାକୁ ଆଉଟ୍‌ଫିଟ୍ ସହ ମ୍ୟାଚ୍ କରି ନେଇପାରିବେ ।

### ବ୍ୟାଗ୍

ଅଫିସ୍ ହେଉ ଅବା କଲେଜ ବର୍ଷାଦିନେ ୱାଟର୍‌ପ୍ରୁଫ୍ ବ୍ୟାଗ୍ ବ୍ୟବହାର କରିବା ଆବଶ୍ୟକ । ଏହା ବର୍ଷାରୁ ସମସ୍ତ ଜିନିଷକୁ ସୁରକ୍ଷିତ ରଖିଥାଏ । ଏଥିପାଇଁ ରଙ୍ଗିନ୍ ଚେନ୍, ଲେଦର ଫିନିଶ୍ ବ୍ୟାଗ ବ୍ୟବହାର କରିପାରିବେ ।

### ଫୁଟ୍‌ୱିୟାର୍

ବର୍ଷାଦିନେ ଗମ୍‌ବୁଟସ୍, ୱାଟର୍‌ପ୍ରୁଫ୍ ସାଣ୍ଡେଲ୍ ଆଦି ଅଧିକ ବ୍ୟବହାର କରାଯାଏ । ଏବେର ସମୟରେ ବିଶେଷ କରି ଫ୍ଲୋରାଲ୍ ପ୍ରିଣ୍ଟ, ଟ୍ରାନ୍ସପ୍ୟାରେଣ୍ଟ ଏବଂ ନିଅନ ରଙ୍ଗର ବୁଟ୍ ଲୋକେ ପସନ୍ଦ କରୁଛନ୍ତି ।

### ଆସେସରିଜ୍

ଘଣ୍ଟା ବିନା ହାତ ଖାଲି ଦିଶିଥାଏ । ତେଣୁ ବର୍ଷାଦିନେ ୱାଟର୍‌ପ୍ରୁଫ୍ ଘଣ୍ଟା ପିନ୍ଧିପାରିବେ । ଏଥିସହ ବ୍ରେସ୍‌ଲେଟ୍ କ୍ଲିପ୍ ଆଦି ପିନ୍ଧିପାରିବେ ।



# ହ୍ୟାଙ୍ଗିଙ୍ଗ୍ ବାସ୍କେଟ୍ ପ୍ଲାଣ୍ଟରେ ସଜାନ୍ତୁ ବାଲକୋନି



ମହିଳାମାନେ ବାଲ୍‌କୋନି ସଜାଇବାକୁ ପସନ୍ଦ କରନ୍ତି । ଏଥିପାଇଁ ଇଣ୍ଟେରିୟର ଡିଜାଇନରଙ୍କ ସାହାଯ୍ୟରେ ବାଲ୍‌କୋନିକୁ ଏକ ନୂଆ ରୂପ ଦେଇଥାନ୍ତି । କିନ୍ତୁ ସମସ୍ତଙ୍କ ପକ୍ଷେ ଏହା ସମ୍ଭବ ହୋଇ ନଥାଏ । ତେଣୁ ଚାହିଁଲେ ହ୍ୟାଙ୍ଗିଙ୍ଗ୍ ବାସ୍କେଟ୍ ପ୍ଲାଣ୍ଟ ଲଗାଇ ବାଲ୍‌କୋନି ସଜାଇପାରିବେ ।

### ମନିପ୍ଲାଣ୍ଟ

ଏହି ଗଛ ଲଗାଇବା ସହ ଏହାର ଯତ୍ନ ନେବା ଖୁବ୍ ସୁବିଧାଜନକ ହୋଇଥାଏ । ଏହି ଲତାଗୁଡ଼ିକ ଫୁଲକୁଣ୍ଡରେ ଝୁଲନ୍ତା ଅବସ୍ଥାରେ ଖୁବ ସୁନ୍ଦର ଦେଖାଯାଏ । ଏହାକୁ ସାମାନ୍ୟ ଖରା, ଅଳ୍ପ ଯତ୍ନ କରିବାକୁ ପଡ଼ିଥାଏ । ଏହି ଗଛ ଖୁବ୍ ଶୀଘ୍ର ବଢ଼ିଥାଏ । ହଳଦିଆ ସବୁଜ ରଙ୍ଗର ଏହି ପତ୍ର କାନ୍ଥର ସୌନ୍ଦର୍ଯ୍ୟ ବଢ଼ାଇଥାଏ ।

### ସ୍ପାଇଡର ପ୍ଲାଣ୍ଟ


ଏହା ଏକ ଲୋକପ୍ରିୟ ଗଛ ଭାବେ ପରିଚିତ । ଏହାକୁ ଘର ସଜାଇବା ସହ ଘରେ ଶୁଦ୍ଧତା ବଜାୟ ରଖିବା ପାଇଁ ଲଗାଯାଇଥାଏ । ବିଶେଷ କଥା ହେଉଛି ସ୍ପାଇଡର ପ୍ଲାଣ୍ଟ ଲଗାଇଲେ, ଏହାର ବେଶୀ ଯତ୍ନ ନେବାକୁ ପଡ଼େନି । ଏହି ଗଛ ଫୁଲକୁଣ୍ଡରେ ଖୁବ୍ ସୁନ୍ଦର ଦେଖାଯାଏ । ଏହାର ପତ୍ର ଗୁଡ଼ିକ ତଳକୁ ଝୁଲିବା ଭଳି ରହିଥାଏ । ସେହିପରି ଏହା ବାୟୁମଣ୍ଡଳକୁ ଶୁଦ୍ଧ ରଖିଥାଏ । ଏହା ଦ୍ୱାରା ଘରେ ସକାରାତ୍ମକ ବାତାବରଣ ବଜାୟ ରହିଥାଏ ।

### ପେଟୁନିଆ

ବାଲ୍‌କୋନୀକୁ ରଙ୍ଗିନ ଫୁଲପତ୍ରରେ ସଜାଇବାକୁ ଚାହୁଁଥିଲେ, ପେଟୁନିଆ ଏକ ଭଲ ବିକଳ୍ପ । ଏହି ଗଛରେ ଫୁଲଗୁଡ଼ିକ ଖୁବ୍ ସୁନ୍ଦର ଦେଖାଯାଏ । ଏହିଗଛ ଅଧିକ ସୂର୍ଯ୍ୟାଲୋକ ଆବଶ୍ୟକ କରିଥାଏ । ବିଶେଷ କରି ଖରାଦିନେ ଏହି ଫୁଲ ଅଧିକ ଫୁଟିଥାଏ ।

# ନିୟମିତ ମସ୍କାରା ଲଗାଉଥିଲେ...

ଆଖିପତାକୁ ଘନକଳା ତଥା ଆକର୍ଷଣୀୟ କରିବା ପାଇଁ ମହିଳାମାନେ ମସ୍କାରା ଲଗାଇଥାନ୍ତି । ଏହା ଆଖିର ସୌନ୍ଦର୍ଯ୍ୟ ବୃଦ୍ଧି କରି ମେକ୍‌ଅପ୍‌କୁ ଏକ ପରଫେକ୍ଟ ଲୁକ୍ ଦେଇଥାଏ । କିନ୍ତୁ ନିୟମିତ ଆଖିରେ ମସ୍କାରା ଲଗାଇଲେ ଆଖିପତା ଝଡ଼ିଯାଏ । ଏହା ଆଖିକୁ କ୍ଷତି ପହଞ୍ଚାଇଥାଏ । ଜାଣିବା ସେ ବିଷୟରେ...



### ଆଖି ସଂକ୍ରମଣ

ମସ୍କାରାରେ ଥିବା ରାସାୟନିକ ପଦାର୍ଥ ଆଖିକୁ କ୍ଷତି ପହଞ୍ଚାଇଥାଏ । ନିୟମିତ ମସ୍କାରା ଲଗାଇଲେ ଆଖି ନାଲିପଡ଼ିବା, କୁଣ୍ଡାବ ହେବା ଓ ପାଣି ବାହାରିବା ଭଳି ସମସ୍ୟା ଦେଖିବାକୁ ମିଳିଥାଏ ।

### ଆଖିପତା ଝଡ଼ିବା

ଆଖିପତା ଘନ କରିବା ପାଇଁ ନିୟମିତ ବ୍ୟବହୃତ ମସ୍କାରା ଦ୍ୱାରା ଆଖି ପତା ଝଡ଼ିଯାଏ । ତେଣୁ ନିୟମିତ ମସ୍କାରା ଲଗାଇବାଠୁ ଦୂରେଇ ରହିବା ଭଲ ।

### ଦେଖିବାରେ ସମସ୍ୟା

ସେହିପରି ନିୟମିତ ମସ୍କାରା ବ୍ୟବହାର କଲେ ଦେଖିବାରେ ମଧ୍ୟ ସମସ୍ୟା ହୋଇଥାଏ । ମସ୍କାରା ଲଗାଉଥିବା ସମୟରେ ଭୁଲବଶତଃ ଏହା ଆଖିରେ ପ୍ରବେଶ କଲେ କାର୍ନିୟାକୁ କ୍ଷତି ପହଞ୍ଚାଇଥାଏ । ଏହା ଦ୍ୱାରା ଦୃଷ୍ଟିଶକ୍ତିରେ ସମସ୍ୟା ହୋଇପାରେ ।

# ବ୍ଲାଉଜ୍ ଡିଜାଇନ୍



ସାଧାରଣତଃ ପୂଜା, ଫଙ୍କସନ୍‌ରେ ମହିଳାମାନେ ଶାଢ଼ି ପିନ୍ଧିବାକୁ ପସନ୍ଦ କରନ୍ତି । ଶାଢ଼ିର ସୌନ୍ଦର୍ଯ୍ୟ ବୃଦ୍ଧି କରିଥାଏ ବ୍ଲାଉଜ୍ । ବିଶେଷ କରି ବ୍ଲାଉଜ୍‌ର ବେକ ଓ ପଛ ଡିଜାଇନ୍ ଶାଢ଼ିର ମୁଖ୍ୟ ଆକର୍ଷଣ ହୋଇଥାଏ । ତେଣୁ ବ୍ଲାଉଜ୍‌କୁ ଭିନ୍ନ ଲୁକ୍ ଦେବାକୁ ଚାହୁଁଥିଲେ, ବର୍ତ୍ତମାନ ସମୟରେ ଟ୍ରେଣ୍ଡରେ ଥିବା ଡିଜାଇନ୍ କରିପାରିବେ ।

### ବୋ - ଡିଜାଇନ୍

ବର୍ତ୍ତମାନ ସମୟରେ ବୋ- ଡିଜାଇନ୍ ବ୍ଲାଉଜର ଖୁବ୍ ଚାହିଦା ରହିଛି । ଏଥିରେ ଚାହିଁଲେ ମ୍ୟାଚିଙ୍ଗ କରି କାହାକୋ ତଥା ବିଡ୍ ଲଗାଇପାରିବେ । ଏହା ବ୍ଲାଉଜ୍‌ର ସୁନ୍ଦରତା ବୃଦ୍ଧି କରିଥାଏ ।

### ଟେମ୍ପଲ କଟିଙ୍ଗ୍

ଶାଢ଼ି ଓ ଲେହେଙ୍ଗା ପାଇଁ ବ୍ଲାଉଜ୍ ତିଆରି କରିବାକୁ ଚାହୁଁଥିଲେ ଟେମ୍ପଲ କଟ୍ ଡିଜାଇନ୍ କରିପାରିବେ । ଏଥିସହ ଚାହିଁଲେ ଲଟକନ୍ କିମ୍ବା ଡୋରୀ ଲଗାଇପାରିବେ ।



### ଷ୍ଟାଇଲିସ୍ ବ୍ଲାଉଜ୍ ଡିଜାଇନ୍

ବ୍ଲାଉଜରେ ଏ ପ୍ରକାର ଡିଜାଇନ୍ ଖୁବ୍ ସୁନ୍ଦର ଦେଖାଯାଏ । ବ୍ଲାଉଜର ପଛପାର୍ଶ୍ୱ ୟୁ-କଟ୍ କରି ସେଥିରେ ତ୍ରିଭୁଜାକାର ଡିଜାଇନ ହୋଇଥାଏ । ମଝିରେ ବାନ୍ଧିବା ପାଇଁ ଫିତା ରହିଥାଏ । ଏହି ଡିଜାଇନ୍ ଉଭୟ ଭାରି ଓ ହାଲୁକା ଶାଢ଼ିକୁ ଭଲ ମାନିଥାଏ ।



### ସ୍ୱିଟ୍‌ହାର୍ଟ ନେକ୍ ଡିଜାଇନ

ବିଶେଷ କରି ସ୍ୱିଟ୍‌ହାର୍ଟ ନେକ୍ ଡିଜାଇନ୍ ବ୍ଲାଉଜକୁ ଲୋକେ ଖୁବ୍ ପସନ୍ଦ କରୁଛନ୍ତି । ଏହି ଡିଜାଇନ୍ କରି ଏଥିରେ ବୋ ଲଗାଇଲେ ଏହା ଅଧିକ ଆକର୍ଷଣୀୟ ଦିଶିଥାଏ ।

# ଭାରତର ବାଂଲା ଗସ୍ତ ସ୍ଥଗିତ

ନୂଆଦିଲ୍ଲୀ,୫।୭ (ଏଜେନ୍ସି): ଭାରତୀୟ କ୍ରିକେଟ ଦଳର ଆସନ୍ତା ଅଗଷ୍ଟରେ ହେବାକୁ ଥିବା ବାଂଲାଦେଶ ଗସ୍ତକୁ ସ୍ଥଗିତ ରଖାଯାଇଛି। ଏହି ଗସ୍ତରେ ଅଗଷ୍ଟ ୧୭ରୁ ୩୧ ମଧ୍ୟରେ ୩ଟି ଦିନିକିଆ ଓ ୩ଟି ଟି-୨୦ ମ୍ୟାଚ୍ ଖେଳାଯିବାର କାର୍ଯ୍ୟକ୍ରମ ରହିଥିଲା। କିନ୍ତୁ ସାମ୍ପ୍ରତିକ ସ୍ଥିତିରେ ବାଂଲାଦେଶ ଗସ୍ତରେ ଯିବା ଭାରତୀୟ କ୍ରିକେଟ ଦଳର ସମ୍ଭବ ନୁହେଁ। ଏହି ଗସ୍ତକୁ ଆସନ୍ତାବର୍ଷ ଅର୍ଥାତ୍ ୨୦୨୬ ସେପ୍ଟେମ୍ବରରେ ଆୟୋଜନ କରାଯିବାକୁ ଉଭୟ ଦେଶର କ୍ରିକେଟ ବୋର୍ଡ ରାଜି ହୋଇଥିବା କଥା ବିସିସିଆଇ ପକ୍ଷରୁ କୁହାଯାଇଛି। ସେହିଭଳି ଆସନ୍ତାବର୍ଷ ଭାରତୀୟ କ୍ରିକେଟ ଦଳର ଗସ୍ତକୁ ଆମେ ଉତ୍କଣ୍ଠାର ସହ ଅପେକ୍ଷା କରିବୁ ବୋଲି ବାଂଲାଦେଶ କ୍ରିକେଟ ବୋର୍ଡ ସଭାପତି ଅମିନୁଲ ଇସ୍‌ଲାମ କହିଛନ୍ତି। ଏହି ଗସ୍ତ ସ୍ଥଗିତ ରହିବାର କାରଣ ଯାହା ହେଉନା କାହିଁକି, ଦୁଇ ଦେଶ ମଧ୍ୟରେ କୁଟନୈତିକ ଓ ରାଜନୈତିକ ସମ୍ପର୍କ ଭଲ ନାହିଁ। ଏଣୁ ଗସ୍ତ ବାତିଲ ହେବାର ଆଶଙ୍କା କରି ବାଂଲାଦେଶ କ୍ରିକେଟ ବୋର୍ଡ ପକ୍ଷରୁ ଏହି ସିରିଜ୍ ଲାଗି କୌଣସି ପ୍ରସ୍ତୁତି କରାଯାଇ ନ ଥିଲା। ବୋର୍ଡ ମଧ୍ୟ ତାହାର ପ୍ରସାରଣ ଅଧିକାର ନିଲମିକୁ ଘୁଞ୍ଚାଇଦେଇଛି। ଏହା ସମସ୍ତେ ଜାଣିଛନ୍ତି, ଭାରତ ଯେଉଁ ଦେଶକୁ କ୍ରିକେଟ ଖେଳିବାକୁ ଯାଏ, ସେହି ଦେଶର କ୍ରିକେଟ ବୋର୍ଡ ମାଲେମାଲ ହୋଇଯାଇଥାଏ। ଦୁଇଦେଶ ମଧ୍ୟରେ କୁଟନୈତିକ ସମ୍ପର୍କ ଭଲ ହେବା ପରେ ଏହି ଗସ୍ତକୁ କାର୍ଯ୍ୟକାରୀ କରାଯିବ।

# ଦ୍ୱିତୀୟ ଟେଷ୍ଟ: ପ୍ରଥମ ଇନିଂସରେ ଅଷ୍ଟ୍ରେଲିଆ ଆଗୁଆ

ଗ୍ରେନେଡା,୫।୭ (ଏଜେନ୍ସି): ନାଥନ ଲାୟନ ଓ ଅନ୍ୟ ସହଯୋଗୀଙ୍କ ସଫଳତା ବଳରେ ଏଠାରେ ଚାଲିଥିବା ୱେଷ୍ଟଇଣ୍ଡିଜ୍ ବିପକ୍ଷ ଦ୍ୱିତୀୟ ଟେଷ୍ଟରେ ଅଷ୍ଟ୍ରେଲିଆ ୩୩ ରନ୍‌ରେ ପ୍ରଥମ ଇନିଂସ ଅଗ୍ରଣୀ ନେଇଛି। ପ୍ରଥମ ଇନିଂସରେ ଅଷ୍ଟ୍ରେଲିଆ ୨୮୬ ରନ୍ କରିଥିଲା। ଜବାବରେ ୱେଷ୍ଟଇଣ୍ଡିଜ୍ ୨୫୩ ରନ୍ କରିବାକୁ ସମର୍ଥ ହୋଇଥିଲା। ଦଳ ପକ୍ଷରୁ ବ୍ରାଣ୍ଡନ କିଙ୍ଗ୍ ସର୍ବାଧିକ ୭୫, ଜନ୍ କ୍ୟାମ୍ପବେଲ ୪୦ରନ୍ କରିଥିଲେ। ଦୁଇ ଯୋଶେଫଙ୍କ ମଧ୍ୟରୁ ସମର ୨୯ ଓ ଅଲଜରୀ ୨୭ ରନ୍‌ର ଯୋଗଦାନ ଦେଇଥିଲେ। ଅଷ୍ଟ୍ରେଲିଆର ଲାୟନଙ୍କୁ ୩ଟି, ଜୋଶ ହାଜ୍‌ଲେଉଡ୍ ଓ ପ୍ୟାଟ କମିନ୍ସଙ୍କୁ ୨ଟି ଲେଖାଏଁ ୱିକେଟ ମିଳିଥିଲା। ପ୍ରଥମ ଇନିଂସ ଅଗ୍ରଣୀ ନେଇଥିବା ଅଷ୍ଟ୍ରେଲିଆ ଦ୍ୱିତୀୟ ଇନିଂସରେ ୧୨ ରନ୍‌ରେ ୨ଟି ୱିକେଟ ହରାଇ ବିପଦରେ ପଡ଼ିଥିଲା। ମ୍ୟାଚ୍‌ର ତୃତୀୟ ଦିନ ଖେଳ ଶେଷ ଖବର ସୁଦ୍ଧା ଦଳ ୩ ୱିକେଟ ହରାଇ ୨୩ ଓଭରରେ ୬୦ ରନ୍ ସଂଗ୍ରହ କରିଛି। ଦୁଇ ଓପନର ସାମ କୋନଷ୍ଟାସ ୦, ଉସ୍‌ମାନ ଖୱାଜା ୨ ରନ୍‌ରେ ଆଉଟ ହୋଇଛନ୍ତି।

**ଫିଫା କ୍ଲବ୍ ବିଶ୍ୱକପ୍ ଫୁଟବଲ**

# ସେମିରେ ଚେଲସୀ-ଫ୍ଲୁମିନେନ୍ସ

ଲିଙ୍କନ୍, ୫।୭ (ଏଜେନ୍ସି): ଇଂଲଣ୍ଡର ଚାମ୍ପିଅନ କ୍ଲବ୍ ଚେଲସୀ ଓ ବ୍ରାଜିଲର ଟାଣୁଆ ଟିମ୍ ଫ୍ଲୁମିନେନ୍ସ ମଧ୍ୟରେ ଫିଫା କ୍ଲବ୍ ବିଶ୍ୱକପ୍ ଫୁଟବଲ ଟୁର୍ଣ୍ଣାମେଣ୍ଟର ପ୍ରଥମ ସେମିଫାଇନାଲ ଖେଳାଯିବ। ଗତକାଲି ବିଳମ୍ବିତ ରାତିରେ ଖେଳାଯାଇଥିବା କ୍ୱାର୍ଟର ଫାଇନାଲ ମୁକାବିଲାରେ ଚେଲସୀ ୨-୧ ଗୋଲରେ ପାଲମେଇରାସକୁ ଓ ଫ୍ଲୁମିନେନ୍ସ ମଧ୍ୟ ୨-୧ ଗୋଲରେ ବିପର୍ଯ୍ୟୟସୃଷ୍ଟିକାରୀ ଅଲ ହିଲାଲକୁ ପରାସ୍ତ କରି ସେମିଫାଇନାଲରେ ପ୍ରବେଶ କରିଥିଲେ। ସେମିଫାଇନାଲ ମୁକାବିଲା ଇଷ୍ଟ ରଦରଫୋର୍ଡରେ ଜୁଲାଇ ୮ରେ ଖେଳାଯିବ। ଏହା ପୂର୍ବରୁ ଦ୍ୱିତୀୟ ସେମିଫାଇନାଲ ଲାଗି ଆଜି ମୁକାବିଲା ହେବ। ଆଟଲାଣ୍ଟାରେ ଖେଳାଯିବାକୁ ଥିବା ତୃତୀୟ କ୍ୱାର୍ଟର ଫାଇନାଲରେ ଫ୍ରାନ୍ସର ପ୍ୟାରିସ୍ ସେଣ୍ଟ ଜର୍ମେନ ସହ ଜର୍ମାନୀର ବେୟର୍ଣ୍ଣ ମ୍ୟୁନିକ୍‌ର ମୁକାବିଲା ହେବ। ସେହିପରି ଇଷ୍ଟ ରଦରଫୋର୍ଡରେ ଖେଳାଯିବାକୁ ଥିବା ଶେଷ କ୍ୱାର୍ଟର ଫାଇନାଲ ମୁକାବିଲାରେ ସ୍ପେନ୍‌ର ରିଅଲ ମାଡ୍ରିଡ୍ ସହ ଜର୍ମାନୀ ଟିମ୍ ବୋରୁସିଆ ଡର୍ଟମଣ୍ଡ ଖେଳିବ। ଜୁଲାଇ ୮ ଓ ୯ରେ ସେମିଫାଇନାଲ, ୧୩ରେ ଫାଇନାଲ ମୁକାବିଲା ଖେଳାଯିବ। ଏହି ୩ଟି ଯାକ ମୁକାବିଲା ଇଷ୍ଟ ରଦରଫୋର୍ଡରେ ଖେଳାଯିବ।



ଇଂଲଣ୍ଡ ବିପକ୍ଷ ଦ୍ୱିତୀୟ ଟେଷ୍ଟ: ଉଭୟ ଇନିଂସରେ ଗିଲ୍‌ଙ୍କ ଶତକ

# ଇଂଲଣ୍ଡକୁ ୬୦୮ ରନ୍‌ର ଟାର୍ଗେଟ୍

ଏଜ୍‌ବାଷ୍ଟନ,୫।୭ (ଏଜେନ୍ସି)

ଏଠାରେ ଚାଲିଥିବା ଇଂଲଣ୍ଡ ବିପକ୍ଷ ଦ୍ୱିତୀୟ ଟେଷ୍ଟରେ ଭାରତର ଅଧିନାୟକ ଶୁବମନ ଗିଲ୍ ଦ୍ୱିତୀୟ ଶତକ ହାସଲ କରିଛନ୍ତି। ଏହି ଟେଷ୍ଟର ପ୍ରଥମ ଇନିଂସରେ ୨୬୯ ରନ୍ କରି ରେକର୍ଡ କରିଥିବା ଗିଲ୍ ଭାରତର ତୃତୀୟ ଅଧିନାୟକ ଭାବେ ଉଭୟ ଇନିଂସରେ ଶତକ ହାସଲ କରିଛନ୍ତି। ଗିଲ୍ (୧୬୧)ଙ୍କ ଶତକ ସହ ଉପଅଧିନାୟକ ଋଷଭ ପନ୍ତ୍ (୬୫), ଲୋକେଶ ରାହୁଲ (୫୫) ଓ ରବୀନ୍ଦ୍ର ଜାଡେଜା (୬୯)ଙ୍କ ଅର୍ଦ୍ଧଶତକ ବଳରେ ଭାରତ ୬ ୱିକେଟ ବିନିମୟରେ ୪୨୭ ରନ୍ କରି ଦ୍ୱିତୀୟ ଇନିଂସ ଘୋଷଣା କରିଛି। ଇନିଂସ ସମାପ୍ତି ଘୋଷଣା ବେଳକୁ ଜାଡେଜା ୬୯ ଓ ୱାଶିଂଟନ ସୁନ୍ଦର ୧୨ ରନ୍‌ରେ ବ୍ୟାଟିଂ କରୁଥିଲେ। ଏହା ଫଳରେ ପ୍ରଥମ ଇନିଂସରେ ୧୮୦ ରନ୍‌ର ଅଗ୍ରଣୀକୁ ମିଶାଇ ଭାରତ ଏହି ମ୍ୟାଚ୍‌ରେ ମୋଟ ୬୦୭ ରନ୍‌ରେ ଆଗୁଆ ରହି ନିଜର ସ୍ଥିତି ସୁଦୃଢ଼ କରିଛି। ଆସନ୍ତାକାଲି ଏହି ମ୍ୟାଚ୍‌ର ଶେଷ ଦିନ ହୋଇଥିବାରୁ ମୁକାବିଲା ଉତ୍କଣ୍ଠାପୂର୍ଣ୍ଣ ହେବ ବୋଲି ଆଶା କରାଯାଉଛି। ଏହି ମ୍ୟାଚ୍‌ରେ ଶନିବାର ଭାରତ ତାହାର ଅସମାପ୍ତ ଦ୍ୱିତୀୟ ଇନିଂସରେ ୧ ୱିକେଟରେ ୬୪ ରନ୍‌ରୁ ଖେଳ ଆରମ୍ଭ କରି ଦ୍ରୁତ ଗତିରେ ରନ୍ ସଂଗ୍ରହ କରିଥିଲା। ଲୋକେଶ ରାହୁଲ ପାରମ୍ପରିକ ଭଙ୍ଗୀରେ ଖେଳି ଅର୍ଦ୍ଧଶତକ ହାସଲ କରିଥିଲେ। ସେ ୮୪ ବଲ ଖେଳି ୧୦ ଚୌକା ସହ ୫୫ ରନ୍ କରିଥିଲାବେଳେ ଟଙ୍ଗଙ୍କ ବଲରେ ବୋଲ୍ଡ ହୋଇଯାଇଥିଲେ। ତାଙ୍କ ପୂର୍ବରୁ କରୁନ ନାୟାର ୨୬ ରନ୍ କରି ଟେଷ୍ଟ ଦଳରେ ସ୍ଥାନ ସୁରକ୍ଷିତ କରିବାର ଆଉ ଏକ ସୁଯୋଗ ହାତଛଡ଼ା କରିଥିଲେ।

୧୨୬ ରନ୍‌ରେ ଦଳ ତୃତୀୟ ୱିକେଟ ହରାଇବା ପରେ ଗିଲ ଦୁଇଟି ବଡ଼ ପାର୍ଟନରସିପ୍ ବଳରେ ଭାରତକୁ ଭଲ ସ୍ଥିତିରେ ପହଞ୍ଚାଇଥିଲେ। ଚତୁର୍ଥ ୱିକେଟରେ ଗିଲ୍ ଉପଅଧିନାୟକ ଋଷଭ ପନ୍ତଙ୍କ ସହ ୧୦୩ ବଲ୍‌ରୁ ୧୧୦ ଓ ଅବିଭକ୍ତ ପଞ୍ଚମ ୱିକେଟରେ ରବୀନ୍ଦ୍ର ଜାଡେଜାଙ୍କ ସହ ୨୦୮ ବଲ୍‌ରୁ ୧୭୫ ରନ୍ ଉଠାଇଥିଲେ। ଏକ ବଡ଼ ସଟ୍ ମାରିବାକୁ ଯାଇ ପନ୍ତ୍ ନିୟନ୍ତ୍ରଣ ହରାଇବା ସହ କ୍ୟାଚ୍ ଆଉଟ ହୋଇଥିଲେ। କିନ୍ତୁ ଗିଲ୍ ଓ ଜାଡେଜା ଦମ୍ ଦେଖାଇ ଭାରତକୁ ସୁରକ୍ଷିତ ସ୍ଥାନରେ ପହଞ୍ଚାଇଥିଲେ। ପନ୍ତ୍ ୫୮ ବଲ୍ ଖେଳି ୮ ଚୌକା ଓ ୩ଛକା ସହ ୬୫ ରନ୍ କରିଥିଲେ। କିନ୍ତୁ ଦ୍ରୁତଗତିରେ ରନ୍ ସଂଗ୍ରହ କରିଥିବା ଗିଲ୍ ୧୬୨ ବଲ୍‌ରୁ ୧୩ ଚୌକା ଓ ୮ ଛକା ସହ ୧୬୧ ରନ୍‌ରେ ଆଉଟ ହୋଇଥିଲେ।

**ସଂକ୍ଷିପ୍ତ ସ୍କୋର**

**ଭାରତ ପ୍ରଥମ ଇନିଂସ**: ୫୮୭ (ଗିଲ-୨୬୯, ଜାଡେଜା-୮୯, ଜୟସ୍ୱାଲ-୮୭, ବସିର-୩/୧୬୭, ଓକ୍ସ-୨/୮୧)।
**ଇଂଲଣ୍ଡ ପ୍ରଥମ ଇନିଂସ**: ୪୦୭/୧୦, ୮୯.୩ ଓଭର (ବ୍ରୁକ୍-୧୫୮, ସ୍ମିଥ-୧୮୪*, ସିରାଜ-୬/୭୦, ଆକାଶ ଦୀପ-୪/୮୮)।
**ଭାରତ ଦ୍ୱିତୀୟ ଇନିଂସ**: ୪୨୭/୬ (ପାଳି ଘୋଷଣା) ୮୩ ଓଭର (ଶୁବମନ ଗିଲ- ୧୬୧, ରବୀନ୍ଦ୍ର ଜାଡେଜା-ବ୍ୟାଟିଂ-୬୯*, ଋଷଭ ପନ୍ତ୍-୬୫, ଲୋକେଶ ରାହୁଲ-୫୫, ଟଙ୍ଗ୍-୨/୯୩, ସୋଏବ ବସିର-୨/୧୧୯)।

**ମହିଳା ଟି-୨୦**

# ବିଶ୍ୱରେକର୍ଡ ସତ୍ତ୍ୱେ ହାରିଲା ଭାରତ

କିଆ ଓଭାଲ,୫।୭ (ଏଜେନ୍ସି): ଇଂଲଣ୍ଡ ବିପକ୍ଷ ତୃତୀୟ ମହିଳା ଦିନିକିଆ ମ୍ୟାଚ୍‌ରେ ଭାରତ ୨୫ ବଲ୍‌ରେ ୯ଟି ୱିକେଟ ଅକ୍ତିଆର କରି ବିଶ୍ୱରେକର୍ଡ କରିଥିଲେ ମଧ୍ୟ ୫ ରନ୍‌ରେ ଏହି ମ୍ୟାଚ୍‌କୁ ହାରିଯାଇଛି। ଏହା ଫଳରେ ୧-୨ରେ ପଛୁଆ ରହିଥିବା ଇଂଲଣ୍ଡ ଏହି ସିରିଜ୍‌ରେ ତିଷ୍ଠି ରହିଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଇଂଲଣ୍ଡ ୯ ୱିକେଟରେ ୧୭୧ ରନ୍ କରିଥିଲା। ଏପରିକି ଦଳ ୯୨ ବଲ୍‌ରେ ପ୍ରଥମ ୱିକେଟ ହରାଇଥିଲେ ମଧ୍ୟ ୨୫ ବଲ୍‌ରେ ଶେଷ ୯ଟି ୱିକେଟ ହରାଇ ଭାରତକୁ ବିଶ୍ୱରେକର୍ଡ କରିବାରେ ସହାୟତା ଦେଇଥିଲା। ଏହି ୯ଟି ମଧ୍ୟରୁ ଦୀପ୍ତି ଶର୍ମା ଓ ଅରୁନ୍ଧତି ରେଡ୍ଡି ୩ଟି ଲେଖାଏଁ ଓ ଶ୍ରୀଚରଣି ୨ଟି ୱିକେଟ ଅକ୍ତିଆର କରିଥିଲେ। ଜବାବରେ ସ୍ମୃତି ମନ୍ଧାନା ଓ ଶେଫାଳି ବର୍ମା ପ୍ରଥମ ୱିକେଟରୁ ୮୫ରନ୍ ଉଠାଇ ଦଳକୁ ବିଜୟ ଅଭିମୁଖେ ନେଇଯାଇଥିଲେ। ଶେଫାଳି ୪୭ ରନ୍ କରିଥିଲେ। କିନ୍ତୁ ୧୬ତମ ଓଭରରେ ମନ୍ଧାନା ଆଉଟ ହେବା ପରେ ଭାରତ ଆଉ ରନ୍ ରେଟ୍ ରଖିପାରି ନ ଥିଲା। ଶେଷରେ ୫ ରନ୍‌ରେ ପରାଜିତ ହୋଇଥିଲା। ୫୩ ବଲ୍‌ରୁ ୭୫ ରନ୍ କରିଥିବା ସୋଫି ଡଙ୍କଲୀଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା।

# ମେଜର ଲିଗ୍ କ୍ରିକେଟ୍ : ୯.୨ ଓଭରରେ ଜିତିଲା ୱାଶିଂଟନ ଫ୍ରିଡମ୍

ଫ୍ଲୋରିଡା,୫।୭ (ଏଜେନ୍ସି): ସୌରଭ ନେତ୍ରାଭାଲକର (୩/୧୩), ଅଧିନାୟକ ଗ୍ଲେନ ମ୍ୟାକ୍ସୱେଲ (୩/୧୨) ଓ ଜ୍ୟାକ୍ ଏଡ୍‌ୱାର୍ଡସ (୩/୧୯)ଙ୍କ ଚମତ୍କାର ବୋଲିଂ ବଳରେ ଏଠାରେ ଭାରତୀୟ ସମୟ ଶନିବାର ଅନୁଷ୍ଠିତ ମେଜର ଲିଗ୍ କ୍ରିକେଟର ଏକ ମୁକାବିଲାରେ ୱାଶିଂଟନ ଫ୍ରିଡମ ୯.୨ ଓଭରରେ ସିଆଟଲ ଓର୍କାସକୁ ୮ ୱିକେଟରେ ହରାଇଛି। ଉଭୟ ଦଳ ଓ ଟେକ୍ସାସ ସୁପର କିଙ୍ଗସ ନକ୍‌ଆଉଟକୁ ଉନ୍ନୀତ ହୋଇସାରିଛନ୍ତି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ସିଆଟଲ ଓର୍କାସ ୧୭.୪ ଓଭରରେ ୮୨ ରନ୍ କରିଥିଲା। ଦଳ ପକ୍ଷରୁ କେବଳ ହେନରୀ କ୍ଲାସେନ ସର୍ବାଧିକ ୪୮ ରନ୍ କରିବା ସହ ଦୁଇ ଅଙ୍କ ଛୁଇଁଥିଲେ। ଜବାବରେ ଡିଫେଣ୍ଡିଂ ଚାମ୍ପିଅନ ୱାଶିଂଟନ ଫ୍ରିଡମ ୯.୨ ଓଭରରେ ମାତ୍ର ୨ ୱିକେଟ ହରାଇ ବିଜୟୀ ହୋଇଛି। ଆଉ ୪ଟି ଲିଗ୍ ମ୍ୟାଚ୍ ପରେ ନକ୍‌ଆଉଟ ମୁକାବିଲା ଜୁଲାଇ ୮ରୁ ଆରମ୍ଭ ହେବ।



# ଚତୁର୍ଥ ରାଉଣ୍ଡରେ ସିନର, ସାବାଲେଙ୍କା

**ୱିମ୍ବଲଡନ ଟେନିସ୍**

ଲଣ୍ଡନ, ୫।୭ (ଏଜେନ୍ସି): ୱିମ୍ବଲଡନ ଟେନିସ ଟୁର୍ଣ୍ଣାମେଣ୍ଟରେ ସିଡ୍ ଇଟାଲୀର ପୁରୁଷ ତାରକା ଜାନିକ ସିନର ଓ ବେଲାରୁଷର ଅରିନା ସାବାଲେଙ୍କା ଚତୁର୍ଥ ରାଉଣ୍ଡରେ ପ୍ରବେଶ କରିଥିବା ବେଳେ କାଜାଖସ୍ତାନର ମହିଳା ଖେଳାଳି ଏଲିନା ରିବାକିନା ତୃତୀୟ ରାଉଣ୍ଡରେ ପରାସ୍ତ ହୋଇ ବିପର୍ଯ୍ୟୟର ସମ୍ମୁଖୀନ ହୋଇଛନ୍ତି। ଶନିବାର ଅନୁଷ୍ଠିତ ପୁରୁଷ ଏକକ ମୁକାବିଲାରେ ସିନର ୬-୧, ୬-୩, ୬-୧ ସିଧା ସେଟ୍‌ରେ ସ୍ପେନ୍‌ର ପେଡ୍ରୋ ମାର୍ଟିନେଜଙ୍କୁ, ୨୨ତମ ସିଡ୍ ଇଟାଲୀର ଫ୍ଲାଭିଓ କୋବୋଲି ୬-୨, ୬-୪, ୬-୨ ସିଧା ସେଟ୍‌ରେ ଚେକ୍ ଗଣରାଜ୍ୟର ୧୫ତମ ସିଡ୍ ଜାକୁବ୍ ମେନସିକଙ୍କୁ ପରାସ୍ତ କରି ଚତୁର୍ଥ ରାଉଣ୍ଡରେ ପ୍ରବେଶ କରିଛନ୍ତି। ସେହିପରି ମହିଳା ଏକକରେ ୧୧ତମ ସିଡ୍ ରିବାକିନା ୬-୭, ୬-୩ ସିଧା ସେଟ୍‌ରେ ୨୩ତମ ସିଡ୍ ଡେନମାର୍କର କ୍ଲାରା ଟସନଙ୍କଠାରୁ ପରାସ୍ତ ହୋଇ ବିଦାୟ ନେଇଛନ୍ତି। ଶ୍ରେଷ୍ଠ ସିଡ୍ ମାନ୍ୟତା ପାଇଥିବା ସାବାଲେଙ୍କା ୭-୬, ୬-୪ ସିଧା ସେଟ୍‌ରେ ବ୍ରିଟେନର ଇମ୍ମା ରାଡୁକାନୁଙ୍କୁ ହରାଇ ଚତୁର୍ଥ ରାଉଣ୍ଡକୁ ଉଠିଛନ୍ତି। ୭ମ ସିଡ୍ ୧୭ ବର୍ଷୀୟ ରୁଷିଆର ମୀରା ଆନ୍ଦ୍ରିଭା ୬-୧, ୬-୩ ସେଟ୍‌ରେ ଆମେରିକାରା ହେଲି ବାପ୍ଟାଇଜ୍‌ଙ୍କୁ ପରାସ୍ତ କରି ଚତୁର୍ଥ ରାଉଣ୍ଡରେ ପ୍ରବେଶ କରିଛନ୍ତି। ଅନ୍ୟପଟେ ପୁରୁଷ ଯୁଗଳରେ ଭାରତର ଏନ୍ ଶ୍ରୀରାମ ବାଲାଜୀ ତାଙ୍କ ମେକ୍ସିକୋ ପାର୍ଟନର ମିଗୁଏଲ ଭାରେଲା ଦ୍ୱିତୀୟ ରାଉଣ୍ଡରେ ପରାସ୍ତ ହୋଇ ବିଦାୟ ନେଇଛନ୍ତି।

**ବିଶ୍ୱ ପୁଲିସ ଓ ଅଗ୍ନିଶମ କ୍ରୀଡ଼ା**

# ଦଣ୍ଡସେନାଙ୍କୁ ଚତୁର୍ଥ ସ୍ୱର୍ଣ୍ଣ

ଭୁବନେଶ୍ୱର, ୫।୭ (ସମିସ)

ଓଡ଼ିଶା ପୁଲିସର ଜଣାଶୁଣା ଧାବକ ଅଶୋକ ଦଣ୍ଡସେନାଙ୍କ ସ୍ୱର୍ଣ୍ଣିମ ସଫଳତା ଧାରା ଜାରି ରହିଛି। ଆମେରିକାରେ ଚାଲିଥିବା ବିଶ୍ୱ ପୁଲିସ ଓ ଅଗ୍ନିଶମ କ୍ରୀଡ଼ାରେ ଅଶୋକ ଚତୁର୍ଥ ସ୍ୱର୍ଣ୍ଣ ପଦକ ସହ ୫ମ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ଶନିବାର ଅନୁଷ୍ଠିତ ପୁରୁଷ ୧୦,୦୦୦ ମିଟର ଦୌଡ଼ରେ କନଷ୍ଟେବଲ ଦଣ୍ଡସେନା ସ୍ୱର୍ଣ୍ଣ ପଦକ ହାସଲ କରିଥିଲେ। ପୂର୍ବରୁ ଶୁକ୍ରବାର ଅନୁଷ୍ଠିତ ପୁରୁଷ ୫୦୦୦ ମିଟର ରେସରେ ସେ ପ୍ରଥମ ସ୍ଥାନରେ ରହି ଏହି ସମ୍ମାନଜନକ ପ୍ରତିଯୋଗିତାରେ ୩ୟ ସ୍ୱର୍ଣ୍ଣପଦକ ଜିତିଥିଲେ। ପୂର୍ବରୁ ସେ ୮୦୦ ମିଟର ଓ ୧୫୦୦ ମିଟରରେ ମଧ୍ୟ ପୋଡିୟମର ଶୀର୍ଷ ସ୍ଥାନ ହାସଲ କରିଥିଲେ। କିନ୍ତୁ ୪ ଗୁଣା ୪୦୦ ମିଟର ରିଲେ ଦୌଡ଼ରେ ସେ ଏକମାତ୍ର ରୌପ୍ୟ ପଦକ ହାସଲ କରିଛନ୍ତି।





ସେହିପରି ମହିଳା ବିଭାଗରେ କନଷ୍ଟେବଲ ସବିତା ଆଜି ଦ୍ୱିତୀୟ ସ୍ୱର୍ଣ୍ଣପଦକ ମହିଳା ୧୦୦ ମିଟର ବାଧାଦୌଡ଼ରେ ବିଜୟୀ ହୋଇଛନ୍ତି। ଏହା ବ୍ୟତୀତ ୪୦୦ ମିଟର ବାଧାଦୌଡ଼ରେ ମଧ୍ୟ ତାଙ୍କୁ କାଂସ୍ୟ ପଦକ ମିଳିଛି। ମହିଳା ବିଭାଗରେ ସୁସ୍ମିତା ଟିଗ୍ଗା ମହିଳା ୪ ଗୁଣା ୪୦୦ ମିଟର ରିଲେ ଦୌଡ଼ରେ କାଂସ୍ୟ ଜିତିବାକୁ ସମର୍ଥ ହୋଇଛନ୍ତି। ପୂର୍ବରୁ ସେ ୧୫୦୦ ଓ ୮୦୦ ମିଟର ଦୌଡ଼ରେ ସ୍ୱର୍ଣ୍ଣପଦକ ବିଜୟୀ ହୋଇଥିଲେ। ଏହି ସଫଳତା ଲାଗି ବିରୋଧୀ ଦଳର ନେତା ନବୀନ ପଟ୍ଟନାୟକ ଓ ପୁଲିସ ଡିଜି ଯୋଗେଶ ବାହାଦୁର ଖୁରାନିଆ ସମସ୍ତଙ୍କୁ ଅଭିନନ୍ଦନ ଜଣାଇଛନ୍ତି। ଉଲ୍ଲେଖଯୋଗ୍ୟ, ପ୍ରତି ଦୁଇ ବର୍ଷରେ ବିଶ୍ୱ ପୁଲିସ ଓ ଅଗ୍ନିଶମ କ୍ରୀଡ଼ା ଅନୁଷ୍ଠିତ ହୋଇଥାଏ।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS